

**ଜାତୀୟ ବ୍ୟାଡ୍‌ମିଣ୍ଟନ୍ ସେମିରେ ତନ୍‌ଭୀ**

▶ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-159 ◆FRIDAY ◆5 DECEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୫୯ ◆ଶୁକ୍ରବାର ◆୫ ଡିସେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଭାରତରେ ରୁଷ ରାଷ୍ଟ୍ରପତି ପୁତିନ

# ଆଜି ଦିଲ୍ଲୀ ଶିଖର ବୈଠକ

■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଦୁଇ ଦିନିଆ ଭାରତ ଗସ୍ତରେ ଆସି ଦିଲ୍ଲୀରେ ପହଞ୍ଚିଛନ୍ତି। ଆଜି ସନ୍ଧ୍ୟାରେ ତାଙ୍କ ବିମାନ ଦିଲ୍ଲୀ ବିମାନବନ୍ଦରରେ ଅବତରଣ କରିଥିବା ବେଳେ ସେଠାରେ ତାଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସ୍ୱାଗତ କରିଛନ୍ତି। ୟୁକ୍ରେନ ଯୁଦ୍ଧ ପରେ ଏହା ହେଉଛି ପୁତିନଙ୍କ ପ୍ରଥମ ଭାରତ ଗସ୍ତ। ପୁଣି ଏହି ଯୁଦ୍ଧକୁ ନେଇ ରୁଷ ଉପରେ ଆମେରିକା ଏବଂ ଏହାର ସହଯୋଗୀ ରାଷ୍ଟ୍ର କଟକଣା ଲଗାଇଥିବାରୁ ତାଙ୍କର ଭାରତ ଗସ୍ତ ଉପରେ ସାରା ବିଶ୍ୱର ନଜର ରହିଛି।



### ସାମରିକ, ବାଣିଜ୍ୟ, ଶକ୍ତି ସହଯୋଗ ଉପରେ ହେବ ଆଲୋଚନା

ଆଜି ସନ୍ଧ୍ୟାରେ ଦିଲ୍ଲୀ ବିମାନ ବନ୍ଦରରେ ପୁତିନଙ୍କୁ ସ୍ୱାଗତ କରିଥିଲେ ପ୍ରଧାନମନ୍ତ୍ରୀ ମୋଦୀ। ଏହାପରେ ସେଠାରୁ ଗୋଟିଏ କାରରେ ବସି ବାହାରିଥିଲେ ଦୁଇ ନେତା। ପ୍ରଧାନମନ୍ତ୍ରୀ ମୋଦୀ ଆଜି ସନ୍ଧ୍ୟାରେ ରାଷ୍ଟ୍ରପତି ପୁତିନଙ୍କ ସମ୍ମାନରେ ନୈଶ ଭୋଜିର ଆୟୋଜନ କରିଛନ୍ତି। ୪ ବର୍ଷ ପରେ ପୁତିନ ଭାରତ ଆସିଛନ୍ତି ଏବଂ ସେ ୨୩ତମ ଭାରତ-ରୁଷ ବାର୍ଷିକ ଶୀର୍ଷ ସମ୍ମିଳନୀରେ ଭାଗ ନେବେ। ଚଳିତ ବର୍ଷ ଦୁଇ ନେତାଙ୍କ ମଧ୍ୟରେ ୫ ଥର ଫୋନରେ କଥାବାର୍ତ୍ତା ହୋଇଥିବା ବେଳେ ଗତ ସେପଟେମ୍ବର ପହିଲାରେ ଚୀନରେ ହୋଇଥିବା ଏସ୍‌ସିଓ ଶୀର୍ଷ ସମ୍ମିଳନୀରେ ସାକ୍ଷାତ ଆଲୋଚନା ହୋଇଥିଲା।

ମିଳିଥିବା ସୂଚନା ଅନୁଯାୟୀ ଆସନ୍ତାକାଲି ଦିନ ୧୧ଟାରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ରୁଷ ରାଷ୍ଟ୍ରପତି ପୁତିନଙ୍କୁ ଆନୁଷ୍ଠାନିକ ଭାବେ ସ୍ୱାଗତ ଜଣାଇବେ। ସେଠାରୁ ରାଜଘାଟ ଯାଇ ମହାତ୍ମା ଗାନ୍ଧୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବେ ପୁତିନ। ଏହାପରେ ହାଇଦ୍ରାବାଦ ହାଉସରେ ଦୁଇ ଦେଶ ମଧ୍ୟରେ ଶିଖର ବୈଠକ ଅନୁଷ୍ଠିତ ହେବ। ଦୁଇ ଦେଶ ମଧ୍ୟରେ ସାମରିକ, ବାଣିଜ୍ୟ ଓ ଶକ୍ତି ସହଯୋଗ ନେଇ ଆଲୋଚନା ହେବ।

ଆଗାମୀ ୨୦୩୦ ସୁଦ୍ଧା ଦୁଇ ଦେଶ ମଧ୍ୟରେ ଶହେ ବିଲିଅନ୍ ଡଲାର୍‌ର ବାଣିଜ୍ୟିକ କାରବାରର ପାଇଁ ଆଲୋଚନାରେ ଖସଡ଼ା ପ୍ରସ୍ତୁତ ହେବ। ଏହାଛଡ଼ା ଭାରତକୁ ଏସୟୁ-୫୭ ଯୁଦ୍ଧ ବିମାନ ଓ ଏସ୍ ୪୦୦/୫୦୦ ଏୟାର୍ ଡିଫେନ୍ସ ସିଷ୍ଟମ୍ ଯୋଗାଣ ଓ ଆଣବିକ ଶକ୍ତି ସମ୍ପର୍କିତ ଆଲୋଚନା ଓ ଚୁକ୍ତି ସ୍ୱାକ୍ଷରିତ ହୋଇପାରେ ବୋଲି ସୂଚନା ମିଳିଛି। ଆସନ୍ତାକାଲି ରାତି ୯ଟାରେ ପୁତିନ ସ୍ୱଦେଶ ପ୍ରତ୍ୟାବର୍ତ୍ତନ କରିବେ।

# ଇଣ୍ଡିଗୋ ସେବାରେ ଅଚଳାବସ୍ଥା

## ତୃତୀୟ ଦିନରେ ୩୦୦ ବିମାନ ବାତିଲ

■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ପାଇଲଟ ଏବଂ ବିମାନ କର୍ମଚାରୀଙ୍କ ଅଭାବ ଯୋଗୁଁ ଆଜି ତୃତୀୟ ଦିନ ଧରି ଇଣ୍ଡିଗୋ ବିମାନ ସେବା ଗୁରୁତର ଭାବେ ବଧାପ୍ରାପ୍ତ ହୋଇଛି। ଦେଶର ସବୁଠାରୁ ବଡ଼ ବିମାନ ସେବା ଯୋଗାଣକାରୀ ଇଣ୍ଡିଗୋ ଆଜି ୩୦୦ ବିମାନ ବାତିଲ କରିଛି। ଏଥିରେ ଉଭୟ ଦେଶ ଓ ଆନ୍ତର୍ଜାତିକ ବିମାନ ସେବା ସାମିଲ ରହିଛି। ଫଳରେ ଦେଶବ୍ୟାପୀ ପ୍ରାୟ ସମସ୍ତ ବିମାନ ବନ୍ଦରରେ ଯାତ୍ରୀ ଭୀଷଣ ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। ଦିଲ୍ଲୀ, ମୁମ୍ବାଇ, କୋଲକାତା, ବେଙ୍ଗାଲୁରୁ ଓ ହାଇଦ୍ରାବାଦ ସମେତ ବଡ଼ ବଡ଼ ବିମାନ ବନ୍ଦରରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଛି। ଶତାଧିକ ବିମାନ ସେବା ବିଳମ୍ବିତ ହୋଇଥିବା




ବେଳେ ୩୦୦ ବିମାନ ବାତିଲ ଯୋଗୁଁ ହଜାର ହଜାର ଯାତ୍ରୀ ଅଣନିଶ୍ୱାସୀ ହୋଇପଡ଼ିଛନ୍ତି। ଏହି ଅସୁବିଧା ପାଇଁ ଇଣ୍ଡିଗୋ କର୍ତ୍ତୃପକ୍ଷ ଦୁଃଖ ପ୍ରକାଶ କରିଛନ୍ତି। ବେସାମରିକ ବିମାନ ଚଳାଚଳ ସେବା ନିୟନ୍ତ୍ରଣ କରୁଥିବା ଡିଜିସିଏ ଆଜି ଇଣ୍ଡିଗୋ କର୍ତ୍ତୃପକ୍ଷଙ୍କ ସହିତ ଆଲୋଚନା କରିଥିବା ଜଣାପଡ଼ିଛି।

ପାଇଲଟ ସମେତ ବିମାନ କ୍ରୁ ସଦସ୍ୟଙ୍କ ପାଇଁ ଡିଜିସିଏ ▶ପୃଷ୍ଠା-୭

## ଭୁବନେଶ୍ୱରରେ ଯାତ୍ରୀ ହିନସ୍ତା

■ ଭୁବନେଶ୍ୱର, ୪।୧୨ (ସମିସ): କର୍ମଚାରୀ ନିଅଣ୍ଟ ଓ ବୈଷୟିକ ତ୍ରୁଟି ଯୋଗୁଁ ପ୍ରଭାବିତ ହୋଇଥିବା ଇଣ୍ଡିଗୋ ବିମାନ ସେବା ଲଗାତାର ତୃତୀୟ ଦିନରେ ମଧ୍ୟ ଅଚଳାବସ୍ଥା ଲାଗି ରହିଛି। ଗୁରୁବାର ଇଣ୍ଡିଗୋର ଏକାଧିକ ବିମାନ ଉଡ଼ାଣକୁ ବାତିଲ୍ କରାଯିବା ଦ୍ୱାରା ସାରା ଦେଶରେ ଯାତ୍ରୀ ସେବା ପ୍ରଭାବିତ ହୋଇଛି। ଏହି କ୍ରମରେ ଭୁବନେଶ୍ୱର ବିଜୁ ପଟ୍ଟନାୟକ ବିମାନବନ୍ଦରରେ ମଧ୍ୟ ଏହାର ଗୁରୁତର ପ୍ରଭାବ ପଡ଼ିଛି। ଯାତ୍ରୀଙ୍କୁ କୌଣସି ସୂଚନା ନଦେଇ ବିମାନ ବାତିଲ କରାଯାଉଥିବା ଯୋଗୁଁ ଯାତ୍ରୀଙ୍କ ମଧ୍ୟରେ ପ୍ରବଳ ଅସନ୍ତୋଷ ପ୍ରକାଶ ପାଇଛି। ଯାତ୍ରୀଙ୍କୁ ବିସ୍କୁଟ ଓ ସ୍ନାକ୍ସ ଦେଇ ଇଣ୍ଡିଗୋ ଠକୁଥିବା ଅଭିଯୋଗ କରିବା ସହ କମ୍ପାନୀ ▶ପୃଷ୍ଠା-୭

▶▶ **୧୪ ବିମାନ ବାତିଲ, ୨୪ ବିଳମ୍ବିତ ଉଡାଣ**

▶▶ **ବିସ୍କୁଟ୍, ସ୍ନାକ୍ସ ଦେଇ କାମ ସାରି ଦେଉଛି କମ୍ପାନୀ**

## ହଟିବ ସବୁ ଟୋଲ୍ ଗେଟ୍

■ ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ଆସନ୍ତା ୨୦୨୬ ଡିସେମ୍ବର ସୁଦ୍ଧା ଦେଶର ଜାତୀୟ ରାଜପଥଗୁଡିକରୁ ସମସ୍ତ ଟୋଲ୍ ଗେଟ୍ ହଟିବ। ରାଜପଥରେ ପ୍ରଚଳିତ ବର୍ତ୍ତମାନର ଟୋଲ୍ ଆଦାୟ ବ୍ୟବସ୍ଥା ଉଚ୍ଛେଦ ହେବ। ଏହାକୁ ସମ୍ପୂର୍ଣ୍ଣ ଇଲେକ୍ଟ୍ରୋନିକ୍, ପ୍ରତିବନ୍ଧକ-ମୁକ୍ତ ଟୋଲ୍ ବ୍ୟବସ୍ଥା ଦ୍ୱାରା ବଦଳାଯିବ ବୋଲି ଗୁରୁବାର ଲୋକସଭାରେ କେନ୍ଦ୍ର ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରୀ ନିତିନ ଗଡକରୀ ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ନୂତନ ବ୍ୟବସ୍ଥା ୧୦ଟି ସ୍ଥାନରେ ପାଇଲଟ୍ ପ୍ରକଳ୍ପ ଭିତ୍ତିରେ ଆରମ୍ଭ କରାଯାଇଛି। ଆଉ ଏକ ବର୍ଷ ମଧ୍ୟରେ ଏହାକୁ ଦେଶବ୍ୟାପୀ କାର୍ଯ୍ୟକାରୀ କରିବା ଲକ୍ଷ୍ୟ ରହିଛି। ପୂର୍ବରୁ ଯାନବାହାନଗୁଡ଼ିକୁ ଟୋଲ୍ ପ୍ଲାଜାରେ ଅଟକି ନଗଦ କିମ୍ବା କାର୍ଡ ସହିତ ଦେୟ ଦେବାକୁ ପଡୁଥିଲା। ଫାସ୍‌ଟ୍ୟାଗ୍ ପ୍ରଚଳନ ଦ୍ୱାରା ଟୋଲ୍ ପ୍ଲାଜାରେ ଯାନବାହାନ ରହିବା ▶ପୃଷ୍ଠା-୭

# ବିଧାନସଭାରେ ଗାନ୍ଧୀଙ୍କ ପ୍ରତି ଅପଶବ୍ଦ

## ତାତିଲେ ବିରୋଧୀ | ଗୃହରେ ହୋହଲ୍ଲା, ଗାନ୍ଧୀ ମୂର୍ତ୍ତି ତଳେ ମୌନ ଧାରଣା

■ ଭୁବନେଶ୍ୱର, ୪।୧୨ (ସମିସ): ବିଧାନସଭାରେ ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ପ୍ରତି ଶାସକ ଦଳ ବିଧାୟକ ସନ୍ତୋଷ ଖଟୁଆଙ୍କ ମନ୍ତବ୍ୟ ସାରା ରାଜ୍ୟରେ ନିଆଁ ଲଗାଇ ଦେଇଛି। ବିରୋଧୀ ବିଜେଡି

**ବିଧାୟକଙ୍କ ମନ୍ତବ୍ୟକୁ ସରକାର ନାପସନ୍ଦ କରୁଛନ୍ତି: ମନ୍ତ୍ରୀ**

ଓ କଂଗ୍ରେସ ବିଜେପି ବିଧାୟକଙ୍କ ମନ୍ତବ୍ୟକୁ ତୀବ୍ର ବିରୋଧ କରିଛନ୍ତି। ବିଧାନସଭା ଓ ବାହାରେ ଉଭୟ ବିରୋଧୀ ଦଳ ସରକାର ଏବଂ ବିଜେପି ଉପରେ ପ୍ରଚଣ୍ଡ ବର୍ଷିଛନ୍ତି। ଇତିହାସକୁ କଦର୍ଥ କରାଗଲେ ଆଦୌ



ବରଦାସ୍ତ କରାଯିବନି ବୋଲି ବିଜେଡି ଚେତାବନୀ ଦେଇଥିବା ବେଳେ କଂଗ୍ରେସ ମଧ୍ୟ ଏହାକୁ କଟୁ ଶବ୍ଦରେ ନିନ୍ଦା କରିଛି। ବିଜେପିର ଅସଲ ମାନସିକତା ପଦାରେ ପଡ଼ିଛି ବୋଲି କଂଗ୍ରେସ କହିଛି। ଗୃହ ଏବଂ ସାଧାରଣ ପ୍ରଶାସନ ବିଭାଗର ଖର୍ଚ୍ଚ ଦାବି ଆଲୋଚନା ବେଳେ ବିଜେପି ବିଧାୟକ ସନ୍ତୋଷ ଖଟୁଆ ମହାତ୍ମା ▶ପୃଷ୍ଠା-୭

## ମହିଳା ନିଶା ବେପାରୀଙ୍କ ଘରେ ବୁଲିଲା ବୁଲ୍‌ଡୋଜର୍



■ ପୁରୀ, ୪।୧୨ (ସମିସ): ପୁରୀ ଜିଲ୍ଲାରେ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଅଭିଯାନ 'ଅପରେସନ୍ ଚକ୍ର' ଜାରି ରହିଛି। ବିଶେଷକରି ବ୍ରାଉନସୁଗର, ଗଞ୍ଜେଇ କାରବାର କରୁଥିବା ଅଭିଯୁକ୍ତଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ଯେଉଁମାନେ ଏହି କାରବାରରେ ସମ୍ପୃକ୍ତ, ସେମାନଙ୍କ ପୁରୁଣା ତଥ୍ୟକୁ ଖୋଜି ଧରପଗଡ଼କୁ ଜୋର୍‌ଦାର କରାଯାଉଛି। ଏହି କ୍ରମରେ ଗୁରୁବାର ମହିଳା ନିଶା ବେପାରୀ ସୁକାନ୍ତି ପଣ୍ଡାଙ୍କ ଘରେ ବୁଲିଛି ବୁଲ୍‌ଡୋଜର। ମାଟିରେ ମିଶିଛି ଗୋଟିଏ ଦୋକାନ ଓ ୪ଟି ଘର। ଭୁବନେଶ୍ୱର ପରେ ପୁରୀରେ ପ୍ରଥମଥର ପାଇଁ ପୁଲିସ ଏପରି ବଡ଼ ପଦକ୍ଷେପ ନେଇଛି। କିଛି ଦିନ ତଳେ ସୁକାନ୍ତିଙ୍କ ଘରେ ଚଢ଼ଉ କରାଯାଇ ▶ପୃଷ୍ଠା-୭

# ହୀରାକୁଦର ଜଳଧାରଣ କ୍ଷମତା ୨୭% ହ୍ରାସ

■ ଭୁବନେଶ୍ୱର, ୪।୧୨ (ସମିସ): ହୀରାକୁଦରେ ବାଲି, ମାଟି ଓ ପଟୁ ଜମିବା କାରଣରୁ ବନ୍ଧର ଜଳଧାରଣ କ୍ଷମତା କମୁଛି। ଜଳଧାରଣା କ୍ଷମତା ପ୍ରାୟ ୨୫.୫୭ ପ୍ରତିଶତ ହ୍ରାସ ପାଇଥିବା ବେଳେ ସ୍ଲିଲ ୱେ ଗୁଡ଼ିକ ଖରାପ ହୋଇଗଲାଣି। ଯାହା ରାଜ୍ୟ ପାଇଁ ମହାବିପଦ ଡାକିଆଣିବାର ଆଶଙ୍କା ସୃଷ୍ଟି କରିଛି। ଗୁରୁବାର ଶୂନ୍ୟକାଳରେ ଏ ନେଇ ଗଭୀର ଉଦବେଗ ପ୍ରକାଶ କରିଛନ୍ତି ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ। ଏହାସହ ହୀରାକୁଦ ବନ୍ଧ କୂଳରେ ରାଜ୍ୟ ସରକାର ହୋଟେଲ ଖୋଲିବାକୁ ବଡ଼ ବଡ଼ କମ୍ପାନୀକୁ ଜମି ଦେଉଥିବା ବେଳେ ଏହାକୁ ମଧ୍ୟ ଶ୍ରୀ ଆଚାର୍ଯ୍ୟ ନାପସନ୍ଦ କରିଛନ୍ତି। ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ମଧ୍ୟ ହୀରାକୁଦର ଜଳଧାରଣା କ୍ଷମତାକୁ ନେଇ ଶ୍ରୀ ଆଚାର୍ଯ୍ୟଙ୍କ ସହ ସ୍ୱର ମିଳାଉଥିବାର ଦେଖିବାକୁ ମିଳିଛି।

ଗୁରବାର ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗ ଉଠାଇ ଶ୍ରୀ ଆଚାର୍ଯ୍ୟ କହିଛନ୍ତି ଯେ ହୀରାକୁଦ ବନ୍ଧ ଏସିଆର ଦୀର୍ଘତମ ମାଟି ବନ୍ଧ। ୧୯୫୭ ମସିହାରେ ଡ୍ୟାମ ନିର୍ମାଣ ହୋଇଥିବା ବେଳେ ବନ୍ୟା ନିୟନ୍ତ୍ରଣ, ଜଳସେଚନ ଏବଂ ବିଦ୍ୟୁତ୍ ଉତ୍ପାଦନ ଏହାର ବହୁମୁଖୀ ଲକ୍ଷ୍ୟ ଥିଲା। ନିର୍ମାଣ ବେଳେ ଏହି

▶▶ **ବଡ଼ ଅଘଟଣ ଆଶଙ୍କାକୁ ଏଡ଼ାଇ ଦିଆଯାଇ ନ ପାରେ: ପ୍ରସନ୍ନ**

▶▶ **ସ୍ୱୀକାର କଲେ ସରକାର: ପ୍ରସଙ୍ଗ ଗୁରୁତ୍ୱପୂର୍ଣ୍ଣ ଓ ସ୍ପର୍ଶକାତର**



ଜଳଭଣ୍ଡାରର ଜୀବନ କାଳ ୧୦୦ ବର୍ଷ ଧାର୍ଯ୍ୟ କରାଯାଇଛି। ଆସନ୍ତା ୨୦୫୭ରେ ୧୦୦ ବର୍ଷ ପୂରିବାକୁ ଥିବାବେଳେ ଏବେଠାରୁ ହୀରାକୁଦର ଜଳଧାରଣ କ୍ଷମତା ପ୍ରାୟ ୨୭ ପ୍ରତିଶତ କମିଗଲାଣି। ବାଲି, ମାଟି ଓ ପଟୁ ଜମିବା କାରଣରୁ ଏପରି ଅବସ୍ଥା ସୃଷ୍ଟି ହୋଇଛି। ପୂର୍ବରୁ ଏହାକୁ ସଫା କରିବା ପାଇଁ ମାତ୍ର ଥରେ ଉଦ୍ୟମ ହୋଇଥିଲା। ତାହା ଫେଲ ମାରିବା ପରେ ସେବେଠାରୁ କୌଣସି ପଦକ୍ଷେପ ନିଆଯାଇ ନାହିଁ। ସେହିପରି ହୀରାକୁଦ ବନ୍ଧରେ ଆବଶ୍ୟକ ବୈଷୟିକ ଏବଂ ଅଣ ବୈଷୟିକ କର୍ମଚାରୀର ଘୋର ଅଭାବ ରହିଛି। ବନ୍ଧର ସ୍ଲିଲ ୱେ ମଧ୍ୟ ଖରାପ ହୋଇଗଲାଣି। ଯାହା ବନ୍ଧ ଉପରେ ଅତ୍ୟଧିକ ଚାପ ସୃଷ୍ଟି କରୁଛି। ଏହା ଆଗକୁ ▶ପୃଷ୍ଠା-୭

## ମହାନଦୀ ଜଳ ବିବାଦ ମାମଲା

# ଆଜି ବୈଷୟିକ କମିଟି ବୈଠକ, ୨୦ରେ ଟ୍ରିବ୍ୟୁନାଲରେ ଶୁଣାଣି

■ ଭୁବନେଶ୍ୱର, ୪।୧୨ (ସମିସ): ମହାନଦୀ ଜଳ ବିବାଦ ମାମଲାର ସମାଧାନ ପାଇଁ ଉଭୟ ଓଡ଼ିଶା ଓ ଛତିଶଗଡ଼ ମଧ୍ୟରେ ଉଦ୍ୟମ ଆରମ୍ଭ ହୋଇଛି। ଏପର୍ଯ୍ୟନ୍ତ ଉଭୟ ରାଜ୍ୟକୁ ନେଇ ଗଠିତ ଯୁଗ୍ମ ବୈଷୟିକ କମିଟିର ୬ଟି ବୈଠକ ଅନୁଷ୍ଠିତ ହୋଇସାରିଛି। ଆସନ୍ତାକାଲି ଏହାର ପରବର୍ତ୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଉତ୍ତର ରଖି ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ସୂଚନା ଦେଇଛନ୍ତି।

ଆଜି ପ୍ରଶ୍ନକାଳରେ ଅତିରିକ୍ତ ପ୍ରଶ୍ନକର୍ତ୍ତା ଦୁର୍ଗାପ୍ରସନ୍ନ ନାୟକ ମହାନଦୀ ଜଳବିବାଦ ମାମଲାରେ ସମାଧାନ ପାଇଁ ରାଜ୍ୟ ସରକାର କି' ପଦକ୍ଷେପ ଗ୍ରହଣ କରୁଛନ୍ତି ଏବଂ ଏହାର ସ୍ଥିତାବସ୍ଥା ସଂପର୍କରେ ପ୍ରଶ୍ନ କରିଥିଲେ। ଉତ୍ତରରେ ଡ. ମହାଲିଙ୍ଗ କହିଥିଲେ ଯେ ଟ୍ରିବ୍ୟୁନାଲରେ ଏବେ ମହାନଦୀ ବିବାଦ ମାମଲା ବିଚାରାଧୀନ ରହିଛି। ଆପୋସ ସମାଧାନ ପାଇଁ ଉଭୟ ରାଜ୍ୟ ଏବେ ପ୍ରକ୍ରିୟା ଆରମ୍ଭ କରିଛନ୍ତି। ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେବ ସାଏଙ୍କ ▶ପୃଷ୍ଠା-୭

# ସଂରକ୍ଷଣ ସଂକଳ୍ପ ଦାବିରେ ଗୃହ ଅଚଳ

■ ଭୁବନେଶ୍ୱର,୪।୧୨ (ସମିସ): ଚଳିତ ଶୀତ ଅଧିବେଶନ ଆରମ୍ଭରୁ ସୁରୁଖୁରୁରେ ଚାଲିଆସିଥିବା ବେଳେ ଗୁରୁବାର କଂଗ୍ରେସ ପ୍ରଶ୍ନକାଳରେ ଗୃହ ଅଚଳ କରିଛି। ବୁଧବାର ବେସରକାରୀ କାର୍ଯ୍ୟ ଦିବସରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍‌ଙ୍କୁ ସଂକଳ୍ପ ଉପସ୍ଥାପନ କରିବା ପାଇଁ ସୁଯୋଗ ଦିଆ ନ ଯିବା ପ୍ରତିବାଦରେ ବିଧାୟକମାନେ ପ୍ରବଳ ହଟ୍ଟଗୋଳ କରିଥିଲେ। ଫଳରେ ପ୍ରଶ୍ନକାଶ ସ୍ୱାଭାବିକ ଭାବେ ଚାଲିପାରି ନ ଥିଲା। ଶୂନ୍ୟକାଳରେ କଂଗ୍ରେସ ବିଧାୟକମାନେ ସଂକଳ୍ପ ଆଲୋଚନା ପାଇଁ ନିର୍ଦ୍ଧାରିତ ତାରିଖ ଦାବିରେ ଅଡ଼ି ବସିଥିଲେ। ଆସନ୍ତା ୧୨ ତାରିଖରେ ସଂକଳ୍ପ ଆଲୋଚନା ହେବା ନେଇ ବାଚସ୍ପତି ଘୋଷଣା କରିବା ପରେ ଗୃହକାର୍ଯ୍ୟ ସ୍ୱାଭାବିକ ହୋଇଥିଲା।

ଗୁରୁବାର ପ୍ରଶ୍ନକାଳ ଆରମ୍ଭରୁ କଂଗ୍ରେସ ବିଧାୟକମାନେ ଗୃହର ମଧ୍ୟ ଭାଗକୁ ଆସି ସ୍ଲୋଗାନ ଦେଇଥିଲେ। ଅପରାହ୍ନରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍ ରାଜ୍ୟରେ ଓବିସି, ଏସ୍‌ସିବିସି ଏବଂ ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି ବର୍ଗର ସଂଖ୍ୟାନୁପାତିକ ଆଧାରରେ ସମସ୍ତ ପ୍ରକାର ଉଚ୍ଚଶିକ୍ଷା (ବୈଷୟିକ/ମେଡିକାଲ/ ବୃତ୍ତିଗତ) ଏବଂ ସରକାରୀ



- ■ **ପ୍ରଶ୍ନକାଳ ଅଚଳ, ଶୂନ୍ୟକାଳ ବାଧାପ୍ରାପ୍ତ**
- ■ **ବାଚସ୍ପତିଙ୍କ ରୁଲିଂ ପରେ ଗୃହ ସ୍ୱାଭାବିକ**

ନିଯୁକ୍ତିରେ ସଂରକ୍ଷଣ ସମ୍ପର୍କିତ ସଂକଳ୍ପ ଉପସ୍ଥାପନ ଓ ଆଲୋଚନା ପାଇଁ ଅନୁମତି ମାଗିଥିଲେ। କିନ୍ତୁ ତାଙ୍କୁ ଏହି ସୁଯୋଗ ଦିଆ ନ ଯିବାରୁ ପ୍ରତିବାଦରେ କଂଗ୍ରେସ ବିଧାୟକମାନେ ନାରାବାଜି କରିଥିଲେ। ଫଳରେ ବାଚସ୍ପତି ଗୃହକୁ ୧୦ଟା ୪୬ରୁ ୧୧ ଟା ୩୦ ପର୍ଯ୍ୟନ୍ତ ମୁଲତବୀ ରଖିଥିଲେ।

ଶୂନ୍ୟକାଳରେ ମଧ କଂଗ୍ରେସ ବିଧାୟକଗଣ ସମାନ ପ୍ରସଙ୍ଗ ଉତ୍ଥାପନ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ଶ୍ରୀ କାଡ଼ାମ୍ କହିଥିଲେ ଯେ ରାଜ୍ୟରେ ୪୦ ପ୍ରତିଶତ ଏସ୍‌ସି/ଏସ୍‌ଟି ଏବଂ ୫୪ ପ୍ରତିଶତ ପଛୁଆ ବର୍ଗ ଅଛନ୍ତି। ମାତ୍ର ଇଞ୍ଜିନିୟରିଂ ଓ ମେଡିକାଲ ଶିକ୍ଷା କ୍ଷେତ୍ରରେ ଏସ୍‌ସି/ଏସ୍‌ଟିଙ୍କୁ ୨୦ ପ୍ରତିଶତ ସଂରକ୍ଷଣ ମିଳୁଥିବା ବେଳେ ପଛୁଆ ବର୍ଗଙ୍କୁ ଆଦୌ ସଂରକ୍ଷଣ ଦିଆଯାଇ ନାହିଁ। ସରକାର ସବୁବେଳେ ୫୦ ପ୍ରତିଶତ ସୀମାର ବାହାନା ନେଉଛନ୍ତି। ମାତ୍ର ତାମିଲନାଡୁ ସରକାର ନିଜ ବିଧାନସଭାରେ ୬୯ ପ୍ରତିଶତ ସଂରକ୍ଷଣ ସଂକଳ୍ପ ପାରିତ କରି କେନ୍ଦ୍ରକୁ ପଠାଇଥିଲେ। କେନ୍ଦ୍ର ସରକାର ଏହାକୁ ଅନୁମୋଦନ ଦେବା ପରେ ଏହା ସମ୍ବିଧାନର ନବମ ଅନୁଚ୍ଛେଦରେ ସାମିଲ ହୋଇସାରିଛି। ତେଣୁ ଏଥିରେ ଆଉ ଆଇନଗତ ସମସ୍ୟା ନାହିଁ। ସମାନ ଭାବେ ଓଡ଼ିଶା ବିଧାନସଭା ଏପରି ସଂକଳ୍ପ ପାରିତ କରିବାର ଆବଶ୍ୟକତା ଅଛି। ଉଚ୍ଚଶିକ୍ଷା କ୍ଷେତ୍ରରେ ଏସ୍‌ସି/ଏସ୍‌ଟିଙ୍କୁ ୪୦ ପ୍ରତିଶତ ଓ ପଛୁଆ ବର୍ଗଙ୍କୁ ୨୭ ପ୍ରତିଶତ ଦିଆଯାଉ ବୋଲି ସେ ଦାବି କରିଥିଲେ।

ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ରୁଲ୍ ୨୫ ନିୟମକୁ ଉଦ୍ଧାର କରି ବାଚସ୍ପତି ଏନେଇ ଏକ ସ୍ପଷ୍ଟ ନିର୍ଦ୍ଦେଶ ଦେବାକୁ କହିଥିଲେ। ଏହାପରେ ବାଚସ୍ପତି ୩ଟି ପର୍ଯ୍ୟାୟରେ ଗୃହକୁ ୨୪ ମିନିଟ ପାଇଁ ମୁଲତବୀ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ଆଣିଥିବା ସଂକଳ୍ପ ଉପରେ ଆସନ୍ତା ୧୨ ତାରିଖ ଦିନ ଆଲୋଚନା ହେବ ବୋଲି ବାଚସ୍ପତି ଘୋଷଣା କରିବା ପରେ ଗୃହ ସ୍ୱାଭାବିକ ହୋଇଥିଲା।

## କଳିଙ୍ଗା ଘାଟିରେ ଲାଗିଲା ସେନ୍ସର୍

### ଚାଳକଙ୍କୁ କରିବ ସତର୍କ; କମିବ ଦୁର୍ଘଟଣା

■ ଜି.ଉଦୟଗିରି, ୪।୧୨ (ସମିସ): ଏଣିକି କଳିଙ୍ଗା ଘାଟିରେ ଗାଡ଼ି ଚାଳକଙ୍କୁ ସତର୍କ କରିବ ସେନ୍ସର୍। କନ୍ଧମାଳ ଜିଲ୍ଲା ଜି.ଉଦୟଗିରି ବ୍ଲକ କଳିଙ୍ଗା ପଞ୍ଚାୟତର କଳିଙ୍ଗା ଘାଟିରେ ପ୍ରଥମଥର ପାଇଁ ଭୁବନେଶ୍ୱର ଆଇଆଇଟି ପକ୍ଷରୁ ଓଡ଼ିଶାର ପ୍ରଥମ ଘାଟି ଭାବେ କଳିଙ୍ଗା ଘାଟିକୁ ନେଇ ପରୀକ୍ଷାମୂଳକ ଭାବରେ 'ଭେଇକଲ ସେନ୍ସର୍ ଆଲର୍ଟ ମେସିନ' ଲଗାଯାଉଥିବା ଜଣାଯାଇଛି। ଏହା ସୌର ଚାଳିତ। ନିଜେ ପରିଚାଳିତ ହେବା ସହିତ ସେନ୍ସର ଓ କ୍ୟାମେରା ଦ୍ୱାରା ଗାଡ଼ି ଚାଳକଙ୍କୁ ସତର୍କ ସୂଚନା ଦେବ। ଏହା ଦୁଇଟି ପାର୍ଶ୍ୱରେ ଲାଗିବ। ଏହାଦ୍ୱାରା ଗୋଟିଏ ପାର୍ଶ୍ୱରେ ଗାଡ଼ି ଆସିଲେ ଅନ୍ୟପାର୍ଶ୍ୱରେ ନାଲିବତି ଜଳିବା ସହ ହର୍ଣ୍ଣ ବାଜିବ। ଫଳରେ ଅନ୍ୟପାର୍ଶ୍ୱରେ ଆସୁଥିବା ଗାଡ଼ି ଚାଳକ ଏହାର ସୂଚନା ପାଇପାରିବେ ଏବଂ ଆଗୁଆ ସତର୍କ ହୋଇଯିବେ। ଏହି ଅବସରରେ ପରିବହନ ବିଭାଗ ଅଧିକାରୀ ଶିବାନୀ ▶ପୃଷ୍ଠା-୭



## ଗାଜାରେ ପୁଣି ଇସ୍ରାଏଲର ଆକ୍ରମଣ; ୭ ମୃତ

ଗାଜା, ୪।୧୨(ଏଜେନ୍ସି): ଇସ୍ରାଏଲ ଗାଜାରେ ପୁଣିଥରେ ଆକ୍ରମଣ କରିଛି। ହାମାସ ଇସ୍ରାଏଲ ସୈନ୍ୟଙ୍କ ଉପରେ ଆକ୍ରମଣ କରିବା ପରେ ଇସ୍ରାଏଲ ଏହି ପଦକ୍ଷେପ ନେଇଛି। ହମାସର ଏହି ଆକ୍ରମଣରେ ଇସ୍ରାଏଲର ୫ ସୈନ୍ୟ ଆହତ ହୋଇଥିଲେ। ଏହାର ପ୍ରତିଶୋଧ ସ୍ୱରୂପ ଇସ୍ରାଏଲ ବୁଧବାର ବିଳମ୍ବିତ ରାତିରେ ଦକ୍ଷିଣ ଗାଜାରେ ଆକାଶ ମାର୍ଗରୁ ଆକ୍ରମଣ କରିଛି ଓ ଏଥିରେ ୭ ଜଣ ପାଲେଷ୍ଟାଇନ୍ ନାଗରିକ ମୃତ୍ୟୁବରଣ କରିଥିବା ବେଳେ ୩୨ ଜଣ ଲୋକ ଆହତ ହୋଇଛନ୍ତି ବୋଲି କୁହାଯାଇଛି। ମୃତକଙ୍କ ମଧ୍ୟରେ ୮ ଓ ୧୦ ବର୍ଷର ଦୁଇଜଣ ଛୋଟପିଲା ସାମିଲ ରହିଛନ୍ତି। ଆହତ ହୋଇଥିବା କେତେଜଣ ଗୁରୁତର ଅଛନ୍ତି। ଇସ୍ରାଏଲ ଓ ହମାସ ପରସ୍ପର ଉପରେ ଯୁଦ୍ଧବିରତି ଉଲ୍ଲଂଘନ କରିବାର ଅଭିଯୋଗ ଆଣିଛନ୍ତି। ଅକ୍ଟୋବର ୧୦ରେ ଏହି ଯୁଦ୍ଧବିରତି ଲାଗୁ ହୋଇଥିଲା। ଏହା ସତ୍ତ୍ୱେ ଇସ୍ରାଏଲ ଗାଜା ଉପରେ ଏକାଧିକବାର ବିଭିନ୍ନ ଆଳ ଦେଖାଇ ଆକ୍ରମଣ କରିଛି।

## ବିମାନରେ ଯାତ୍ରୀଙ୍କ ବୋମା ଧମକ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ସାଉଦି ଆରବର ମଦିନାରୁ ହାଇଦରାବାଦ ଆସୁଥିବା ଇଣ୍ଡିଗୋ ବିମାନରେ ଗୁରୁବାର ଏକ ଅଜବ କାଣ୍ଡ ଘଟିଥିଲା। ଜଣେ ଯାତ୍ରୀ ନିଜ ପାଖରେ ବୋମା ଅଛି ବୋଲି ଧମକ ଦେବା ପରେ ବିମାନରେ ଆତଙ୍କ ଖେଳିଯାଇଥିଲା। ଫଳରେ ବିମାନକୁ ଅହମଦାବାଦ୍‌ରେ ଜରୁରୀକାଳୀନ ଅବତରଣ କରାଯାଇଥିଲା। ମିଳିଥିବା ସୂଚନା ଅନଯାୟୀ ଏହି ବିମାନକୁ ଅଲଗା ଆଇସୋଲେସନ ୱେରେ ଛିଡ଼ା କରାଯିବା ପରେ ଯାତ୍ରୀମାନଙ୍କୁ ସୁରକ୍ଷିତ ଭାବେ ବାହାରକୁ ବାହାର କରାଯାଇ ସେମାନଙ୍କ ଯାଞ୍ଚ୍ କରାଯାଇଥିଲା। ବିମାନ ଜଣେ ଯାତ୍ରୀ କେବିନ କ୍ରୁଙ୍କୁ ନିଜର ପାଖରେ ବମ୍ ଅଛି ଓ କିଛି ମିନିଟ ମଧ୍ୟରେ ଏହାର ବିସ୍ଫୋରଣ ହେବ ବୋଲି କହିଥିଲେ। ଏହାପରେ ପାଇଲଟ ତୁରନ୍ତ ସୁରକ୍ଷା ପ୍ରୋଟୋକଲ ଅନୁସାରେ ନିକଟସ୍ଥ ସୁରକ୍ଷିତ ବିମାନ ବନ୍ଦର ଅହମଦାବାଦରେ ବିମାନର ଅବତରଣ କରାଇଥିଲେ।


## ଆଜମୀର୍ ଦରଘା, ଜିଲ୍ଲାପାଳ କାର୍ଯ୍ୟାଳୟକୁ ବୋମା ଧମକ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ପ୍ରସିଦ୍ଧ ଆଜମୀର ଦରଘା ଓ ଜିଲ୍ଲା କଲେକ୍ଟରେଟ୍‌କୁ ବୋମା ବିସ୍ଫୋରଣରେ ଉଡାଇ ଦେବାକୁ ଧମକ ମିଳିଛି। ଗୁରୁବାର ଅପରାହ୍ଣରେ ଏକ ଇ-ମେଲ ଜରିଆରେ ଏହି ଧମକ ମିଳିଥିଲା। ଆଜମୀର କୁଦାନକୁଲମ ନ୍ୟୁକ୍ଲିୟାର ପ୍ଲାଣ୍ଟ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓ ଦରଘା ଗରିବ ନୱାଜରେ ୪ଟି ଆରଡିଏକ୍ସ ଆଇଇଡି ଲଗା ଯାଇଛି ବୋଲି ଇ-ମେଲ୍‌ରେ ଉଲ୍ଲେଖ କରାଯାଇଥିଲା। ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ ଭାରତ ପହଞ୍ଚିବା ମାତ୍ରେ ହିଁ ବିସ୍ଫୋରଣ ହେବ ବୋଲି ଧମକ ଦିଆଯାଇଥିଲା। ସୂଚନା ପାଇବା ମାତ୍ରେ ପୁଲିସ ଓ ଗୁଇନ୍ଦା ବିଭାଗ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ମେଟାଲ ଡିଟେକ୍ଟର ଓ ଡଗ୍ ସ୍କ୍ୱାଡ୍ ମାଧ୍ୟମରେ ଯାଞ୍ଚ ଆରମ୍ଭ କରିଥିଲେ। ଜିଲ୍ଲାପାଳଙ୍କ କର୍ଯ୍ୟାଳୟରୁ ସବୁ କର୍ମଚାରୀଙ୍କୁ ଖାଲି କରାଯାଇଥିଲା। ସେହିପରି ଦରଘାରୁ ମଧ୍ୟ ପର୍ଯ୍ୟଟକ ଓ ଶ୍ରଦ୍ଧାଳୁଙ୍କୁ ବାହର କରାଯାଇଥିଲା। ୪ଟି ଥାନାର ପୁଲିସ ଟିମ୍ ସମେତ ସିଆଇଡି ଓ ଏଟିଏସ୍ ଯାଞ୍ଚ୍ କରିଥିଲେ। ତେବେ ଏହି ଦୁଇଟି ସ୍ଥାନରୁ କୌଣସି ଆପତ୍ତିଜନକ ଜିନିଷ ମିଳିନାହିଁ ବୋଲି ସ୍ଥାନୀୟ ଏସ୍‌ପି ବନ୍ଦୀତା ରାଣା କହିଛନ୍ତି।

## ପୁଣି ଏଫ୍-୧୬ ଦୁର୍ଘଟଣାଗ୍ରସ୍ତ

ୱାସିଂଟନ, ୪।୧୨(ଏଜେନ୍ସି): ଆମେରିକାରେ ଗୁରୁବାର ଆଉଏକ ଏଫ୍-୧୬ ଲଢ଼ୁଆ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଆମେରିକା ବାୟୁସେନାର ଏହି ବିମାନ ଦୁର୍ଘଟଣାର ସମ୍ମୁଖୀନ ହେବା ପରେ ମାତ୍ର କିଛି ସେକେଣ୍ଡ ପରେ ପାଇଲଟ ପାରାଚ୍ୟୁଟ ଜରିଆରେ ସୁରକ୍ଷିତ ଭାବେ ବାହରକୁ ବାହାରିଛନ୍ତି। ଫଳରେ ତାଙ୍କର ଜୀବନ ବଞ୍ଚିଯାଇଛି। ଭାରତୀୟ ସମୟ ରାତି ୧୨.୩୦ରେ ଦକ୍ଷିଣ କାଲିଫର୍ଣ୍ଣିଆର ଟ୍ରୋନା ନିକଟସ୍ଥ ମରୁଭୂମିରେ ଓ ଟ୍ରୋନ ବିମାନ ବନ୍ଦରଠାରୁ ୩ କିମି ଦୂରରେ ଏହି ଦୁର୍ଘଟଣା ଘଟିଥିଲା। ଏଥିସହ ଚଳିତ ବର୍ଷ ଅଷ୍ଟମଥର ପାଇଁ ଏଫ୍-୧୬ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ନିକଟରେ ୟୁକ୍ରେନରେ ୩ଟି ଓ ଆମେରିକାର ୨ଟି ଏଫ୍-୧୬ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ସେହିପରି ପୋଲାଣ୍ଡ, ଜାପାନ ଓ ଦକ୍ଷିଣ କୋରିଆରେ ମଧ୍ୟ ଏହି ବିମାନର ଦୁର୍ଘଟଣା ହୋଇଛି।

## ସୁଷମା ସ୍ୱରାଜଙ୍କ ପତିଙ୍କ ପରଲୋକ



ନୂଆଦିଲ୍ଲୀ, ୪।୧୨ (ଏଜେନ୍ସି): ପୂର୍ବତନ ବିଜେପି ନେତ୍ରୀ ତଥା ବୈଦେଶିକ ମନ୍ତ୍ରୀ ସୁଷମା ସ୍ୱରାଜଙ୍କ ପତି ସ୍ୱରାଜ କୌଶଲ ଗୁରୁବାର ପରଲୋକ ଗମନ କରିଛନ୍ତି। ଦିଲ୍ଲୀ ବିଜେପି ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରି ତାଙ୍କ ପରଲୋକ ନେଇ ସୂଚନା ଦେଇଛନ୍ତି। ଡିସେମ୍ବର ୪ରେ ୭୩ ବର୍ଷ ବୟସରେ ସ୍ୱାରାଜ କୌଶଲଙ୍କ ଦେହାନ୍ତ ହୋଇଛି ବୋଲି ପୋଷ୍ଟରେ ଉଲ୍ଲେଖ କରାଯାଇଛି। କୌଶଲ ଓ ସୁଷମାଙ୍କ ଝିଅ ବାଂଶୁରୀ ସ୍ୱରାଜ ମଧ୍ୟ ବିଜେପିର ସାଂସଦ ରହିଛନ୍ତି। ପିତାଙ୍କ ଦେହାନ୍ତରେ ଅତ୍ୟନ୍ତ ମର୍ମାହତ ବୋଲି ବାଂଶୁରୀ କହିଛନ୍ତି। ସ୍ଥାନୀୟ ଲୋଧୀ ରୋଡ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ଭାରତ ଇତିହାସରେ କୌଶଲ ସର୍ବକନିଷ୍ଠ ରାଜ୍ୟପାଳ ଭାବେ ନିଯୁକ୍ତି ହୋଇଥିଲେ। ସେ ମାତ୍ର ୩୭ ବର୍ଷ ବୟସରେ ୧୯୯୦ରେ ମିଜୋରାମ୍‌ର ରାଜ୍ୟପାଳ ନିଯୁକ୍ତ ହୋଇଥିଲେ। ସେ ମଧ୍ୟ ୧୯୯୮ରୁ ୨୦୦୪ ମଧ୍ୟରେ ହରିୟାଣାରୁ ରାଜ୍ୟସଭା ସାଂସଦ ଭାବେ ନିର୍ବାଚିତ ହୋଇଥିଲେ। ସେ ସୁପ୍ରିମକୋର୍ଟରେ ଜଣେ ବରିଷ୍ଠ ଓକିଲ ଭାବେ ସଫଳତା ହାସଲ କରିଥିଲେ। ଆଇନଜୀବୀ ଭାବେ ସେ ନିଜ କ୍ୟାରିଅରରେ ଏକାଧିକ ହାଇପ୍ରୋଫାଇଲ ମାମଲାରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଥିଲେ।

# ବିଏଲ୍‌ଓ ମୃତ୍ୟୁକୁ ନେଇ ବର୍ଷିଲେ ସୁପ୍ରିମକୋର୍ଟ

## ସରକାରୀ କର୍ମଚାରୀଙ୍କୁ ମଧ୍ୟ ଏସ୍‌ଆଇଆର୍ କାର୍ଯ୍ୟରେ ଲଗାଅ



ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର) ପ୍ରକ୍ରିୟାରେ ବୁଥ ସ୍ତରୀୟ ଅଧିକାରୀ (ବିଏଲ୍‌ଓ)ଙ୍କ ମୃତ୍ୟୁକୁ ନେଇ ସୁପ୍ରିମକୋର୍ଟ ଉଦ୍‌ବେଗ ପ୍ରକାଶ କରିଛନ୍ତି। କାର୍ଯ୍ୟ ଭାର କମାଇବା ପାଇଁ ଯଦି ଆବଶ୍ୟକ ହୁଏ ଅଧିକ ସଂଖ୍ୟକ କର୍ମଚାରୀଙ୍କୁ ନିୟୋଜିତ କରିବାକୁ କୋର୍ଟ ରାଜ୍ୟ ସରକାରଗୁଡ଼ିକୁ ନିର୍ଦ୍ଦେଶ ଦେଇଛନ୍ତି। କୋର୍ଟ କହିଛନ୍ତି ଯେ ରାଜ୍ୟ ସରକାର କିମ୍ବା ରାଜ୍ୟ ନିର୍ବାଚନ କମିସନଙ୍କ ତରଫରୁ ନିଯୁକ୍ତ କର୍ମଚାରୀଙ୍କୁ ଏସ୍‌ଆଇଆର କାର୍ଯ୍ୟ କରିବାକୁ ହେବ। ଯଦି କୌଣସି କର୍ମଚାରୀଙ୍କୁ ଛୁଟିର ନିହାତି ଆବଶ୍ୟକତା ରହିଛି ତେବେ, ରାଜ୍ୟ ସରକାର ତାଙ୍କ ଆବେଦନକୁ ବିଚାର କରିବା ସହ ତାଙ୍କ ସ୍ଥାନରେ ଅନ୍ୟ କର୍ମଚାରୀଙ୍କୁ ନିଯୁକ୍ତି ଦେଇପାରିବେ।

ପଶ୍ଚିମବଙ୍ଗ, ତାମିଲନାଡୁ ଓ ଅନ୍ୟ ରାଜ୍ୟଗୁଡ଼ିକ ଏସ୍‌ଆଇଆର୍‌କୁ ଚ୍ୟାଲେଞ୍ଜ କରି ଆବେଦନ କରିଥିଲେ। ଏହାର ଶୁଣାଣି କରି ପ୍ରଧାନ ବିଚାରପତି ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜଷ୍ଟିସ ଜୟମାଲ୍ୟା ବାଗଚିଙ୍କ ଖଣ୍ଡପୀଠ କହିଛନ୍ତି ଯେ, ରାଜ୍ୟ ସରକାରଙ୍କ କର୍ମଚାରୀ ଏସ୍‌ଆଇଆର୍ ସମେତ ଅନ୍ୟ ବୈଧାନିକ କାର୍ଯ୍ୟ କରିବାକୁ ବାଧ୍ୟ। ସେହିପରି ନିର୍ବାଚନ କମିସନଙ୍କ ପାଇଁ କର୍ମଚାରୀ ଉପଲବ୍ଧ କରାଇବା ମଧ୍ୟ ରାଜ୍ୟ ସରକାରଙ୍କ କର୍ତ୍ତବ୍ୟ। ଯଦି ଏସ୍‌ଆଇଆର କାର୍ଯ୍ୟ ପାଇଁ ବୁଥ ସ୍ତରୀୟ ଅଧିକାରୀ (ବିଏଲ୍‌ଓ)ଙ୍କ ଉପରେ କାର୍ଯ୍ୟଭାର ଅତ୍ୟଧିକ ଥାଏ, ତେବେ ସରକାରଙ୍କ ଅନ୍ୟ କର୍ମଚାରୀଙ୍କୁ ଏହି କାର୍ଯ୍ୟରେ ନିୟୋଜିତ କରାଯାଇପାରିବ। ଏହା ଦ୍ୱାରା ବିଏଲ୍‌ଓଙ୍କ ଉପରେ କାର୍ଯ୍ୟ ନେଇ ଚାପ କମ୍ ହେବ।

**୭ଟି ରାଜ୍ୟରେ ୨୯ ଜଣ ବିଏଲ୍‌ଓ ମୃତ୍ୟୁବରଣ କରିଛନ୍ତି**

ଉଲ୍ଲେଖଥାଉ କି, ଏସ୍‌ଆଇଆର୍ ଦାୟିତ୍ୱ ସମ୍ପାଦନ କରୁଥିବା ବେଳେ ୭ଟି ରାଜ୍ୟରେ ଏପର୍ଯ୍ୟନ୍ତ ୨୯ ଜଣ ବିଏଲ୍‌ଓଙ୍କ ମୃତ୍ୟୁ ହୋଇଛି। ମଧ୍ୟପ୍ରଦେଶରେ ୯, ଉତ୍ତରପ୍ରଦେଶରେ ୮, ଗୁଜରାଟରେ ୪, ରାଜସ୍ଥାନ ଓ ପଶ୍ଚିମବଙ୍ଗରେ ୩ ଲେଖାଏ ଏବଂ କେରଳ ଓ ତାମିଲନାଡୁରେ ଜଣେ ଲେଖାଏ ବିଏଲ୍‌ଓ ବିଭିନ୍ନ କାରଣରୁ ମୃତ୍ୟୁବରଣ କରିଛନ୍ତି। ନଭେମ୍ବର ୩୦ରେ ନିର୍ବାଚନ କମିସନ ଏସ୍‌ଆଇଆରର ଶେଷ ତାରିଖକୁ ୭ ଦିନ ବୃଦ୍ଧି କରିଥିଲେ। ଏହାପରେ ଡିସେମ୍ବର ୨ରେ ସୁପ୍ରିମକୋର୍ଟ ପଶ୍ଚିମବଙ୍ଗ, ତାମିଲନାଡୁ ଓ ଅନ୍ୟ ରାଜ୍ୟରେ ଏସ୍‌ଆଇଆର୍‌କୁ ନେଇ ହୋଇଥିବା ଆବେଦନର ଶୁଣାଣି କରିଥିଲେ। କେରଳରେ ନଗର ନିଗମ ନିର୍ବାଚନ ଚାଲୁ ରହିବା କାରଣରୁ ଏସ୍‌ଆଇଆର୍ ଫର୍ମ ଜମା କରିବା ସମୟସୀମା ବଢ଼ାଇବାକୁ କୋର୍ଟ ନିର୍ବାଚନ କମିସନକୁ କହିଥିଲେ। ଏବେ ୧୨ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ଏସ୍‌ଆଇଆର ପ୍ରକ୍ରିୟା ଚାଲୁ ରହିଛି। ୫୧ କୋଟି ଭୋଟରଙ୍କ ପାଇଁ ଜାରି କରାଯାଇଥିବା ଫର୍ମ ୯୯.୫ ପ୍ରତିଶତ ଲୋକଙ୍କ ନିକଟରେ ପହଞ୍ଚାଯାଇଛି। ଏଥିମଧ୍ୟରୁ ୭୯ ପ୍ରତିଶତ ଫର୍ମକୁ ଡିଜିଟାଲ ରୂପ ଦିଆଯାଇସାରିଛି। ଅର୍ଥାତ ଘର ଘର ବୁଲି ବିଏଲ୍‌ଓ ଯେଉଁ ଫର୍ମ ଦେଉଛନ୍ତି, ସେଥିରେ ଲେଖା ହୋଇଥିବା ନାମ, ଠିକଣା ଓ ଅନ୍ୟ ବିବରଣୀକୁ ଅନ୍‌ଲାଇନ୍ ସିଷ୍ଟମରେ ଅପଲୋଡ କରାଯାଇଛି। ଏସ୍‌ଆଇଆର୍ ପ୍ରକ୍ରିୟା ଚାଲୁଥିବା ରାଜ୍ୟଗୁଡ଼ିକରେ ଆଗକୁ ନିର୍ବାଚନ ହେବ। ଏହିକ୍ରମରେ ୨୦୨୬ରେ ପଶ୍ଚିମବଙ୍ଗ, କେରଳ, ତାମିଲନାଡୁ ଓ ପୁଡୁଚେରୀରେ ନିର୍ବାଚନ ହେବ। ସେହିପରି ୨୦୨୭ରେ ଗୋଆ, ଗୁଜରାଟ ଓ ଉତ୍ତରପ୍ରଦେଶରେ ଏବଂ ୨୦୨୮ରେ ଛତିଶଗଡ଼, ମଧ୍ୟପ୍ରଦେଶ ଓ ରାଜସ୍ଥାନରେ ନିର୍ବାଚନ ଆୟୋଜନ ହେବ।

# ପୁଟିନଙ୍କ ପାଇଁ ଭାରତ ଉପରେ ସାରା ବିଶ୍ୱର ନଜର

## ପୁଟିନ୍‌ଙ୍କ ଶାରୀରିକ ଭାଷାକୁ ନେଇ ଚର୍ଚ୍ଚା

ନୂଆଦିଲ୍ଲୀ (ସମିସ): କୁଟନୀତିରେ ଶବ୍ଦ ଗୁରୁତ୍ୱପୂର୍ଣ୍ଣ, ମାତ୍ର ରାଜନୀତିରେ ଚିତ୍ର ଲେଖିଥାଏ ଇତିହାସ। ରୁଷ ରାଷ୍ଟ୍ରପତି ଭ୍ଲାଡ଼ିମିର ପୁଟିନ୍‌ଙ୍କ ବିମାନ ଗୁରୁବାର ସନ୍ଧ୍ୟାରେ ନୂଆଦିଲ୍ଲୀର ପାଲାମ ବିମାନବନ୍ଦରରେ ଅବତରଣ ସମୟରେ ଭାରତ ଉପରେ ଥିଲା ସାରା ବିଶ୍ୱର ନଜର। ରନୱେରେ ଅଟକିବା ପରେ ସବୁ କ୍ୟାମେରାର ଲେନ୍ସ ବିମାନର ଦ୍ୱାର ଉପରେ ନିବଦ୍ଧ ହୋଇଥିଲା । ଯେତେବେଳେ ବିମାନର ଦ୍ୱାର ଖୋଲି ପୁଟିନ୍ ବାହାରକୁ ଆସିଲେ, ସେତେବେଳେ ତାଙ୍କ ଶାରୀରିକ ଭାଷା ଭାରତ ବିରୋଧୀଙ୍କୁ ତଟସ୍ଥ କରି ଦେଇଥିଲା। ଆମେରିକା ସହ ଭାରତର ବାଣିଜ୍ୟିକ ଉତ୍ତେଜନା, ୟୁରୋପୀୟ ଦେଶ ସହ ସମ୍ପର୍କ, ଭାରତ ବିରୋଧରେ ପଡ଼ୋଶୀ ଦେଶଗୁଡ଼ିକର ନକରାତ୍ମକ ଏଜେଣ୍ଡା ଯେମିତି ସେହି ମୁହୂର୍ତ୍ତରେ ନିରର୍ଥକ ଜଣାପଡୁଥିଲା। ପୁଟିନ୍ ବିମାନର ସିଡ଼ିରେ ଓହ୍ଲାଇବା ସମୟରେ ତାଙ୍କ ମୁହଁରେ ନ ଥିଲା ଯୁଦ୍ଧ ଉତ୍ତେଜନା ବା ଆନ୍ତର୍ଜାତୀୟ ଚାପର କୁଞ୍ଚନ । ତାଙ୍କ ମୁହଁର ହସ୍ ସୂଚାଇ ଦେଉଥିଲା ଯେ ସେ ଯେପରି କୌଣସି ବିଦେଶ ଗସ୍ତରେ ଆସି ନାହାନ୍ତି, ବିଶ୍ୱସ୍ତ ବନ୍ଧୁଙ୍କ ପରିବାରରେ ଅଛନ୍ତି ।

ପୁଟିନ୍‌ଙ୍କୁ ୟୁରୋପୀୟ ଦେଶଗୁଡ଼ିକ "ଆଇସ୍ ମ୍ୟାନ' ବା କଠୋର ନେତା ଭାବରେ ଅଭିହିତ କରିଥାଆନ୍ତି। ୟୁକ୍ରେନ୍ ଯୁଦ୍ଧ ପରଠାରୁ ତାଙ୍କ ମୁହଁରେ ସର୍ବଦା ଆକ୍ରମଣାତ୍ମକ ଓ କଠୋର ଭାବଭଙ୍ଗୀ ଅନେକ ଲକ୍ଷ୍ୟ କରିଥାଆନ୍ତି। ମାତ୍ର ଆଜି ଦିଲ୍ଲୀରେ ତାଙ୍କ ଚେହେରା ଓ ଶାରୀରିକ ଭାଷା ଥିଲା ବେଶ୍ ଭିନ୍ନ। ତାଙ୍କ ଚାଲିରେ ଥିଲା ପ୍ରଚଣ୍ଡ ଆତ୍ମବିଶ୍ୱାସ । ଜଣେ ନେତା ଯେତେବେଳେ କୌଣସି ଦେଶରେ ସୁରକ୍ଷିତ ଓ ସମ୍ମାନଜନକ ଅନୁଭବ କରନ୍ତି ସେତେବେଳେ ଏପରି ଫୂର୍ତ୍ତି ଅନୁଭବ କରନ୍ତି ବୋଲି ପୁଟିନ୍‌ଙ୍କ ଦିଲ୍ଲୀ ଅବତରଣ ସମୟର ଦୃଶ୍ୟକୁ ନେଇ ଶାରୀରିକ ଭାଷା ବିଶେଷଜ୍ଞଙ୍କ ମତ ଅନେକ ଦିଗକୁ ଇଙ୍ଗିତ କରିଛି। ଆମେରିକା ପ୍ରଶାସନ ପୁଟିନ୍‌ଙ୍କ ଭାରତ ଗସ୍ତ ଉପରେ ତୀକ୍ଷ୍ଣ ନଜର ରଖିଥିବାବେଳେ ୟୁରୋପୀୟ ଦେଶ ଓ ଆମେରିକାର ଅନେକ ଖବର ଏଜେନ୍ସିଗୁଡ଼ିକ ପୁଟିନ୍‌ଙ୍କ ଭାରତ ଗସ୍ତକୁ ସର୍ବାଧିକ ପ୍ରାଥମିକତା ଦେବା ମଧ୍ୟ ଅନେକ ଦୃଷ୍ଟିରୁ ମହତ୍ତ୍ୱପୂର୍ଣ୍ଣ ମନେ ହେଉଛି।



ରୁଷ ରାଷ୍ଟ୍ରପତି ବିମାନରୁ ଓହ୍ଲାଇବା ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରନୱେରେ ତାଙ୍କୁ ଉଷ୍ମ ଆଲିଙ୍ଗନ କରିବା ପୁଟିନ୍ ମଧ୍ୟ ମୋଦିଙ୍କ ପିଠି ଥାପୁଡ଼ାଇବା ଦୁଇ ଦେଶ ମଧ୍ୟରେ ପାରସ୍ପରିକ ଗଭୀର ସମ୍ପର୍କ, ଆତ୍ମିକ ସଂଯୋଗକୁ ପ୍ରମାଣିତ କରିଛି। ଅନ୍ୟପକ୍ଷରେ ଦୁଇ ନେତା ବୁଲେଟ୍‌ପ୍ରୁଫ୍ ଲିମୋସିନ୍ କାର ପରିବର୍ତ୍ତେ ସାଧାରଣ ଧଳା ଫର୍ଚୁନର କାରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବାସଭବନକୁ ଏକତ୍ର ଯାତ୍ରା କରିଛନ୍ତି। କାର ଭିତରୁ ପୁଟିନ୍ ଅଳ୍ପ ହସ ହସି ହାତ ହଲାଇ ଦେଇଥିବା ବାର୍ତ୍ତା କେଉଁ ଭାବରେ ୟୁରୋପୀୟ ଦେଶ ଓ ଆମେରିକାରେ ପ୍ରତିଫଳିତ ହେବ ତାହା ତ ଭିନ୍ନ କଥା, ମାତ୍ର ରୁଷ ସହ ଭାରତର ସମ୍ପର୍କର ବର୍ଦ୍ଧିତ ନିବିଡ଼ତା ଅନେକ କାହାଣୀ ଲେଖିବ ବୋଲି ରାଜନୈତିକ ବିଶେଷଜ୍ଞମାନେ ମନେ କରୁଛନ୍ତି ।

## ଆଇଟିସି ମୌର୍ଯ୍ୟରେ ରହିବେ ପୁଟିନ; ଗୋଟିଏ ରାତି ପାଇଁ ଖର୍ଚ୍ଚ ୮ ରୁ ୧୦ ଲକ୍ଷ

■ ହାଇଦରାବାଦ୍ ହାଉସ୍‌ରେ ବୈଠକ
■ ପୁଟିନଙ୍କର ସ୍ମାର୍ଟ ଫୋନ୍ ନାହିଁ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଦିଲ୍ଲୀର ଆଇଟିସି ମୌର୍ଯ୍ୟ ହୋଟେଲରେ ଅବସ୍ଥାନ କରିବେ। ଏହି ହୋଟେଲର ସବୁଠାରୁ ଖାସ୍ ପ୍ରକୋଷ୍ଠ ପ୍ରେସିଡେନସିଆଲ ସୁଟ୍‌ରେ ରହିବେ। ୪,୬୦୦ ବର୍ଗଫୁଟ୍‌ର ଏହି ସୁଟ୍‌ର ରାତିକୁ ଖର୍ଚ୍ଚ ୮ରୁ ୧୦ ଲକ୍ଷ ଟଙ୍କା। ପୂର୍ବରୁ ଏଥିରେ ଆମେରିକା ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ ସମେତ ଏକାଧିକ ଦେଶର ରାଷ୍ଟ୍ରମୁଖ୍ୟ ଅବସ୍ଥାନ କରିଛନ୍ତି। ହୋଟେଲର ଏହି ସ୍ୱତନ୍ତ୍ର କୋଠରୀକୁ ଚାଣକ୍ୟ ସୁଟ୍ କୁହାଯାଏ। ଏହାକୁ ୨୦୦୭ରେ ପ୍ରସ୍ତୁତ କରାଯାଇ ଖୋଲାଯାଇଥିଲା। ସ୍ୱତନ୍ତ୍ର ଡିଜାଇନ ପାଇଁ ଏହା ପ୍ରସିଦ୍ଧି ଲାଭ କରିଛି। ଏହାର ପ୍ରତ୍ୟେକ ଜିନିଷ ବହୁତ ଦାମୀ। ଏଥିରେ ମାଷ୍ଟର ବେଡ୍‌ରୁମ୍, ୱାକ- ଇନ୍ ଆଲମାରୀ, ବ୍ୟକ୍ତିଗତ ଷ୍ଟିମ୍‌ରୁମ୍, ସାଉନା ଓ ଜିମ୍, ୧୨ ସିଟ୍ ବିଶିଷ୍ଟ ଡାଇନିଂ ରୁମ୍, ଅତିଥି ରୁମ୍, ଅଧ୍ୟୟନ ଓ ଅଫିସ ପାଇଁ ସ୍ଥାନ ରହିଛି।

ଆସନ୍ତାକାଲି ପ୍ରଧାନମନ୍ତ୍ରୀ ମୋଦୀ ଓ ପୁଟିନ ହାଇଦରାବାଦ ହାଉସ୍‌ରେ ୨୩ ତମ ଭାରତ- ରୁଷିଆ ବାର୍ଷିକ ଶିଖର ସମ୍ମିଳନୀରେ ମିଳିତ ହେବେ। ତେବେ ହାଇଦରାବାଦ ହାଉସ୍‌ରେ ଏହି ବୈଠକ ବସିବାର ପଛରେ ଏକାଧିକ କାରଣ ରହିଛି। ଏହା କେବଳ ଏକ ପରମ୍ପରା ନୁହେଁ ବରଂ ଏକ ରାଜକୀୟ ଅତୀତ ଯେଉଁଥିରେ ନିଜାମଙ୍କ ଐଶ୍ୱର୍ଯ୍ୟ, ବ୍ରିଟିଶ କାଳର ରାଜନୈତିକ ଜଟିଳତା ଏବଂ ସ୍ୱାଧୀନତା ପରେ ଭାରତର ଉଦୀୟମାନ କୂଟନୈତିକ ପଦକ୍ଷେପ ସାମିଲ ରହିଛି। ସ୍ୱାଧୀନତା ପୂର୍ବରୁ ଭାରତରେ ୫୬୦ଟିରୁ ଊର୍ଦ୍ଧ୍ୱ ରାଜ୍ୟଥିଲା। ଯେତେବେଳେ ବ୍ରିଟିଶ ସରକାର ବିଭିନ୍ନ କାରଣ ପାଇଁ ରାଜାମାନଙ୍କୁ ଡକାଉଥିଲେ ସେତେବେଳେ ରହିବା ପାଇଁ ସମସ୍ୟା ସୃଷ୍ଟି ହେଉଥିଲା। ଫଳରେ ହାଇଦରାବାଦ୍‌ର ନିଜାମ ମୀର ଉସମାନ ଅଲି ଖାନ୍ ଏହି ସମସ୍ୟା ଦୂର କରିବା ପାଇଁ ରାଷ୍ଟ୍ରପତି ଭବନ ନିକଟରେ ୧୨ ଏକର ଜମିରେ ହାଇଦରାବାଦ ହାଉସ ସ୍ୱତନ୍ତ୍ର ଭାବେ ନିର୍ମାଣ କରିଥିଲେ। ଇତିମଧ୍ୟରେ ବହୁ ବର୍ଷ ବିତିଯାଇଥିଲେ ମଧ୍ୟ ଏହାର ଭବ୍ୟତା କମିନାହିଁ। ଭାରତ ଗସ୍ତରେ ଆସୁଥିବା ବିଭିନ୍ନ ଦେଶର ରାଷ୍ଟ୍ରମୁଖ୍ୟ ଏଠାରେ ହିଁ ବୈଠକରେ ମିଳିତ ହୋଇଥାନ୍ତି।

ତେବେ ସବୁଠାରୁ କୌତୂହଳର ବିଷୟ ହେଲା ଯେ ପୁଟିନଙ୍କ ସ୍ମାର୍ଟ ଫୋନ ନାହିଁ। ଅର୍ଥାତ ସେ ମୋବାଇଲ ଫୋନ ବ୍ୟବହାର କରନ୍ତି ନାହିଁ। ସେ ବିଶ୍ୱର ହାତଗଣିତ ନେତାଙ୍କ ମଧ୍ୟରେ ସାମିଲ, ଯେଉଁମାନେ ସ୍ମାର୍ଟଫୋନ୍ ଓ ଇଣ୍ଟରନେଟ୍ ବ୍ୟବହାର କରିବାକୁ ପସନ୍ଦ କରି ନଥାନ୍ତି। ସ୍ମାର୍ଟ ଫୋନ୍ ବ୍ୟବହାର କରିବା ଦ୍ୱାରା ଜଣେ ବ୍ୟକ୍ତିଙ୍କର ଗୋପନୀୟତା ବିପଦରେ ପଡ଼ିଥାଏ। ତେଣୁ ଏହା କୌଣସି ବଡ଼ ନେତାଙ୍କ ପାଇଁ ସୁରକ୍ଷା ବ୍ୟବସ୍ଥାକୁ ଅସୁରକ୍ଷିତ କରିଥାଏ ପୁଟିନ ବିଚାର କରନ୍ତି।

## କେନ୍ଦ୍ରକୁ ରାହୁଲଙ୍କ ସମାଲୋଚନା


ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ଗୁରୁବାର ସଂସଦର ଶୀତକାଳୀନ ଅଧିବେଶନ ଚତୁର୍ଥ ଦିନ ଥିଲା। ରୁଷିଆ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ଭାରତ ଗସ୍ତରେ ଆସିଥିବା ବେଳେ ଲୋକସଭାରେ ବିରୋଧୀ ଦଳ ନେତା ତଥା କଂଗ୍ରେସ ବରିଷ୍ଠ ସାଂସଦ କେନ୍ଦ୍ର ସରକାରଙ୍କୁ କଡ଼ା ସମାଲୋଚନା କରିଛନ୍ତି। ବାହାରୁ ଆସିଥିବା ନେତାଙ୍କ ସହ ମୁଁ ସାକ୍ଷାତ କରିବା କେନ୍ଦ୍ର ସରକାର ଚାହୁଁନାହାନ୍ତି ବୋଲି ସେ କହିଛନ୍ତି। ପୁଟିନଙ୍କୁ ମୁଁ ସାକ୍ଷାତ କରିବା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ବୈଦେଶିକ ମନ୍ତ୍ରଣାଳୟ ଚାହୁଁନାହାନ୍ତି ଓ ସେମାନେ ନିୟମ ପାଳନ କରୁନାହାନ୍ତି। ଏମାନେ ଅସୁରକ୍ଷିତ ଅନୁଭବ କରୁଛନ୍ତି। ଆମର ସମସ୍ତଙ୍କ ସହ ସମ୍ପର୍କ ରହିଛି। ବିରୋଧୀ ଦଳ ନେତା ମଧ୍ୟ ଏକ ଭିନ୍ନ ଦୃଷ୍ଟିକୋଣ ଅବଲମ୍ବନ କରିଥାନ୍ତି। ଆମେ ମଧ୍ୟ ଭାରତ ପାଇଁ ପ୍ରତିନିଧିତ୍ୱ କରୁଛୁ। କେବଳ ସରକାର ହିଁ ଭାରତକୁ ପ୍ରତିନିଧିତ୍ୱ କରନ୍ତି ନାହିଁ ବୋଲି ସେ କହିଛନ୍ତି। ସାଧାରଣତଃ ବିଦେଶୀରୁ ଯେଉଁ ନେତା ବା ବ୍ୟକ୍ତି ଆସିଥାନ୍ତି, ସେ ବିରୋଧୀ ଦଳ ନେତାଙ୍କୁ ଭେଟିଥାନ୍ତି ଓ ଏହା ଏକ ପରମ୍ପରା ରହିଆସିଛି। ପୂର୍ବରୁ ଅଟଳ ବିହାରୀ ବାଜପେୟୀ ଓ ମନମୋହନ ସିଂଙ୍କ ସରକାରଙ୍କ କର୍ଯ୍ୟକାଳ ବେଳେ ଏହି ପରମ୍ପରାର ପାଳନ ହେଉଥିଲା। କିନ୍ତୁ ଏବେ ସେକଥା ଆଉ ନାହିଁ। ଯେଉଁ ନେତାମାନେ ବାହାରୁ ଆସୁଛନ୍ତି, ସେମାନଙ୍କୁ ବିରୋଧୀ ଦଳ ନେତାଙ୍କୁ ଭେଟିବା ନେଇ ବାରଣ କରାଯାଉଛି ବୋଲି ରାହୁଲ ପାର୍ଲାମେଣ୍ଟ ବାହାରେ ସାମ୍ବାଦିକଙ୍କ ସହ କଥା ହେବା ବେଳେ କହିଛନ୍ତି।

## ବାବ୍‌ରୀ ମସଜିଦ୍ ନିର୍ମାଣ ଘୋଷଣା କରି ବିଧାୟକ ଟିଏମ୍‌ସିରୁ ନିଲମ୍ବିତ

କୋଲକାତା, ୪।୧୨(ଏଜେନ୍ସି): ପଶ୍ଚିମବଙ୍ଗର ମୁର୍ସିଦାବାଦ୍‌ରେ ବେଲଡାଙ୍ଗାରେ ବାବରୀ ମସଜିଦ୍ ନିର୍ମାଣ କରିବାକୁ ଘୋଷଣା କରିଥିବା ବିଧାୟକ ହୁମାୟୁନ କବୀରଙ୍କୁ ତୃଣମୂଳ କଂଗ୍ରେସ (ଟିଏମ୍‌ସି) ନିଲମ୍ବିତ କରିଛି। ଏନେଇ କୋଲକାତା ମେୟର ଫିରହାଦ ହାକିମ ସୂଚନା ଦେଇଛନ୍ତି। ପାର୍ଟି ସାମ୍ପ୍ରଦାୟିକ ରାଜନୀତିରେ ବିଶ୍ୱାସ କରେ ନାହିଁ ବୋଲି ସେ କହିଛନ୍ତି। ପୂର୍ବରୁ ହୁମାୟୁନଙ୍କୁ ଏନେଇ ଏକାଧିକବାର ଚେତାବନୀ ଦିଆଯାଇଥିଲେ ମଧ୍ୟ ସେ ନିଜ ଆଭିମୁଖ୍ୟରେ ପରିବର୍ତ୍ତନ ଆଣିନାହାନ୍ତି। ତେଣୁ ତାଙ୍କୁ ଦଳରୁ ନିଲମ୍ବିତ କରାଯାଉଛି ବୋଲି ସେ କହିଛନ୍ତି। ସେପଟେ ଟିଏମ୍‌ସିରୁ ନିଲମ୍ବିତ ହେବା ପରେ ହୁମାୟୁନ କହିଛନ୍ତି ଯେ, ମୁଁ ମୋ ବୟାନକୁ ବଜାୟ ରଖୁଛି। ଡିସେମ୍ବର ୨୨ରେ ମୋର ନୂଆ ପାର୍ଟି ଗଠନ କରିବି ଓ ଆସନ୍ତାବର୍ଷ ଆୟୋଜନ ହେବାକୁ ଥିବା ବିଧାନସଭା ନିର୍ବାଚନରେ ୧୩୫ଟି ଆସନରେ ପ୍ରାର୍ଥୀ ଛିଡ଼ା କରାଇବି ଏବଂ ବିଜେପି ଓ ଟିଏମ୍‌ସି ବିରୋଧରେ ନିର୍ବାଚନ ଲଢିବି ବୋଲି ସେ କହିଛନ୍ତି।

ମୁର୍ସିଦାବାଦ୍‌ରେ ନଭେମ୍ବର ୨୮ରେ ଏକାଧିକ ସ୍ଥାନରେ ବାବରୀ ମସଜିଦ ଶିଳାନ୍ୟାସ ନେଇ ପୋଷ୍ଟର ଲଗାଯାଇଥିଲା। ଡିସେମ୍ବର ୬ରେ ବେଲଡାଙ୍ଗାରେ ବାବ୍‌ରୀ ମସ୍‌ଜିଦ୍‌ର ଶୀଳନ୍ୟାସ ସମାରୋହ ହେବ। ହୁମାୟୁନଙ୍କୁ ଆୟୋଜକ ବୋଲି ପୋଷ୍ଟରରେ ଉଲ୍ଲେଖ କରାଯାଇଥିଲା। ଏହାପରେ ହିଁ ଏ ନେଇ ବିବାଦ ବଢ଼ିବାରେ ଲାଗିଛି। ଉଲ୍ଲେଖଥାଉ କି, ୧୯୯୨ ଡିସେମ୍ବର ୬ରେ ବାବରୀ ମସଜିଦକୁ ଭାଙ୍ଗି ଦିଆଯାଇଥିଲା। ତେଣୁ ଡିସେମ୍ବର ୬ରେ ଶିଳାନ୍ୟାସ ନେଇ ସେ ଘୋଷଣା କରିଛନ୍ତି।

## ପୁଣି ନାଗରିକତା ଅଟକାଇଲେ ଟ୍ରମ୍ପ



### ୧୯ଟି ଦେଶର ଲୋକଙ୍କୁ ମିଳିବନି ଗ୍ରୀନ କାର୍ଡ

ୱାସିଂଟନ, ୪।୧୨(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୧୯ଟି ଦେଶର ନାଗରିକଙ୍କୁ ଆମେରିକାର ନାଗରିକତା ଓ ଗ୍ରୀନ୍ କାର୍ଡ ଦେବା ପ୍ରକ୍ରିୟାକୁ ଯଥାଶୀଘ୍ର ରୋକିବାକୁ ନିଷ୍ପତ୍ତି ନେଇଛନ୍ତି। ନଭେମ୍ବର ଶେଷ ଆଡକୁ ହ୍ୱାଇଟ୍ ହାଉସ୍ ନିକଟରେ ଜଣେ ଆଫଗାନ ଶରଣାର୍ଥୀ ନ୍ୟାସନାଲ ଗାର୍ଡଙ୍କ ଉପରେ ଗୁଳି ମାରିବା ଘଟଣା ଘଟଣା ପରେ ଟ୍ରମ୍ପ ଏହି ନିଷ୍ପତ୍ତି ନେଇଛନ୍ତି। ନାଗରିକତା ପ୍ରକ୍ରିୟାକୁ ରୋକା ଯାଇଥିବା ଦେଶଗୁଡିକ ହେଲା ଆଫଗାନିସ୍ତାନ, ମିଆଁମାର, ବୁରୁଣ୍ଡି, ଚାଦ, କଙ୍ଗୋ, କ୍ୟୁବା, ଇକ୍ୱେଟୋରିଆଲ ଗିନି, ଇରିଟ୍ରିଆ, ହାଇତି, ଇରାନ, ଲାଓସ, ଲିବିୟା, ସିଏରା ଲିଓନ, ସୋମାଲିଆ, ସୁଦାନ, ଟୋଗୋ, ତୁର୍କମେନିସ୍ତାନ, ଭେନେଜୁଏଲା ଓ ୟେମେନ। ଏହି ୧୯ଟି ଦେଶର ସବୁ ଇମିଗ୍ରେସନ ଅର୍ଥାତ ପ୍ରବାସନ, ନାଗରିକତା ଓ ଗ୍ରୀନକାର୍ଡ ସହିତ ଜଡିତ ଆବେଦନକୁ ରୋକା ଯାଇଛି ବୋଲି ଆମେରିକା ନାଗରିକତା ଓ ପ୍ରବାସ ସେବା (ୟୁଏସ୍‌ସିଆଏସ୍) ତରଫରୁ କୁହାଯାଇଛି। ଟ୍ରମ୍ପ ମଧ୍ୟ ପୂର୍ବରୁ ଏହି ଦେଶଗୁଡିକ ଉପରେ ଯାତ୍ରା ପ୍ରତିବନ୍ଧକ ଲାଗୁ କରିସାରିଛନ୍ତି। ଜାରି କରାଯାଇଥିବା ନିର୍ଦ୍ଦେଶ ଅନୁସାରେ ୨୦୨୧ ଜାନୁଆରୀ ୨୦ ପରେ ଆମେରିକା ଆସିଥିବା ଲୋକଙ୍କୁ ପୁଣିଥରେ ଯାଞ୍ଚର ସମ୍ମୁଖୀନ ହେବାକୁ ପଡ଼ିବ ଓ ସାକ୍ଷାତକାର ଦେବାକୁ ହେବ। ପ୍ରବାସନ ନୀତି କାରଣରୁ ଆଜି ଆମେରିକୀୟଙ୍କ ଜୀବନ ଖରାପ ହୋଇଛି ବୋଲି ଟ୍ରମ୍ପ କହିଛନ୍ତି। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ଆମେରିକାରେ ଏଭଳି ସାମାଜିକ ସମସ୍ୟା ନଥିଲା। କିନ୍ତୁ ଏବେ ଭୁଲ ପ୍ରବାସନ ନୀତି ଯୋଗୁଁ ଆମେରିକାର ବିଭିନ୍ନ ସାମଜିକ ସମସ୍ୟା, ଅପରାଧ ଓ ଅବ୍ୟବସ୍ଥା ବୃଦ୍ଧି ପାଇଛି ବୋଲି ସେ କହିଛନ୍ତି। ଗ୍ରୀନକାର୍ଡ ମିଳୁଥିବା ଲୋକଙ୍କୁ ଆମେରିକାର ସ୍ଥାୟୀ ଭାବେ ରହିବାର ଓ କାମ କରିବାର ସୁଯୋଗ ମିଳିଥାଏ। ୨୦୧୩ରୁ ୨୦୨୨ ମଧ୍ୟରେ ଆମେରିକାର ୭.୧୬ ଲକ୍ଷ ଭାରତୀୟଙ୍କୁ ଗ୍ରୀନ୍‌କାର୍ଡ ମିଳିଛି।

## ଦିଲ୍ଲୀ ସରକାର ୯ଟି ପ୍ରଦୂଷଣ 'ହଟ୍‌ସ୍ପଟ୍'ରେ ୩୦୫ ମିଷ୍ଟ ସ୍ପ୍ରେୟର ଲଗାଇବେ

ନୂଆଦିଲ୍ଲୀ, ୪।୧୨(ଏଜେନ୍ସି): ପ୍ରଦୂଷଣକୁ ରୋକିବା ପାଇଁ ଦିଲ୍ଲୀ ସରକାର ଏବେ ଏକ ନୂଆ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛନ୍ତି। ରାଜଧାନୀର ୯ଟି ପଲ୍ୟୁସନ ହଟ୍‌ସ୍ପଟ୍‌ରେ ୩୦୫ଟି ମିଷ୍ଟ ସ୍ପ୍ରେୟର ଲଗାଯିବ ବୋଲି ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖା ଗୁପ୍ତା କହିଛନ୍ତି। ଏହିକ୍ରମରେ ଆୟକର କାର୍ଯ୍ୟାଳୟ (ଆଇଟିଓ)ରେ ଲଗାଯାଇଥିବା ମିଷ୍ଟ ସ୍ପ୍ରେୟରକୁ ରେଖା ନୀରିକ୍ଷଣ କରିଥିଲେ। ଦିଲ୍ଲୀ ନଗର ନିଗମ ଅଞ୍ଚଳରେ ମିଷ୍ଟ ସ୍ପ୍ରେୟରର କାର୍ଯ୍ୟକ୍ଷମତାରେ ସକାରାତ୍ମକ ଫଳାଫଳ ଦେଖିବାକୁ ମିଳିଥିଲା ବୋଲି ସେ କହିଛନ୍ତି। ଏହା ଦ୍ୱାରା ମୁଖ୍ୟତଃ ଧୂଳି ଓ ପ୍ରଦୂଷଣକୁ ରୋକିବା ପାଇଁ ପାଣିର ଛିଞ୍ଚନ ପ୍ରକ୍ରିୟାକୁ ବ୍ୟବହାର କରାଯାଇଥାଏ। ଦିଲ୍ଲୀରେ ପ୍ରଦୂଷଣ ରୋକିବା ପାଇଁ ଭିନ୍ନ ଭିନ୍ନ ବିଭାଗରେ କାର୍ଯ୍ୟ କରୁଥିବା ବିଶେଷଜ୍ଞମାନଙ୍କୁ ନେଇ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରାଯାଇଛି ବୋଲି ସେ କହିଛନ୍ତି।

# ବରଗଡ଼ ଧନୁଯାତ୍ରା ପାଇଁ ୧ କୋଟି ଅନୁଦାନ

ଭୁବନେଶ୍ୱର/ବରଗଡ଼,୪।୧୨(ସମିସ): ବରଗଡ଼ ଧନୁଯାତ୍ରା ନିମନ୍ତେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ୧ କୋଟି ଟଙ୍କାର ଆର୍ଥିକ ଅନୁଦାନ ଦିଆଯିବ। ଧନୁଯାତ୍ରାରେ ଭାଗ ନେଉଥିବା ପ୍ରାୟ ୨୦୦ କଳାକାରଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ସମ୍ମାନସୂଚକ ରାଶି ପ୍ରଦାନ କରାଯିବ। ଓଡ଼ିଶା ପରିବାର ନିର୍ଦ୍ଦେଶାଳୟ ପକ୍ଷରୁ ବିଭିନ୍ନ ରାଜ୍ୟରେ ଏଲ୍ଇଡି ପରଦା ମାଧ୍ୟମରେ ଧନୁଯାତ୍ରାର ସିଧା ପ୍ରସାରଣ ହେବ। ଗୁରୁବାର ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ଅଧ୍ୟକ୍ଷତାରେ ସଂସ୍କୃତ ଭବନରେ ଅନୁଷ୍ଠିତ ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।

ଚଳିତବର୍ଷ ଡିସେମ୍ବର ୨୪ତାରିଖରୁ ଜାନୁଆରୀ ୩ତାରିଖ ପର୍ଯ୍ୟନ୍ତ ବରଗଡ଼ରେ ଧନୁଯାତ୍ରା ମହୋତ୍ସବର ଆୟୋଜନ କରାଯିବ। ଏଥିପାଇଁ ବରଗଡ଼ ସହରର ମୁଖ୍ୟ ପ୍ରବେଶ ଦ୍ୱାରାମାନଙ୍କରେ ଧନୁଯାତ୍ରା ଥିମ୍ ସମ୍ବନ୍ଧୀୟ ଗେଟ୍ ନିର୍ମାଣ କରାଯିବ। ସେହିପରି ଧନୁଯାତ୍ରା ସମୟରେ ପୁରୀ ଏବଂ ଭୁବନେଶ୍ୱରରୁ ବରଗଡ଼ ଅଭିମୁଖେ ସ୍ୱତନ୍ତ୍ର ଟୁରିଷ୍ଟ ବସ୍ ଚଳାଇବା ନିମନ୍ତେ ବୈଠକରେ ନିଷ୍ପତ୍ତି ନିଆଯାଇଛି। ଏଥିସହ ଧନୁଯାତ୍ରା ସମ୍ବନ୍ଧୀୟ ସମସ୍ତ ତଥ୍ୟ ପ୍ରଦାନ କରିବା ନିମନ୍ତେ ଏକ ସ୍ୱତନ୍ତ୍ର ୱେବସାଇଟ୍ କରାଯିବ। ସେଥିରେ ଧନୁଯାତ୍ରାର ଚିତ୍ରାୟନ, ସମସ୍ତ ଦୃଶ୍ୟାବଳୀ, ସହରରେ ଥିବା ପ୍ରମୁଖ ହୋଟେଲ, ପାର୍କିଂ ସ୍ଥାନ, ମହୋତ୍ସବ ସ୍ଥାନ ସମ୍ବନ୍ଧୀୟ ବିବରଣୀ ଏବଂ ଜିପିଏସ୍ ସିଷ୍ଟମକୁ ମଧ୍ୟ ସ୍ଥାନିତ କରାଯିବ।

- ୨୦୦ କଳାକାରଙ୍କୁ ୧୦ହଜାର ଟଙ୍କା ଲେଖାଏଁ ସମ୍ମାନସୂଚକ ରାଶି
- ଧନୁଯାତ୍ରା ପାଇଁ ସ୍ୱତନ୍ତ୍ର ୱେବ୍‌ସାଇଟ୍
- ଭୁବନେଶ୍ୱର ଓ ପୁରୀରୁ ବରଗଡ଼କୁ ଗଡ଼ିବ ସ୍ୱତନ୍ତ୍ର ଟୁରିଷ୍ଟ ବସ୍

ବୈଠକରେ ବରଗଡ଼ ସାଂସଦ ପ୍ରଦୀପ ପୁରୋହିତ, ବିଜେପୁର ବିଧାୟକ ସନତ କୁମାର ଗର୍ତିଆ, ଅତାବିରା ବିଧାୟକ ନୀହାର ରଞ୍ଜନ ମହାନନ୍ଦ, ପଦ୍ମପୁର ବିଧାୟକ ବର୍ଷାସିଂ ବରିହା, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ, ସଂସ୍କୃତି ବିଭାଗର ନିର୍ଦ୍ଦେଶକ ବିଜୟ କେତନ ଉପାଧ୍ୟାୟ, ସ୍ୱତନ୍ତ୍ର ଶାସନ ସଚିବ ଦେବ ପ୍ରସାଦ ଦାଶ, ବରଗଡ଼ ଜିଲ୍ଲାପାଳ ଆଦିତ୍ୟ ଗୋୟଲ ପ୍ରମୁଖ ବୈଠକରେ ଉପସ୍ଥିତ ଥିଲେ।

## ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଲା କଂଗ୍ରେସ

# ୩୧୬୯ ଟଙ୍କାରେ ଧାନ କିଣନ୍ତୁ ସରକାର

ଭୁବନେଶ୍ୱର,୪।୧୨(ସମିସ): ରାଜ୍ୟ ସରକାରଙ୍କ ଧାନ କୁଇଣ୍ଟାଲ ପ୍ରତି ୮ଶହ ଟଙ୍କା ଇନପୁଟ୍ ସବସିଡି ଦେବାକୁ ଘୋଷଣା କରିଥିଲେ। କେନ୍ଦ୍ର ସରକାରଙ୍କ ନିର୍ଦ୍ଧାରିତ ଏମ୍ଏସ୍‌ପି ମୂଲ୍ୟ ୨୩୬୯ ଟଙ୍କା ରହିଛି। ଏପରି ହୋଇ ରାଜ୍ୟ ସରକାର କୁଇଣ୍ଟାଲ ପିଛା ୩୧୬୯ ଟଙ୍କାରେ ଧାନ କ୍ରୟ କରିବା କଥା। ମାତ୍ର ରାଜ୍ୟ ସରକାର ଚାଷୀର ହକ୍ ୬୯ ଟଙ୍କାକୁ ହାଇଜାକ୍ କରିବାକୁ ବସିଛି ବୋଲି କଂଗ୍ରେସ ଅଭିଯୋଗ କରିଛି। ଏହି ଘଟଣାରେ ରାଜ୍ୟ କିଷାନ କଂଗ୍ରେସ ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଛି।

ଅଖିଳ ଭାରତ କିଷାନ କଂଗ୍ରେସର ରାଷ୍ଟ୍ରୀୟ ସଂଯୋଜକ ଅମିୟ କୁମାର ପଟ୍ଟନାୟକ ରାଜ୍ୟପାଳଙ୍କ ଦୃଷ୍ଟି ଆକର୍ଷଣ ପାଇଁ ୮ଦଫା ସମ୍ବଳିତ ଏକ ସ୍ମାରକପତ୍ର ପଠାଇଛନ୍ତି। ଏହି ସ୍ମାରକପତ୍ରରେ ସେ ଧାନ କିଣା ଦର ସହିତ ଅନ୍ୟ କେତେକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଉଲ୍ଲେଖ କରିଛନ୍ତି। ମୁଖ୍ୟତଃ ରାଜ୍ୟ ସରକାର ନିର୍ଦ୍ଧାରିତ ସମୟରେ ମଣ୍ଡି ଖୋଲି ଚାଷୀର ସମସ୍ତ ବଳକା ଧାନକୁ ପ୍ରତି କୁଇଣ୍ଟାଲ ପିଛା ୩୧୬୯ ଟଙ୍କାରେ କ୍ରୟ, ନିର୍ଦ୍ଧାରିତ ସମୟରେ ଚାଷୀଙ୍କୁ ଟୋକନ, ଅଖା ଓ ପରିବହନ ମୂଲ୍ୟ ପ୍ରଦାନ, ବାଦ୍ ପଡ଼ିଥିବା ଯୋଗ୍ୟ ଚାଷୀଙ୍କୁ ପୁନଃ ପଞ୍ଜୀକରଣର ସୁବିଧା, ସୁବ୍ୟବସ୍ଥିତ ଢଙ୍ଗରେ ମଣ୍ଡି ସୁପରିଚାଳନା ଓ ମଣ୍ଡିକୁ ଦଲାଲମୁକ୍ତ, ପ୍ରତି ପଞ୍ଚାୟତସ୍ତରରେ ମଣ୍ଡି ନିରୀକ୍ଷଣ ପାଇଁ ସ୍କ୍ୱାଡ୍ ଗଠନ, ପ୍ରତି ମଣ୍ଡିରେ ଧାନ ମାପକ ଯନ୍ତ୍ର(ଆନାଲାଇଜର ମେସିନ୍) ରଖାଯାଇ ସମ୍ପୂର୍ଣ୍ଣ କଟ୍‌ନୀଛଟ୍‌ନୀ ବନ୍ଦ, ଏକର ପିଛା ଧାନ କ୍ରୟ ବ୍ୟବସ୍ଥାକୁ ଉଚ୍ଛେଦ କରାଯାଇ ଚାଷୀ ଚାହୁଁଥିବା ତା'ର ସମସ୍ତ ବଳକା ଧାନକୁ କ୍ରୟ, ପ୍ରତି ପାକ୍ସ ଓ ଲ୍ୟାମ୍ପ୍ସରେ ଆବଶ୍ୟକ ସଂଖ୍ୟକ କର୍ମଚାରୀ ନିଯୁକ୍ତି, ମିଲର୍ ଓ କର୍ମଚାରୀମାନଙ୍କ ମଧ୍ୟରେ ଥିବା ଅସାଧୁ କାରବାରକୁ ଦୃଢ଼ହସ୍ତରେ ଦମନ କରିବା ପାଇଁ ଶ୍ରୀ ପଟ୍ଟନାୟକ ଦାବି କରିଛନ୍ତି।

କଂଗ୍ରେସ ପକ୍ଷରୁ କୁହାଯାଇଛି ଯେ ରାଜ୍ୟ ସରକାର ସୁବ୍ୟବସ୍ଥିତ ଢଙ୍ଗରେ ମଣ୍ଡି ପରିଚାଳନା କରି ଚାଷୀଙ୍କ ସମସ୍ତ ବଳକା ଧାନ କ୍ରୟ କରିବା ପାଇଁ ନିର୍ଭର ପ୍ରତିଶ୍ରୁତି ଦେଇଛନ୍ତି। କିନ୍ତୁ ଗତବର୍ଷ ନଭେମ୍ବର ପ୍ରଥମ ସପ୍ତାହରେ ମଣ୍ଡି ଖୋଲାଯାଇଥିବା ବେଳେ ଚଳିତ ବର୍ଷ ନଭେମ୍ବର ଶେଷ ସୁଦ୍ଧା ଆବଶ୍ୟକ ଅନୁଯାୟୀ ମଣ୍ଡି ଖୋଲା ଯାଉ ନ ଥିବା ଅତ୍ୟନ୍ତ କ୍ଷୋଭର ବିଷୟ। ଇତିମଧ୍ୟରେ ମଣ୍ଡି ଖୋଲାଯାଇ ନ ଥିବା ଯୋଗୁଁ ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାରୁ ୪୦ ପ୍ରତିଶତ ଅମଳ ଧାନ ଶାଗ-ମାଛ ମୂଲ୍ୟରେ ଚାଷୀ ବିକ୍ରି କରି ସାରିଲେଣି। ଅନେକ ଅସାଧୁ ମିଲର୍ ମଧ ଏହି ଧାନକୁ ଅଣ୍ଡର ରେଟରେ କିଣି ମହଜୁଦ୍ କରୁଥିବାର ନଜରକୁ ଆସିଛି। ଯେଉଁଠି ମଣ୍ଡି ଖୋଲା ଯାଉଛି, ସେଠାରେ ନିର୍ଦ୍ଧାରିତ ସମୟରେ ଚାଷୀ ପାଖକୁ ଟୋକନ ପହଞ୍ଚୁନାହିଁ ବୋଲି ଦଳ ଅଭିଯୋଗ କରିଛି। ଧାନ ସଂଗ୍ରହ ପାଇଁ ରାଜ୍ୟରେ ଆବଶ୍ୟକ ସଂଖ୍ୟକ ଗୋଦାମ ଘର ନାହିଁ ଏବଂ ଏଫସିଆଇ ଗତବର୍ଷର ୭ଲକ୍ଷ ମେଟ୍ରିକ ଟନ୍ ଚାଉଳ ଉଠାଣ ନ କରୁଥିବାରୁ ଏପରି ସଙ୍ଗିନ ପରିସ୍ଥିତି ସୃଷ୍ଟି ହୋଇଛି ବୋଲି ଦଳ କହିଛି।

**ଜବତ ହେଲା ୬ କ୍ୱିଣ୍ଟାଲ ଗଞ୍ଜେଇ; ୨ କ୍ୱିଣ୍ଟାଲ ଗାଏବ୍**

# ଥାନା ଅଧିକାରୀ ନିଲମ୍ବିତ

ଫୁଲବାଣୀ,୪।୧୨(ସମିସ): ଜବତ ଗଞ୍ଜେଇ ହେର୍‌ଫେର୍ ଅଭିଯୋଗରେ କନ୍ଧମାଳ ଜିଲା ଫୁଲବାଣୀ ସଦର ଥାନାଧିକାରୀ ସତୀଶ ଚନ୍ଦ୍ର ନାୟକଙ୍କୁ ନିଲମ୍ବନ କରାଯାଇଛି। ନିକଟରେ ଇନ୍ସପେକ୍ଟରରୁ ଡିଏସ୍‌ପି ପଦକୁ ପଦୋନ୍ନତି ପାଇଥିବା ସତୀଶ ଏବେ ବ୍ରହ୍ମପୁର ଦକ୍ଷିଣାଞ୍ଚଳ ଆଇଜିଙ୍କ ଅଧୀନରେ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

ମିଳିଥିବା ସୂଚନା ଅନୁସାରେ, ସଦର ଥାନା ପୁଲିସ ୬ କୁଇଣ୍ଟାଲ ଗଞ୍ଜେଇ ଜବତ କରିଥିଲା। ସେଥିରୁ ୨ କୁଇଣ୍ଟାଲର ହିସାବ ମିଳୁନାହିଁ। ସତୀଶ ଏହି ଗଞ୍ଜେଇ ହେରଫେର କାର୍ଯ୍ୟରେ ଲିପ୍ତଥିବା ଜଣାପଡ଼ିବା ପରେ ତାଙ୍କ ନାମରେ ସରକାରଙ୍କ ପାଖରେ ଅଭିଯୋଗ କରାଯାଇଥିଲା। ସେହି ଅନୁସାରେ ତାଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯାଇଛି। ତାଙ୍କ ନାମରେ ବିଭାଗୀୟ ତଦନ୍ତ ଚାଲିବ ବୋଲି ଜଣେ ବରିଷ୍ଠ ପୁଲିସ ଅଧିକାରୀ କହିଛନ୍ତି। ତାଙ୍କ ସହ ଅନ୍ୟ କେତେକ କର୍ମଚାରୀ ବି ସାମିଲ ଥିବା ଆଲୋଚନା ହେଉଛି।

# ମାଓଗଡ଼ରେ ଦେଶୀ ବନ୍ଧୁକ କାରଖାନା

## ବିପୁଳ ପରିମାଣର ବନ୍ଧୁକ ତିଆରି ସାମଗ୍ରୀ ଜବତ, ଜଣେ ଗିରଫ

ଫିରିଙ୍ଗିଆ, ୪।୧୨ (ସମିସ): କନ୍ଧମାଳ ଜିଲ୍ଲା, ଗୋଚ୍ଛାପଡ଼ା ପୁଲିସକୁ ବଡ଼ ସଫଳତା ମିଳିଛି। ଫିରିଙ୍ଗିଆ ବ୍ଲକ୍ ଅଞ୍ଚଳରୁ ଏକ ଦେଶୀ ବନ୍ଧୁକ ତିଆରି କାରଖାନା ଠାବ କରିବା ସହ ବିପୁଳ ପରିମାଣର ବନ୍ଧୁକ ତିଆରି ସାମଗ୍ରୀ ଜବତ କରିଛି। ଜବତ ସାମଗ୍ରୀ ମଧ୍ୟରେ ଦେଶୀ ବନ୍ଧୁକ ତିଆରି ବିଭିନ୍ନ ସରଞ୍ଜାମ ସହ ଏକ ଦେଶୀ ପିସ୍ତଲ, କଟର୍ ଓ ୱେଲଡିଙ୍ଗ ମେସିନ ରହିଛି। ଏହି ଘଟଣାରେ ପୁଲିସ ଜଣେ ଯୁବକଙ୍କୁ ଗିରଫ କରିଛି। ସେ ହେଲା, ବାଞ୍ଛାନିଧି ବିଶ୍ୱାଣି। ୨୦୧୬ ମସିହାରେ ମଧ ବାଞ୍ଛାନିଧି ଏଭଳି ବନ୍ଧୁକ ତିଆରି ମାମଲାରେ ଗିରଫ ହୋଇ ଜେଲ ଯାଇଥିଲା। କନ୍ଧମାଳ ଏସ୍‌ପି ହରୀଶ ବିଶି ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏ ସମ୍ପର୍କରେ ବିସ୍ତୃତ ସୂଚନା ଦେଇଛନ୍ତି।




ସୂଚନାନୁସାରେ, ବୁଧବାର ଥାନାଧିକାରୀ ଚିରଞ୍ଜୀବ ବେହେରାଙ୍କ ନେତୃତ୍ୱରେ ଏକ ଟିମ୍ ପାଟ୍ରୋଲିଂ କରୁଥିବା ବେଳେ କଟ୍ରିଙ୍ଗିଆ ଅଞ୍ଚଳରେ ଏକ ବେଆଇନ ଦେଶୀ ବନ୍ଧୁକ ତିଆରି ଚାଲିଥିବା ସୂଚନା ମିଳିଥିଲା। ପୁଲିସ ଟିମ କଟ୍ରିଙ୍ଗିଆ ପଞ୍ଚାୟତ ପାଙ୍ଗାପାଜୁ ଗାଁରେ ଚାଲିଥିବା ଏହି ଦେଶୀ ବନ୍ଧୁକ କାରଖାନା ଉପରେ ଅତର୍କିତ ଚଢ଼ଉ କରିଥିଲା।

ଗୋଚ୍ଛାପଡ଼ା ଥାନା ଅଞ୍ଚଳ ମାଓପ୍ରବଣ ଏବଂ ଗଞ୍ଜେଇଚାଷଓମାଫିଆଙ୍କ ଚରାଭୂଇଁଭାବେ ପରିଚିତ। ଏଠାରୁ ବନ୍ଧୁକ ତିଆରି କାରଖାନା ଠାବ ହେବା ପରେ ପୁଲିସର ଚିନ୍ତା ବଢ଼ିଯାଇଛି। ଏହି କାରଖାନାରୁ କେତେ ଓ କାହାକୁ ବନ୍ଧୁକ ଚାଲାଣ କରାଯାଇଛି, ସେ ସଂପର୍କରେ ପୁଲିସ ଖୋଳତାଡ଼ ଚଳାଇଛି। ପ୍ରାଥମିକ ତଦନ୍ତରୁ ପୁଲିସ ଜାଣିବାକୁ ପାଇଛି ଯେ ବନ୍ଧୁକଗୁଡ଼ିକୁ ଶିକାରୀଙ୍କୁ ବିକ୍ରି କରାଯାଉଥିଲା। ଜଙ୍ଗଲରେ ପଶୁ ଶିକାର ପାଇଁ ଶିକାରୀମାନେ ଏଠାରୁ ବନ୍ଧୁକ କିଣୁଥିଲେ। ଏ ସଂକ୍ରାନ୍ତରେ ତଦନ୍ତ ଚାଲିଛି। ଖୁବ୍‌ଶୀଘ୍ର ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ କରାଯିବ ବୋଲି କନ୍ଧମାଳ ଏସ୍‌ପି ଶ୍ରୀ ବିଶି କହିଛନ୍ତି।

# ପୁଣି ଖସିଲା ତାପମାତ୍ରା

ଭୁବନେଶ୍ୱର,୪।୧୨(ସମିସ): ରାଜ୍ୟର ବିଭିନ୍ନ ସ୍ଥାନରେ ତାପମାତ୍ରା ହ୍ରାସ ଆରମ୍ଭ ହୋଇଛି। ଫଳରେ ଅନେକ ସ୍ଥାନରେ ପୁଣି ଶୀତ ଫେରିଛି। ମଙ୍ଗଳବାର ରାତିରେ ଜି ଉଦୟଗିରି, ଦାରିଙ୍ଗବାଡ଼ି, ଚିପିଲିମା, ଫୁଲବାଣୀ, ବୌଦ୍ଧ ଓ ସୋନପୁର ଭଳି ସ୍ଥାନର ରାତି ତାପମାତ୍ରା ଖସିଛି। ୨୪ ଘଣ୍ଟା ମଧ୍ୟରେ ଦିନକରେ ଜି. ଉଦୟଗିରିରେ ପାରଦ ପ୍ରାୟ ୫ ଡିଗ୍ରୀ କମିଛି। ଦାରିଙ୍ଗିବାଡ଼ିରେ ପ୍ରାୟ ୨.୫ ଡିଗ୍ରୀ, ଫୁଲବାଣୀରେ ୧.୫ ଡିଗ୍ରୀ, ଭୁବନେଶ୍ୱରରେ ୪ ଡିଗ୍ରୀ, କଟକରେ ୩ ଡିଗ୍ରୀ ଖସିଯାଇଛି। ଫଳରେ ଏହି ସବୁ ସ୍ଥାନରେ ପୂର୍ବାପେକ୍ଷା ଶୀତ ବଢ଼ିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆସନ୍ତା ୨ ଦିନ ମଧ୍ୟରେ ରାଜ୍ୟରେ ଆହୁରି ୨-୩ ଡିଗ୍ରୀ ପର୍ଯ୍ୟନ୍ତ ତାପମାତ୍ରା ହ୍ରାସ ପାଇବ। ଫଳରେ ଆହୁରି ଶୀତ ବଢ଼ିବାର ସମ୍ଭାବନା ରହିଛି।

ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ରର ନିର୍ଦ୍ଦେଶିକା, ମନୋରମା ମହାନ୍ତି କହିଛନ୍ତି, ରାଜ୍ୟରେ ଶୀତ ବଢ଼ିବା ସହ କୁହୁଡ଼ି ମଧ ବୃଦ୍ଧି ପାଇବ। ଆସନ୍ତା ୨ ଦିନ ଯାଏଁ କିଛି କିଛି ସ୍ଥାନରେ ଘନ କୁହୁଡିର ସମ୍ଭାବନା ଥିବା ବେଳେ ଆସନ୍ତା ୨୪ ଘଣ୍ଟାରେ କୋରାପୁଟ, ସୁନ୍ଦରଗଡ, ଝାରସୁଗୁଡା, କନ୍ଧମାଳ, ସୋନପୁର, ବଲାଙ୍ଗୀର ଓ କଳାହାଣ୍ଡି ଜିଲ୍ଲାରେ ଘନ କୁହୁଡି ପାଇଁ ୟେଲୋ ୱାର୍ଣ୍ଣିଂ ଜାରି ହୋଇଛି। ଆସନ୍ତା ୭ ଦିନ ଯାଏଁ ରାଜ୍ୟରେ କୌଣସି ପାଣିପାଗ ନିୟାମକ ସକ୍ରିୟ ନଥିବା ବେଳେ ଅଧିକାଂଶ ଜିଲ୍ଲାରେ ଶୁଖିଲା ପାଗ ରହିବା ନେଇ ସେ ସୂଚନା ଦେଇଛନ୍ତି। ସୂଚନା ଥାଉ କି ଗତ ୨୪ ଘଣ୍ଟାରେ ଦାରିଙ୍ଗବାଡ଼ିରେ ରାଜ୍ୟର ସର୍ବନିମ୍ନ ତାପମାତ୍ରା ୯ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି।

DSPL-392


# ଆମ ନନ୍ଦନକାନନ

NANDANKANAN
CONSERVE | EDUCATE | INSPIRE




### ମନମୁଗ୍ଧକର ପର୍ଯ୍ୟଟକ ସୁବିଧା

ପର୍ଯ୍ୟଟକଙ୍କ ସୁବିଧା ପାଇଁ ବହୁତଳ ଗାଡ଼ି ରହଣି ସ୍ଥଳ, ୪ଟି ବନ୍ୟପ୍ରାଣୀ ସଫାରି, ବ୍ୟାଟେରୀ ଚାଳିତ ଯାନ ସେବା, ଶିଶୁମାନଙ୍କ ପାଇଁ ବ୍ୟାଟେରୀ ଚାଳିତ ରେଳଗାଡ଼ି, ନୌକାବିହାର, ରଜୁପଥ ଓ ବିହଙ୍ଗ ସରଣୀ ଆଦି ରହିଛି।





### ସଂରକ୍ଷଣ ପ୍ରଜନନ କାର୍ଯ୍ୟକ୍ରମ

ନନ୍ଦନକାନନରେ ବିଶ୍ୱର ଏକମାତ୍ର ଭାରତୀୟ ବଜ୍ରକାପ୍ତା ସଂରକ୍ଷଣ ପ୍ରଜନନ କେନ୍ଦ୍ର ରହିଛି। ଏଥି ସହିତ ବାଘ, ଗୁରାଣ୍ଡି, ଲମ୍ବା ଥଣ୍ଟିଆ ଶାଗୁଣାମାନଙ୍କ ସଂରକ୍ଷଣ ପ୍ରଜନନ ମଧ୍ଯ ଜାରି ରହିଛି । ବିଲପମୁଖି ଘଡିଆଳ କୁମ୍ଭୀରର ବଂଶ ରକ୍ଷା ପାଇଁ ମହାନଦୀରେ ଘଡିଆଳ ପୁନରୁଦ୍ଧାର ପ୍ରକଳ୍ପ ଚାଲିଛି।



### ଆକର୍ଷଣୀୟ ଜନ୍ତୁ ସଂଗ୍ରହ

ନନ୍ଦନକାନନରେ ୧୭୬ ପ୍ରଜାତିର ମୋଟ ୪୦୯୮ଟି ଜୀବଜନ୍ତୁ ରହିଛନ୍ତି, ଯେଉଁଥିରେ ୧୧୫ ଭାରତୀୟ ଏବଂ ୬୧ ବିଦେଶୀ ପ୍ରଜାତିର ପ୍ରାଣୀ ଅଛନ୍ତି । ଏଥିରେ ୫୭ ପ୍ରଜାତିର ସ୍ତନ୍ୟପାୟୀ, ୮୨ ପ୍ରଜାତିର ପକ୍ଷୀ, ୩୧ ପ୍ରଜାତିର ସରୀସୃପ ଓ ୬ ପ୍ରଜାତିର ଉଭୟଚର ପ୍ରାଣୀ ଅଛନ୍ତି। ଭାରତୀୟ ଚିଡିଆଖାନାଙ୍କ ମଧ୍ୟରେ ନନ୍ଦନକାନନର ଜନ୍ତୁ ସଂଗ୍ରହ ସର୍ବାଧିକ।





### ଉନ୍ନତମାନର ବନ୍ୟପ୍ରାଣୀ ରକ୍ଷଣାବେକ୍ଷଣ

ନନ୍ଦନକାନନରେ ବନ୍ୟପ୍ରାଣୀଙ୍କ ଉନ୍ନତମାନର ରକ୍ଷଣାବେକ୍ଷଣ ପାଇଁ ଅତ୍ୟାଧୁନିକ ବନ୍ୟପ୍ରାଣୀ ଚିକିତ୍ସାଳୟ, ଭ୍ରାମ୍ୟମାଣ ପ୍ରାଣୀ ଚିକିତ୍ସା ସେବା, ବନ୍ୟପ୍ରାଣୀ ଶାବକ ପାଳନ କେନ୍ଦ୍ର ଉପଲବ୍ଧ ଅଛି। ବନ୍ୟପ୍ରାଣୀଙ୍କ ରୋଗନିରୁପଣ ଓ ଗବେଷଣା ପାଇଁ ସଂରକ୍ଷଣ, ଅନୁସନ୍ଧାନ ଓ ପ୍ରଶିକ୍ଷଣ କେନ୍ଦ୍ର କାର୍ଯ୍ୟ କରୁଛି।





### ସଂରକ୍ଷଣ ଶିକ୍ଷା କାର୍ଯ୍ୟକ୍ରମ

ନନ୍ଦନକାନନରେ ସଂରକ୍ଷଣ ଶିକ୍ଷା କାର୍ଯ୍ୟକ୍ରମ ଯଥା ପରିବେଶ ସମ୍ବନ୍ଧୀୟ ଦିବସ ପାଳନ, ପ୍ରାଣୀ ଉଦ୍ୟାନ ରାଷ୍ଟ୍ରଦୂତ କାର୍ଯ୍ୟକ୍ରମ, ଛାତ୍ରଛାତ୍ରୀଙ୍କ ପାଇଁ ନନ୍ଦନକାନନରେ ଗୋଟିଏ ଦିନ, ଗବେଷଣାତ୍ମକ ଶିକ୍ଷା କାର୍ଯ୍ୟକ୍ରମ, ବିଦ୍ୟାଳୟରେ ପ୍ରାଣୀ ଉଦ୍ୟାନ ସମ୍ବନ୍ଧୀୟ ଶିକ୍ଷା କାର୍ଯ୍ୟକ୍ରମ ଓ ବିଜ୍ଞାନରେ ନାଗରିକଙ୍କ ଯୋଗଦାନ ଆଦି କାର୍ଯ୍ୟକ୍ରମ ବନ୍ୟପ୍ରାଣୀ ସୁରକ୍ଷା ସଚେତନତା ପାଇଁ ଉପାଦେୟ ହେଉଅଛି।

OIPR-08070/13/0123/2526

# ଅନ୍‌ଲାଇନ୍ ଟ୍ରେଡିଂ ନାଁରେ ୩୦ ଲକ୍ଷ ଠକେଇ

ବ୍ରହ୍ମପୁର,୪।୧୨(ସମିସ): ଅନ୍‌ଲାଇନ ଟ୍ରେଡିଂ ନାଁରେ ୩୦ ଲକ୍ଷ ଟଙ୍କା ସାଇବର ଠକେଇ ହୋଇଛି। ବ୍ରହ୍ମପୁର ସିଦ୍ଧାର୍ଥନଗରରେ ରହୁଥିବା ଜଣେ ଯୁବକ ଏଭଳି ଠକେଇର ଶିକାର ହୋଇଛନ୍ତି। ଏ ନେଇ ଅଭିଯୋଗ ପରେ ବ୍ରହ୍ମପୁର ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଏକ ମାମଲା ରୁଜୁ ହୋଇଛି। ସୂଚନାପ୍ରକାରେ, ସିଦ୍ଧାର୍ଥନଗରର ଏହି ଯୁବକଙ୍କ ନିକଟକୁ କିଛି ଦିନ ତଳେ ଅନଲାଇନ ଟ୍ରେଡିଂ ନେଇ ଏକ ମେସେଜ ଆସିଥିଲା। ସେଥିରେ ଆସିଥିବା ଲିଙ୍କରେ କ୍ଲିକ କରିବା ପରେ ଯୁବକଙ୍କୁ ଏକ ଟେଲିଗ୍ରାମ ଚ୍ୟାନେଲରେ ଯୋଡି ଦିଆଯାଇଥିଲା। ସେଠାରେ ସେ କେଉଁଥିରେ ଇନଭେଷ୍ଟ କଲେ କେତେ ଲାଭ ହେବ ସେ ବିଷୟରେ ଜାଣିଥିଲେ। ସେମାନଙ୍କ କଥାରେ ପଡି ବ୍ରହ୍ମପୁରର ଯୁବକ ଜଣଙ୍କ ପ୍ରଥମେ ଅଳ୍ପ କିଛି ଟଙ୍କା ଇନ୍‌ଭେଷ୍ଟ କରିଥିଲେ। ଏହା ପରେ ସେ ୩୦ ଲକ୍ଷ ଟଙ୍କା ଇନ୍‌ଭେଷ୍ଟ କରି ଦେଇଥିଲେ। ହେଲେ ଯୁବକ ଜଣଙ୍କ ଯେତେବେଳେ ନିଜ ମୂଳ ଟଙ୍କା ଓ କମିଶନ ଉଠାଣ କରିବାକୁ ଚାହିଁଲେ ତାହା ସମ୍ଭବ ହୋଇ ନଥିଲା। ଏହାପରେ ସାଇବର ଠକମାନେ ସମସ୍ତ ଯୋଗାଯୋଗ ବନ୍ଦ କରି ଦେଇଥିଲେ। ସେ ସାଇବର ଠକେଇର ଶିକାର ହୋଇଥିବା ଜାଣିବା ପରେ ଥାନାକୁ ଯାଇ ଅଭିଯୋ କରିଥିଲେ।

# ଦୁର୍ଘଟଣାପ୍ରବଣ ସ୍ଥାନ ପରିଦର୍ଶନ କଲେ ଜିଲ୍ଲାପାଳ ଓ ଏସ୍‌ପି

ଛତ୍ରପୁର,୪।୧୨(ସମିସ):

ଛତ୍ରପୁରର ଡିଆର୍‌ଡିଏ ଛକ ଓ କଲେଜ ଛକ ଦୁର୍ଘଟଣାପ୍ରବଣ ଜୋନ୍ ପାଲଟିଛି। ଦୈନିକ ଏଠାରେ ଦୁର୍ଘଟଣା ଘଟି ଲୋକେ ମୃତାହତ ହେଉଛନ୍ତି। ଗୁରୁବାର ଡିଆର୍‌ଡିଏ ଛକ ନିକଟରେ ଦୁର୍ଘଟଣା ଘଟି ଜଣେ ମହିଳାଙ୍କ ମୃତ୍ୟୁ ହୋଇଥିଲା। ଦୀର୍ଘବର୍ଷ ହେଲା ଏହି ଦୁଇଟି ସ୍ଥାନରେ ଓଭରବ୍ରିଜ ନିର୍ମାଣ ପାଇଁ ଦାବି ହୋଇଆସୁଛି। ଉକ୍ତ ଦୁଇ ସ୍ଥାନ ଜନଗହଳି ପୂର୍ଣ୍ଣ ହୋଇଥିବାରୁ ଡିଆର୍‌ଡିଏ ଛକ ଓ କଲେଜ ଛକ ନିକଟରେ ଟ୍ରାଫିକ ବ୍ୟବସ୍ଥା ସହ ପୁଲିସ ମୁତୟନ ପାଇଁ କଂଗ୍ରେସ ନେତା ଭାଗିରଥୀ ବେହେରା ଦାବି କରିଛନ୍ତି। ଏହାସହ ଗ୍ରୀଡ୍ ଛକଠାରୁ ତାମ୍ପରା ପର୍ଯ୍ୟନ୍ତ ଗାଡ଼ିର ବେଗ ୨୦ରୁ ୨୫ କିମି ମଧ୍ୟରେ ରଖିବାକୁ




ଦାବି କରିବା ସହ ଏକ ସ୍ମାରକପତ୍ର ଗଞ୍ଜାମ ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି।

ଗୁରୁବାର ଅପରାହ୍ନରେ ଏହି ଦୁଇ ବ୍ଲାକ୍‌ସ୍ପଟ୍ ଅଞ୍ଚଳକୁ ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ, ଗଞ୍ଜାମ ଏସ୍‌ପି ଶୁଭେନ୍ଦୁ କୁମାର ପାତ୍ର ଓ ଗଞ୍ଜାମ ଆର୍‌ଟିଓ ଇ. ଦେବାଶିଷ ସ୍ୱାଇଁ ପରିଦର୍ଶନ କରିବା ସହ ସେଠାରେ ସମୀକ୍ଷା କରିଥିଲେ। ସେଠାରେ ଦୈନିକ ୨୪ରୁ ୧୬ ଘଣ୍ଟା ପୁଲିସ ମୁତୟନ ରହିବେ। ଅଧିକରୁ ଅଧିକ ବ୍ୟାରିକେଟିଂ, ବ୍ଲିଙ୍କର ସହ ଅନ୍ୟାନ୍ୟ ପଦକ୍ଷେପ ନିଆଯିବ। ଏହି ଦୁଇ ସ୍ଥାନରେ ଓଭର୍ ବ୍ରିଜ ଏନ୍‌ଏଚ୍‌ଏଆଇ ବିଭାଗ ନିର୍ମାଣ କରିବ ବୋଲି ଜିଲ୍ଲାପାଳ କହିଥିଲେ। ଏହି ଦୁଇ ସ୍ଥାନରେ ଦୁର୍ଘଟଣା କିପରି ହ୍ରାସ ପାଇବ ସେନେଇ ପୁଲିସ ମଧ୍ୟ ସଜାଗ ରହିବେ, ଲୋକଙ୍କ ସୁରକ୍ଷାକୁ ଅଧିକରୁ ଅଧିକ ପ୍ରାଧାନ୍ୟ ଦିଆଯାଉଛି ବୋଲି ଏସ୍‌ପି କହିଥିଲେ। ପରିଦର୍ଶନ ବେଳେ ଛତ୍ରପୁର ଏସଡିପିଓ ଚନ୍ଦନ ଘଡ଼େଇଙ୍କ ସମେତ ପୁଲିସ କର୍ମଚାରୀମାନେ ଉପସ୍ଥିତ ଥିଲେ।

ସୂଚନାଯୋଗ୍ୟ ଜିଲ୍ଲାରେ ୨୦୨୪ରେ ଜାନୁଆରୀରୁ ଅକ୍ଟୋବର ମଧ୍ୟରେ ୬୮୪ଟି ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୩୧୭ ଜଣଙ୍କ ମୃତ୍ୟୁ ହୋଇଥିବା ବେଳେ ୪୬୮ ଜଣ ଆହତ ହୋଇଥିଲେ। ସେହି ତୁଳନାରେ ୨୦୨୫ରେ ୭୪୪ଟି ଦୁର୍ଘଟଣା ଘଟି ୩୭୨ ଜଣଙ୍କ ମୃତ୍ୟୁ ଓ ୪୯୮ ଜଣ ଆହତ ହୋଇଥିବା ପରିବହନ ବିଭାଗ ପକ୍ଷରୁ ସୂଚନା ମିଳିଛି। ଯାହାକି ୯ ପ୍ରତିଶତ ଦୁର୍ଘଟଣା ହାର ବଢି ଥିବା ବେଳେ ୧୭ ପ୍ରତିଶତ ମୃତ୍ୟୁ ହାର ମଧ୍ୟ ବୃଦ୍ଧି ପାଇଛି।

● ମର୍ମନ୍ତୁଦ ସଡ଼କ ଦୁର୍ଘଟଣା

# ବାପା ଆଖି ଆଗରେ ଚାଲିଗଲା ଝିଅର ଜୀବନ

ଛତ୍ରପୁର,୪।୧୨(ସମିସ): ବାପା ଆଖି ଆଗରେ ଚାଲିଗଲା ଝିଅର ଜୀବନ। ପୁଣି ଛତ୍ରପୁର ଥାନା ଅଧିନ ଜାତୀୟ ରାଜପଥ ଡିଆରଡିଏ ଛକ ନିକଟରେ ସଡକ ଦୁର୍ଘଟଣାରେ ଜଣେ ମହିଳାଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ବ୍ରହ୍ମପୁର ବଡବଜାର ଥାନା ଅଞ୍ଚଳର ଏମ.ବାସୁଦେଓ ରାଓଙ୍କ ଝିଅ ଜେ.ସ୍ୱାତୀ।

ସୂଚନା ଥାଉକି ଜେ. ସ୍ୱାତୀ ତାଙ୍କ ବାପାଙ୍କ ସହ ଛତ୍ରପୁର ଆରଟିଓ କାର୍ଯ୍ୟାଳୟକୁ ଗାଡି ଲାଇସେନ୍ସ ପାଇଁ ଆସିଥିଲେ। ପରେ ଦୁହେଁ ନିଜ ଘରକୁ ଫେରୁଥିବା ବେଳେ ଡିଆରଡିଏ ଛକ ନିକଟରେ ସ୍କୁଟିକୁ ଧକ୍କା ଦେଇଥିଲା ଏକ ଟ୍ରକ। ଏପରିକି ଟ୍ରକଟି ସ୍ୱାତୀଙ୍କ ଉପରେ ଚଢ଼ି ଯାଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କ ମୃତ୍ୟୁ ହୋଇଥିବା ବେଳେ ବାପା ଅଳ୍ପକେ ବର୍ତ୍ତି ଯାଇଥିଲେ। ଦୁର୍ଘଟଣା ଘଟାଇଥିବା ଗାଡିକୁ ପୁଲିସ ଜବତ କରିବା ସହ ଟ୍ରକ ଚାଳକକୁ ଅଟକ ରଖିଛି। ଏନେଇ ଥାନାରେ ମାମଲା ରୁଜୁ ହେବା ସହ ଶବ ବ୍ୟବଚ୍ଛେଦ ପରେ ପରିବାରକୁ ହସ୍ତାନ୍ତର କରାଯାଇଥିଲା। ସୂଚନା ଥାଉକି ସ୍ୱାତୀ ଢେଙ୍କାନାଳ ଅଞ୍ଚଳର ଜେ. ଉମାକାନ୍ତଙ୍କ ବିବାହ କରିଥିଲେ। ସେମାନେ ହାଇଦ୍ରାବାଦ ରହୁଥିବା ବେଳେ ସ୍ୱାତୀ କିଛିଦିନ ତଳେ ଗାଡ଼ି ଲାଇସେନ୍ସ କରିବା ପାଇଁ ବାପ ଘରକୁ ଆସିଥିଲେ। ଗୁରୁବାର ଗାଡ଼ି ଲାଇସେନ୍ସ କାର୍ଯ୍ୟ ଛତ୍ରପୁର କାର୍ଯ୍ୟାଳୟରେ ସାରି ଘରକୁ ଫେରୁଥିବା ବେଳେ ଏହି ସଡ଼କ ଦୁର୍ଘଟଣା ଘଟିଥିଲା।

# ବ୍ରହ୍ମପୁର-ବାଲିଗୁଡ଼ା ପୁନଃ ବସ୍ ଚଳାଚଳ ଦାବି

ଧରାକୋଟ,୪।୧୨(ସମିସ): ବ୍ରହ୍ମପୁର ଠାରୁ ବାଲିଗୁଡା ଯାଉଥିବା ସରକାରୀ ବସ ଚଳାଚଳ ଦୀର୍ଘ ଏକ ସପ୍ତାହ ହେଲା ଅଚାନକ ବନ୍ଦ ହୋଇଯାଇଥିବା ଯୋଗୁ ଯାତ୍ରୀମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ବଢିବାରେ ଲାଗିଛି। ଯାତ୍ରୀ ମାନଙ୍କ ସୁବିଧାରେ ଯାତାୟାତ ପାଇଁ ସରକାରଙ୍କ ତରଫରୁ ବ୍ରହ୍ମପୁର ନୂଆ ବସଷ୍ଟାଣ୍ଡ ଠାରୁ ସକାଳ ୫.୩୦ରେ ଯାତ୍ରା ଆରମ୍ଭ କରି ରାଜ୍ୟ ପରିବହନ ନିଗମର ଏକ ବସ ଆସିକା, ଧରାକୋଟ, ସୋରଡା, ଦାରିଂବାଡି ଦେଇ ବାଲିଗୁଡା ପହଞ୍ଚୁଥିଲା। ଠିକ ସେହିପରି ସେଠାରୁ ମଧ୍ୟାହ୍ନ ସମୟରେ ବାହାରି ସନ୍ଧ୍ୟାରେ ବ୍ରହ୍ମପୁରରେ ପହଞ୍ଚୁଥିଲା। ସମୟ ସାରଣୀ ଠିକ ରହିଥିବାରୁ ବିଭିନ୍ନ ସରକାରୀ କାର୍ଯ୍ୟାଳୟର କର୍ମଚାରୀ ମାନଙ୍କ ସହ ସାଧାରଣ ଯାତ୍ରୀ ମାନେ ମଧ୍ୟ ଏହି ବସରେ ଆରାମଦାୟକ ଭାବରେ ଯାତ୍ରା କରୁଥିଲେ। ତେବେ ଅଚାନକ ଏହି ବସ ଚଳାଚଳ ବନ୍ଦ କରିଦିଆଯିବା ଯୋଗୁ ସାଧାରଣ ଯାତ୍ରୀ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହାର ସୁଯୋଗ ନେଇ ଘରୋଇ ବସ ଗୁଡ଼ିକ ଅଧିକ ଭଡ଼ା ନେବାସହ ଯାତ୍ରା ପାଇଁ ଅଧିକ ସମୟ ମଧ୍ୟ ନେଉଛନ୍ତି। ଯାହାକୁ ନେଇ ଦିନକୁ ଦିନ ଅସନ୍ତୋଷ ବଢିବାରେ ଲାଗିଛି। ଏଠାରେ ପ୍ରଶ୍ନ ଉଠୁଛି କାହା ସ୍ୱାର୍ଥରେ ଏହି ବସ ସେବା ବନ୍ଦ ରହିଛି? ସରକାର ଯାତ୍ରୀ ମାନଙ୍କ ସୁରକ୍ଷା ଓ ନିରାପତ୍ତା ପାଇଁ ସର୍ବଦା ଚେଷ୍ଟିତ ଥିବା ବେଳେ ହଠାତ ଏହି ବସ ଚଳାଚଳ ବନ୍ଦ ରହିବା ଯୋଗୁଁ ଘରୋଇ ବସ ଗୁଡ଼ିକର ମନମାନି ବଢ଼ିଯିବାରୁ ଯାତ୍ରୀ ମାନେ ନିଜ ଯାତ୍ରା ସମୟରେ ନିରାପଦ ମଣୁ ନାହାନ୍ତି। ଘଟଣା ସମ୍ପର୍କରେ ଜିଲ୍ଲା ପରିବହନ ପରିଚାଳକଙ୍କ ସହ ଯୋଗାଯୋଗ ବେଳେ ଗାଡ଼ିର ଯାନ୍ତ୍ରିକ ତ୍ରୁଟି ରହିଛି, ଯେହେତୁ ଘାଟି ରାସ୍ତାରେ ଗାଡି ଯାତାୟାତ କରୁଛି ଏଣୁ ଯାତ୍ରୀ ମାନଙ୍କ ନିରାପତ୍ତା ଓ ସୁବିଧାରେ ଗମନାଗମନ ପାଇଁ ଗାଡି କାମ ଚାଲିଥିବାରୁ ଏହାକୁ ବନ୍ଦ ରଖାଯାଇଛି ଓ ଶୀଘ୍ର ଚଳାଚଳ କରିବ ବୋଲି ପ୍ରକାଶ କରିଛନ୍ତି।

# ଘର ଆଗରୁ ବାଇକ୍ ଚୋରି


ଦିଗପହଣ୍ଡି,୪।୧୨(ସମିସ): ଦିଗପହଣ୍ଡି ଏନ୍‌ଏସିର ୧୦ ନମ୍ବର ୱାର୍ଡ ଅନ୍ତର୍ଗତ ବସ୍‌ଷ୍ଟାଣ୍ଡ ନିକଟ ରାଜନଗର ମେନ୍‌ରୋଡ଼ ବାସିନ୍ଦା ଜିତୁ ପଣ୍ଡା ଗତ ୧ ତାରିଖ ରାତିରେ ନିଜ ଘର ବାରଣ୍ଡାରେ ରଖିଥିବା ପଲ୍‌ସର ବାଇକ୍ ଚୋରି ହୋଇଥିବା ଅଭିଯୋଗ କରିଛନ୍ତି। ସେ ବ୍ରହ୍ମପୁରରେ ଏକ ଭୋଜି ଉତ୍ସବରେ ଯୋଗ ଦେଇ ସାଙ୍ଗ ଜିତୁ ବିଷୋୟୀଙ୍କ ପଲସର ବାଇକ୍ (ଓଡି୦୭ ଏଜେ ୫୩୨୫) ଧରି ଘରକୁ ଫେରିଥିଲେ। ରାତିରେ ବାଇକ୍ ରଖି ଶୋଇଥିବା ବେଳେ ସକାଳୁ ତାହା ଚୋରି ହୋଇଥିବା ଜାଣି ଥାନାରେ ଏତଲା ଦେଇଥିଲେ।

# ବିଦ୍ୟୁତ୍ ଆଘାତରେ ବୃଦ୍ଧ ମୃତ

ଖଲ୍ଲିକୋଟ,୪।୧୨(ସମିସ): ଖଲ୍ଲିକୋଟ ଥାନା ଅନ୍ତର୍ଗତ ଗୋପପୁର ଗାଁରେ ବିଦ୍ୟୁତ୍ ଆଘାତରେ ଜଣେ ବୃଦ୍ଧଙ୍କ ମୃତ୍ୟୁ ଘଟିଛି। ଗୁରୁବାର ଅପରାହ୍ନ ପ୍ରାୟ ୪ଟା ସମୟରେ ଗୋପପୁର ଗ୍ରାମର ବିଦ୍ୟାଧର ଗୋଛାୟତ (୫୫) ନିଜ ଘରେ କାମ କରୁଥିବା ସମୟରେ ଅସାବଧାନତା ବଶତଃ ବିଦ୍ୟୁତ୍ ତାରରେ ଲାଗି ଯାଇଥିଲେ। ତାଙ୍କ ବୋହୂ ତାଙ୍କୁ ଉଦ୍ଧାର କରିବା ସମୟରେ ସେ ମଧ୍ୟ ବିଦ୍ୟୁତ୍ ସଂସ୍ପର୍ଶରେ ଆସି ଯାଇଥିଲେ। କିନ୍ତୁ ବୋହୂ ସାମାନ୍ୟ ଆହତ ହୋଇଥିବା ବେଳେ ଶଶୁର ବିଦ୍ୟାଧର ଗୁରୁତର ହୋଇଥିଲେ। ତାଙ୍କୁ ଖଲ୍ଲିକୋଟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ମେଡିକାଲରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

# ଜବରଦଖଲ ଉଚ୍ଛେଦ ବେଳେ ଉତ୍ତେଜନା

ଦିଗପହଣ୍ଡି,୪।୧୨(ସମିସ): ଦିଗପହଣ୍ଡି ସହରରେ ପ୍ରଶାସନ ପକ୍ଷରୁ ଗୁରୁବାର ଜବରଦଖଲ ଉଚ୍ଛେଦ ପ୍ରକ୍ରିୟା ଆରମ୍ଭ କରାଯାଇଛି। ମୁଖ୍ୟରାସ୍ତାର ଉଭୟ ପାଶ୍ୱର୍ରେ ଥିବା ଡ୍ରେନ ଓ ରାସ୍ତାକୁ କିଛି ବ୍ୟକ୍ତି ବହୁବର୍ଷ ହେଲା ଜବରଦଖଲ କରି ବାରଣ୍ଡା ଓ ସିଡି ନିର୍ମାଣ କରିଥିଲେ। ପୂର୍ବରୁ ଏନେଇ ଏନଏସି ପ୍ରଶାସନ ପକ୍ଷରୁ ସେମାନଙ୍କୁ ନୋଟିସ ଦିଆଯାଇଥିଲା। ସହରର ବସଷ୍ଟାଣ୍ଡ ଠାରୁ ଆରମ୍ଭ କରି ପୁଞ୍ଜିକୟାଁ ଛକର ଆସିକା, ଚିକିଟି ଏବଂ ପୋଡାମାରି ରାସ୍ତାର ଉଭୟ ପାଶ୍ୱର୍ର ଡ୍ରେନ ଉପରେ କିଛି ବ୍ୟବସାୟୀ, ବାସିନ୍ଦା କଂକ୍ରିଟ ପକାଇ ଜବରଦଖଲ କରିଥିଲେ। ଫଳରେ ରାସ୍ତା ସଂକୀର୍ଣ୍ଣ ହୋଇ ବିଭିନ୍ନ ସମୟରେ ଟ୍ରାଫିକ ସମସ୍ୟା ଉପୁଜୁଥିଲା। ଗୁରୁବାର ଦିଗପହଣ୍ଡି ଅତିରିକ୍ତ ତହସିଲଦାର ତଥା ଏକଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ ଆଶିଷ କୁମାର ନାୟକ, ଏନଏସି କାର୍ଯ୍ୟ ନିର୍ବାହୀ ଅଧିକାରୀ ଅବିନାଶ ମିଶ୍ର, ଭାରପ୍ରାପ୍ତ ଥାନା ଆଇଆଇସି ତଥା ଡିଏସପି ପ୍ରଶାନ୍ତ କୁମାର ପାତ୍ର, ଏନଫୋର୍ସମେଣ୍ଟ ସ୍କ୍ୱାର୍ଡ ଏବଂ ପୁଲିସ ଫୋର୍ସଙ୍କ ଉପସ୍ଥିତିରେ ଜବରଦଖଲ ଉଚ୍ଛେଦ ଆରମ୍ଭ କରାଯାଇଥିବା ବେଳେ ଏନେଇ ଚାପା ଉତ୍ତେଜନା ପ୍ରକାଶ ପାଇଥିଲା।




# ରଷିକୁଲ୍ୟା ମୁହାଁଣରୁ ଦୁଇଟି ଟ୍ରଲର ଜବତ

ଗଞ୍ଜାମ,୪।୧୨(ସମିସ): ରଷିକୁଲ୍ୟା ମୁହାଁଣରେ ସାମୁଦ୍ରିକ କଇଁଛ ଅଲିଭ ରିଡଲେଙ୍କ ବର୍ତ୍ତମାନ ମିଳନ ପ୍ରକ୍ରିୟା ଚାଲିଥିବା ବେଳେ ଏହାକୁ ନୋ ଫିସିଂ ଜୋନ୍ ଘୋଷଣା କରାଯାଇଛି। ଗୁରବାର ବନବିଭାଗ ପକ୍ଷରୁ ଦୁଇଟି ଆନ୍ଧ୍ର ଟ୍ରଲର ମାଛ ମାରୁଥିବାବେଳେ ଜବତ କରାଯାଇଛି। ଗତ ନଭେମ୍ବର ପହିଲାରୁ ରଷିକୁଲ୍ୟା ମୁହାଁଣରେ ଅଲିଭ ରିଡଲେ ସୁରକ୍ଷାକୁ ନେଇ ନୋ ଫିସିଙ୍ଗ ଜୋନ ଘୋଷଣା କରାଯାଇଥିବା ବେଳେ ଗୁରୁବାର ପୂର୍ବାହ୍ନରେ ବନ ବିଭାଗ ତରଫରୁ ଏକ ଟିମ ସ୍ପିଡ୍ ବୋଟରେ ସମୁଦ୍ର ମଧ୍ୟରେ ପାଟ୍ରୋଲିଂରେ ଯାଇଥିବା ବେଳେ ରଷିକୁଲ୍ୟା ମୁହାଁଣ ନୋ-ଫିସଙ୍ଗ ଜୋନରେ ଦୁଇଟି ଆନ୍ଧ୍ର ଟ୍ରଲର ମାଛ ମରିବା ପାଇଁ ଜାଲ ବିଛାଇ ଥିଲେ। ଏତିକିବେଳେ ପାଟ୍ରୋଲିଂ ଟିମ ଦୁଇଟି ଟ୍ରଲରକୁ ଘେରି ଯାଇଥିଲେ। ଟ୍ରଲର ଦୁଇଟିକୁ କୂଳ ନିକଟକୁ ନେଇ ଆସିଥିବା ବେଳେ ସେଥିରେ ରହିଥିବା ମତ୍ସ୍ୟଜୀବୀ ମାନଙ୍କୁ ଅଟକ ରଖାଯାଇ ତଦନ୍ତ କରାଯାଉଥିବା ଜଣାପଡିଛି।

# ଚିନିଶିଳ୍ପ କର୍ତ୍ତୃପକ୍ଷଙ୍କ ନିଷ୍ପତ୍ତି; ବଢ଼ିବ ଆଖୁ ଦର

ଆସିକା,୪।୧୧(ସମିସ): ଆସିକା ଚିନିଶିଳ୍ପ କୃଷକ ଭବନ ପରିସରରେ ଗୁରୁବାର ଚିନିଶିଳ୍ପ କର୍ତ୍ତୃପକ୍ଷ, ନିର୍ଦ୍ଦେଶକ ଓ ଆଖୁ ଚାଷୀ କମିଟି ମାନଙ୍କ ମିଳିତରେ ୨୦୨୬-୨୭ ବର୍ଷ ପାଇଁ ଆଖୁଦର ଟନ୍ ପିଛା ୪ହଜାର ଟଙ୍କାକୁ ବୃଦ୍ଧି ନେଇ ଆଲୋଚନା ହୋଇଥିଲା। ପୂର୍ବବର୍ଷ ଟନ ପିଛା ୩,୭୦୦ ଟଙ୍କା ଥିବା ବେଳେ ଆଗାମୀ ଆଖୁ ପେଡ଼ା ଋତୁରେ ଟନ୍ ପିଛା ୫ଶହ ଟଙ୍କା ବୃଦ୍ଧି କରାଯିବାକୁ ନିଷ୍ପତି ହୋଇଛି। ଚଳିତ ଆଖୁପେଡ଼ା ଋତୁରେ ଯଦି ୬୦ ହଜାର ଟଙ୍କା ମେଟ୍ରିକ ଟନ୍ ଆଖୁ ପେଡ଼ା ହୁଏ ତେବେ ଆଖୁ ଚାଷୀଙ୍କୁ ୨୦୨୬-୨୭ ବର୍ଷରେ ୪,୫୦୦ ଟଙ୍କା ବୃଦ୍ଧି କରାଯିବ ବୋଲି ନିଷ୍ପତି ହୋଇଛି।



ଚିନିଶିଳ୍ପ ସଭାପତି ରବୀନ୍ଦ୍ର କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମଞ୍ଚାସିନ ଥିଲେ ଚିନିକଳ ପରିଚାଳନା ନିର୍ଦ୍ଦେଶକ ସୁଶାନ୍ତ କୁମାର ପଣ୍ଡା, ଚିନି ଶିଳ୍ପର ଡାଇରେକ୍ଟର, ଚାଷୀନେତା ତଥା ଆଖୁଚାଷୀ ସଂଘର ବିଭିନ୍ନ ପଦପଦବୀରେ ଥିବା ସମୀର ପ୍ରଧାନ, ପୂର୍ଣ୍ଣଚନ୍ଦ୍ର ବରାଡ଼, ନାରାୟଣ ଜେନା, ବସନ୍ତ ଦଳେଇ ଚାଷୀ ନେତା ଲଳିତ ଦାସ, ଶତ୍ରୁଘ୍ନ ସ୍ୱାଇଁ, ସରିତ ପ୍ରଧାନ ଏବଂ ବସନ୍ତ ପ୍ରଧାନଙ୍କ ସମେତ ବହୁ ଡାଇରେକ୍ଟର ମାନେ ଉପସ୍ଥିତ ଥିଲେ।

# ୧୮ରୁ କୃଷି ଯନ୍ତ୍ରପାତି ମେଳା



ଭଞ୍ଜନଗର,୪।୧୨(ସମିସ): ଚଳିତ ମାସ ୧୮ ତାରିଖ ଗୁରୁବାର ଭଞ୍ଜନଗର ଉପେନ୍ଦ୍ର ଭଞ୍ଜ ଷ୍ଟାଡ଼ିୟମ (ଜେଲ୍ ପଡ଼ିଆ) ପରିସରରେ ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ଅନୁଷ୍ଠିତ ହେବ। ଏହା ୨୦ ତାରିଖ ପର୍ଯ୍ୟନ୍ତ ଚାଲିବ।ଏନେଇ ଭଞ୍ଜନଗର କୃଷି କାର୍ଯ୍ୟାଳୟରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଉପଜିଲ୍ଲାପାଳ ଉମା ଶଙ୍କର ବେହେରାଙ୍କ ଅଧ୍ୟକ୍ଷତାରେ ହେବାକୁ ଥିବା ଯନ୍ତ୍ରପାତି ମେଳାରେ ରାଜ୍ୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକଙ୍କ ସମେତ କନ୍ଧମାଳ ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ, ଆସିକା ସାଂସଦ ଅନିତା ଶୁଭଦର୍ଶିନୀ, ଆସିକା ବିଧାୟକ ସରୋଜ କୁମାର ପାଢ଼ୀ, ଭଞ୍ଜନଗର ବିଧାୟକ ପ୍ରଦ୍ୟୁମ୍ନ କୁମାର ନାୟକ, ସାନଖେମୁଣ୍ଡି ବିଧାୟକ ରମେଶ ଚନ୍ଦ୍ର ଜେନା, ସୋରଡ଼ା ବିଧାୟକ ନୀଳମଣି ବିଷୋୟୀ, କବିସୂର୍ଯ୍ୟନଗର ବିଧାୟକ ପ୍ରତାପ ଚନ୍ଦ୍ର ନାୟକ ପ୍ରମୁଖ ଅତିଥି ଭାବେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ତିନି ଦିନ ଧରି ହେବାକୁ ଥିବା ଏହି ମେଳାରେ ଟ୍ରାକ୍ଟର, ପାୱାରଟିଲର, ଧାନ ଅମଳ, ଧାନ ରୁଆ, ମଞ୍ଜି ସଫା ଭଳି ବିଭିନ୍ନ କୃଷି ଯନ୍ତ୍ରପାତି ରିହାତି ଦରରେ ବିକ୍ରି ହେବା ସହ ପ୍ରଦର୍ଶନ କରାଯିବ।

# ସରକାରୀ ଅର୍ଥ ହେର୍‌ଫେର୍ ଅଭିଯୋଗରେ ପିଇଓ ଗିରଫ

ଭଞ୍ଜନଗର,୪।୧୨(ସମିସ): ସରକାରୀ ଅର୍ଥ ତୋଷାରପାତ ଅଭିଯୋଗରେ ଛନ୍ଦି ହୋଇ ଶେଷରେ ବନ୍ଧା ହେଲେ ପଞ୍ଚାୟତ କାର୍ଯ୍ୟ ନିର୍ବାହୀ ଅଧିକାରୀ (ପିଇଓ)। ଏଭଳି ଏକ ଘଟଣା ଗଞ୍ଜାମ ଜିଲ୍ଲା ଭଞ୍ଜନଗର ବ୍ଲକର ବ୍ରାହ୍ମଣ ପଦର ପଞ୍ଚାୟତରେ ଦେଖିବାକୁ ମିଳିଛି। ବିଡିଓଙ୍କ ଅଭିଯୋଗ ଆଧାରରେ ଶେଷରେ ତାରାସିଂ ପୁଲିସ ଅଭିଯୁକ୍ତ ପିଇଓ ବୀରେନ୍ଦ୍ର କୁମାର ଶାସ୍ତ୍ରୀଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିବା ଥାନା ଅଧିକାରୀ ଶୁଭଲକ୍ଷ୍ମୀ ପୂଜାରୀ ସୂଚନା ଦେଇଛନ୍ତି। ତାରାସିଂ ଥାନା ଅଧିକାରୀ ପୂଜାରୀଙ୍କ ସୂଚନାପ୍ରକାରେ ଭଞ୍ଜନଗର ବିଡିଓ ଭାରତୀ ଦେବୀ ଗତ ୧୬ ନଭେମ୍ବର ୨୦୨୫ରେ ବ୍ଲକର ବ୍ରାହ୍ମଣ ପଦର ପଞ୍ଚାୟତର ପିଇଓ ବିରେନ୍ଦ୍ର କୁମାର ଶାସ୍ତ୍ରୀଙ୍କ ବିରୁଦ୍ଧରେ ଏକ ଲିଖିତ ଏତଲା ଦେଇଥିଲେ। ଏଥିରେ ପିଇଓ ଶାସ୍ତ୍ରୀ ମୋଟ ୬ ଲକ୍ଷ ୭୦ ହଜାର ଟଙ୍କା ପଞ୍ଚାୟତ ଆକାଉଣ୍ଟରୁ ଉଠାଇଥିଲେ ମଧ୍ୟ ତାର ହିସାବ ବିଡିଓଙ୍କୁ ସୂଚିତ କରୁନଥିଲେ। ଏଥିପାଇଁ ବହୁବାର ତାଙ୍କୁ ବ୍ଲକ ପକ୍ଷରୁ ନୋଟିସ କରାଯାଇଥିଲେ ମଧ୍ୟ ସେ ଉତ୍ତର ଦେଉନଥିଲେ। ଫଳରେ ବିଡିଓ ଭାରତୀ ଦେବୀ ଶେଷରେ ଜିଲ୍ଲାପାଳଙ୍କ ଦୃଷ୍ଟିକୁ ଏକଥା ଆଣିବା ପରେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ପିଇଓ ଶାସ୍ତ୍ରୀଙ୍କ ନାମରେ ତାରାସିଂ ଥାନାରେ ଲିଖିତ ଏତଲା ଦେଇଥିଲେ। ତାରାସିଂ ଥାନା ଅଧିକାରୀ ଶୁଭଲକ୍ଷ୍ମୀ ପୂଜାରୀ ଶେଷରେ ଅଭିଯୁକ୍ତ ପିଇଓ ବୀରେନ୍ଦ୍ର କୁମାର ଶାସ୍ତ୍ରୀଙ୍କ ନାମରେ ମାମଲା ରୁଜୁ କରି ଗିରଫ କରିବା ସହ ଗୁରୁବାର କୋର୍ଟ ଚାଲାଣ କରିଛନ୍ତି। ଏନେଇ ଭଞ୍ଜନଗର ବିଡିଓ ଭାରତୀ ଦେବୀଙ୍କ ସୂଚନା ହେଲା ପିଇଓ ବିରେନ୍ଦ୍ର କୁମାର ଶାସ୍ତ୍ରୀ ଦୀର୍ଘ ଦିନ ଧରି ପଞ୍ଚାୟତର ପିଡିଏସ ଆକାଉଣ୍ଟରୁ ୩.୧୦ ଲକ୍ଷ ଟଙ୍କା ଓ ଓଏପି ଫଣ୍ଡରୁ ୩.୬୦ ଲକ୍ଷ ଟଙ୍କା ଉଠାଇଥିଲେ ମଧ୍ୟ ତାର ହିସାବ ନଦେବାରୁ ଶେଷରେ ବାଧହୋଇ ସେ ଥାନାରେ ଏତଲା ଦେଇଥିଲେ।

# ଦୁଷ୍କର୍ମ ଉଦ୍ୟମ ଅଭିଯୁକ୍ତଙ୍କୁ ଆକ୍ରମଣ ଘଟଣା; ୨ ଗିରଫ

ଦିଗପହଣ୍ଡି,୪।୧୨(ସମିସ): ଦିଗପହଣ୍ଡି ବ୍ଲକ ତାଳପଡ଼ା ଗ୍ରାମର ନୀଳମଣି ପାଇକଙ୍କୁ ପୁଲିସ ଗିରଫ କରି ଗୁରୁବାର କୋର୍ଟଚାଲାଣ କରିଛନ୍ତି। ଗତ ନଭେମ୍ବର ୧୦ ସନ୍ଧ୍ୟାରେ ସେହି ଅଞ୍ଚଳର ଜଣେ ନାବାଳିକା ଘର ବାରିପଟକୁ ଶୌଚ ପାଇଁ ଯାଇଥିବା ବେଳେ ଗ୍ରାମର ରଞ୍ଜିତ କୁମାର ପାଇକ ତାଙ୍କୁ ଟଣାଓଟରା ସହ ଦୁଷ୍କର୍ମ ଉଦ୍ୟମ କରିଥିଲେ। ନାବାଳିକାଙ୍କ ପାଟି ଶୁଣି ତାଙ୍କ ମା' ଘଟଣାସ୍ଥଳକୁ ଦୌଡ଼ି ଯାଇ ଝିଅକୁ ଉଦ୍ଧାର କରିଥିଲେ। ରଞ୍ଜିତ ସେଠାରୁ ଦୌଡ଼ି ପଳାଇଥିଲେ। ନାବାଳିକାଙ୍କ ଘରେ କେହି ପୁରୁଷ ଲୋକ ନଥିବାରୁ ତାଙ୍କ ମା' ଅନ୍ୟଘରେ ରହୁଥିବା ସମ୍ପର୍କୀୟ ଶ୍ୱଶୁର ହରିଶ୍ଚନ୍ଦ୍ର ପାଇକ ଓ ଦିଅର ନୀଳମଣିଙ୍କୁ ସମସ୍ତ ଘଟଣା କହିଥିଲେ। ସେମାନେ ଯାଇ ରଞ୍ଜିତଙ୍କୁ ପଚାରିବାରୁ ସେ ଉଭୟଙ୍କୁ ଗାଳି କରିଥିଲେ। ଏଥିରେ ଉତ୍ତେଜିତ ହୋଇ ଅଭିଯୁକ୍ତ ନୀଳମଣି ଓ ହରିଶ୍ଚନ୍ଦ୍ର ତାଙ୍କୁ ଠେଙ୍ଗାରେ ଆକ୍ରମଣ କରିଥିଲେ। ଘଟଣା ପରଦିନ ନାବାଳିକାଙ୍କ ମା' ଦିଗପହଣ୍ଡି ଥାନାରେ ଏତଲା ଦେଇଥିଲେ। ଭାରପ୍ରାପ୍ତ ଆଇଆଇସି ତଥା ଡିଏସପି ପ୍ରଶାନ୍ତ କୁମାର ପାତ୍ର ଅଭିଯୁକ୍ତ ରଞ୍ଜିତଙ୍କ ବିରୋଧରେ ମକଦ୍ଦମା ରୁଜୁ କରିଥିଲେ। ସେହିପରି ବ୍ରହ୍ମପୁର ବଡ ଡାକ୍ତରଖାନାରେ ପୀଡ଼ିତାଙ୍କ ଡାକ୍ତରୀ ମାଇନା କରାଯିବା ସହ ମାଜିଷ୍ଟ୍ରେଟଙ୍କ ସମ୍ମୁଖରେ ବୟାନ ରେକର୍ଡ କରାଯାଇଥିଲା। ଘଟଣାର ଦୁଇଦିନ ପରେ ଆକ୍ରମଣରେ ଗୁରୁତର ଆହତ ରଞ୍ଜିତଙ୍କ ଭାଇ ବିଚିତ୍ରାନନ୍ଦ ପାଇକ ଥାନାରେ ଏତଲା ଦେଇଥିଲେ। ଏତଲାକୁ ଭିତ୍ତିକରି ଅଭିଯୁକ୍ତ ହରିଶ୍ଚନ୍ଦ୍ର ଏବଂ ନୀଳମଣି ବାପ ପୁଅ ଦ୍ୱୟଙ୍କ ବିରୋଧରେ ପୁଲିସ ମକଦ୍ଦମା ରୁଜୁ କରି ତଦନ୍ତ ଚଳାଇଥିଲେ। ଆକ୍ରମଣ ମାମଲାରେ ଅଭିଯୁକ୍ତ ନୀଳମଣିଙ୍କୁ ତଦନ୍ତକାରୀ ଅଧିକାରୀ ଏସ୍‌ଆଇ ସୋଫିଆ ମିଶ୍ର ଗୁରୁବାର ଗିରଫ କରି କୋର୍ଟଚାଲାଣ କରିଛନ୍ତି। ନାବାଳିକାଙ୍କୁ ଦୁଷ୍କର୍ମ ଉଦ୍ୟମ ମାମଲାରେ ଅଭିଯୁକ୍ତ ଥିବା ରଞ୍ଜିତ ବ୍ରହ୍ମପୁର ବଡ଼ ଡାକ୍ତରଖାନାରେ ଚିକିତ୍ସାଧୀନ ଥିବା ତଦନ୍ତକାରୀ ଅଧିକାରୀ କହିଛନ୍ତି।

## ସାଂସଦ ଖେଳ ମହୋତ୍ସବରେ ଅବ୍ୟବସ୍ଥା

# ମିଳିଲାନି ପୁରସ୍କାର; ନିରାଶ ହେଲେ ଖେଳାଳି

ପୋଲସରା,୪।୧୨(ସମିସ):

ପୋଲସରା ସହର ସ୍ଥିତ ବିଜୁ ପଟ୍ଟନାୟକ ଇନ୍‌ଡୋର ଷ୍ଟାଡିୟମ ପରିସରରେ ଗତ ମାସ ୨୭ରୁ ୨୯ ପର୍ଯ୍ୟନ୍ତ ୩ ଦିନ ଧରି ଇନ୍‌ଡୋର କୋଚ ପଦ୍ମଚରଣ ନନ୍ଦ ଓ ବିଭିନ୍ନ ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକଙ୍କ ପରିଚାଳନାରେ ବ୍ୟାଡ଼ମିଣ୍ଟନ ମ୍ୟାଚ ଅନୁଷ୍ଠିତ ହୋଇଥିଲା। ଏଥିରେ ଜୁନିଅର ଓ ସିନିଅର ବର୍ଗରେ ୪୦ରୁ ଊର୍ଦ୍ଧ୍ୱ ବାଳକ ବାଳିକା ଅଂଶଗ୍ରହଣ କରଥିଲେ। ସେଥି ମଧ୍ୟରୁ ଜୁନିଅର ବାଳିକାରେ ସ୍ମୃତିରେଖା ମିଶ୍ର ବିଜୟୀ ହୋଇଥିବା ବେଳେ ସିନିଅର ବାଳିକାରେ ରାଜନନ୍ଦିନୀ ସାହୁ ବିଜୟୀ




ହୋଇଥିଲେ। ସିନିଅର ବାଳକରେ ଖୁଶାଲ ସାହୁ ଓ ଜୁନିଅରରେ ନିଗମାନନ୍ଦ ମହାରଣା ବିଜୟୀ ହୋଇଥିଲେ। ପ୍ରମୁଖ ଖେଳଗୁଡିକରେ ଖେଳାଳିମାନେ ବିଜୟୀ ହୋଇଥିଲେ ମଧ୍ୟ ସେମାନଙ୍କୁ ଉତ୍ସାହିତ କରିବା ପାଇଁ ସାର୍ଟିଫିକେଟ ପ୍ରଦାନ କରାଗଲା ନା ଟ୍ରଫି ପ୍ରଦାନ କରାଗଲା। ଫଳରେ ଖେଳାଳିମାନେ ନିରାଶ ହୋଇ ଫେରିଥିଲେ। କିନ୍ତୁ ଅନ୍ୟ ବ୍ଲକରେ ଖେଳାଳି ମାନଙ୍କୁ ସାର୍ଟିଫିକେଟ ସହ ସିଲ ପ୍ରଦାନ କରାଯାଇଥିବା ସୂଚନା ରହିଛି। ପ୍ରମୁଖ ସମସ୍ୟାକୁ ନେଇ ବ୍ଲକର ଜଣେ କର୍ମଚାରୀ କହିଛନ୍ତି ଯେ ସେମାନଙ୍କୁ ପରେ ପ୍ରଦାନ କରାଯିବ।

# ଡ୍ରୋନ୍ କ୍ୟାମେରା ନଜରରେ ରହିବ ବ୍ରହ୍ମପୁର ଜେଲ୍

ବ୍ରହ୍ମପୁର,୪।୧୨(ସମିସ): ଡ୍ରୋନ କ୍ୟାମେରା ନଜରରେ ରହିବ ବ୍ରହ୍ମପୁର ଜେଲ। ଫଳରେ ଜେଲ୍‌ର ସୁରକ୍ଷା ବ୍ୟବସ୍ଥା ସୁଦୃଢ଼ ହୋଇପାରିବ। ଜେଲରେ କ'ଣ ହେଉଛି କ୍ୟାମେରା ଜରିଆରେ



ନଜର ରଖିବେ ଉପରିସ୍ଥ ଅଧିକାରୀ। ଜେଲ ବାହାରେ ଓ ଭିତରେ କଏଦୀଙ୍କ ଆଚାର ବ୍ୟବହାରରେ ପରିବର୍ତ୍ତନ ଦେଖି ଦାୟିତ୍ୱରେ ଥିବା ଅଧିକାରୀ ପଦକ୍ଷେପ ଗ୍ରହଣ କରିବ ବୋଲି ଜଣାପଡ଼ିଛି। ବ୍ରହ୍ମପୁର ଜେଲରେ ଅନ୍ତେବାସୀ ରହିବାକୁ ମୋଟ ୩୨ ୱାର୍ଡ ହୋଇଛି। ସେଥିମଧ୍ୟରେ ଗ୍ୟାଙ୍ଗଷ୍ଟାର, ହାର୍ଡକୋର୍, ଆତଙ୍କବାଦୀ, ଦେଶଦ୍ରୋହୀଙ୍କ ଭଳି ଅପରାଧୀ ରହିବା ପାଇଁ ବ୍ରହ୍ମପୁର ଜେଲ୍‌ରେ ନିର୍ମାଣ ହୋଇଛି ୩ଟି ହାଇସିକ୍ୟୁରିଟି ୱାର୍ଡ। ୱାର୍ଡ ବାହାରେ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ରହିଛି। ବ୍ରହ୍ମପୁର ଜେଲ୍‌ରେ ମୋଟ ୩୨ଟି ୱାର୍ଡ ରହିଥିବା ବେଳେ ୨୪ଟି ସେଲ୍ ରହିଛି। ଅନ୍ୟ ଜେଲମାନଙ୍କରୁ କଏଦୀ ଚମ୍ପଟ ମାରିବା ପରେ ଏବେ ସମସ୍ତ ଜେଲରେ କଡ଼ା ପଦକ୍ଷେପ ଗ୍ରହଣ କରାଯାଉଛି। ସେହିକ୍ରମରେ ବ୍ରହ୍ମପୁର ଜେଲର ସୁରକ୍ଷାକୁ ସୁଦୃଢ଼ କରିବା ପାଇଁ ଜେଲ ଉପରେ ଉଡ଼ିବ ଗୋଟିଏ ଡ୍ରୋନ କ୍ୟାମେରା। ଏହି କ୍ୟାମେରା ଖୁବଶୀଘ୍ର ବ୍ରହ୍ମପୁର ଜେଲରେ କାର୍ଯ୍ୟକାରୀ ହୋଇ ଉଡ଼ିବ ବୋଲି ଜେଲର ବରିଷ୍ଠ ଅଧିକ୍ଷକ ଧୀରେନ୍ଦ୍ର ନାଥ ବାରିକ ସୂଚନା ଦେଇଛନ୍ତି। ଏହି ଡ୍ରୋନ କ୍ୟାମେରା ଦ୍ୱାରା ଭିତରେ ଥିବା କଏଦୀମାନେ କୌଣସି ଅଘଟଣ କରିବା ପୂର୍ବରୁ ଭୟ କରିବେ ନଚେତ ଯାହା କରିବେ ତାହା ଡ୍ରୋନ କ୍ୟାମେରାରେ କଏଦ ରହିବ। ଯାହା ଫଳରେ ଜେଲ କର୍ତ୍ତୃପକ୍ଷ ଆବଶ୍ୟକ ପଦକ୍ଷେପ ଗ୍ରହଣ କରି ପାରିବ ବୋଲି କୁହାଯାଇଛି। ଡ୍ରୋନ କ୍ୟାମେରା କେବଳ ଜେଲ ଭିତରେ ନୁହେଁ ଜେଲର ଆଖପାଖ ପାଚେରୀ ଉପରେ ମଧ୍ୟ ନଜର ରଖିବ।

# ଗଞ୍ଜାମ ଜିଲ୍ଲାରେ ଶିଥିଳ ଶୀତଳଭଣ୍ଡାର

**୩ ଉପଖଣ୍ଡରେ ୫ ହଜାର ଟନ୍ କ୍ଷମତା ବିଶିଷ୍ଟ ତିନୋଟି ଶୀତଳ ଭଣ୍ଡାରର ଆବଶ୍ୟକତା ରହିଛି**

**ନଷ୍ଟ ହେଉଛି ଚାଷୀଙ୍କ ପନିପରିବା ଓ ଫଳମୂଳ**

ବ୍ରହ୍ମପୁର,୪।୧୨(ସମିସ):

ପନିପରିବା ଚାଷ କ୍ଷେତ୍ରରେ ଗଞ୍ଜାମ ଜିଲ୍ଲାର ସ୍ୱତନ୍ତ୍ର ପରିଚୟ ରହିଛି। ଜଳସେଚନର ସୁବିଧା ଥିବା ଇଲାକାରେ ବ୍ୟାପକ ମାତ୍ରାରେ ପନିପରିବା, ଫଳମୂଳ ଆଦି ଚାଷ ହେଉଛି। କିନ୍ତୁ ଜିଲ୍ଲାରେ ପର୍ଯ୍ୟାପ୍ତ ପରିମାଣରେ ଶୀତଳ ଭଣ୍ଡାର ଅଭାବ କାରଣରୁ ବହୁ ସମୟରେ ପନିପରିବା'ର ଓ ଫଳମୂଳର ଅଭାବ ବିକ୍ରି ଦେଖିବାକୁ ମିଳୁଛି। ଏଥିଯୋଗୁଁ ବହୁ ସମୟରେ ଚାଷୀ ଏହି କାର୍ଯ୍ୟରୁ ମୁହଁ ଫେରାଉଥିବା ବେଳେ ଦୀର୍ଘଦିନ ହେବ ବିଭିନ୍ନ ଇଲାକାରେ ଶୀତଳଭଣ୍ଡାର ଲାଗି ଦାବି କରାଯାଉଥିଲେ ହେଁ ଏହା କିଛି ମାତ୍ରାରେ କାର୍ଯ୍ୟକାରୀ ହୋଇଥିବା ବେଳେ ଅନ୍ୟଥା ଫଳପ୍ରଦ ହୋଇନଥିବା ଜଣାପଡ଼ିଛି। ଫଳରେ ଚାଷୀକୂଳ ବହୁ ସମୟରେ ନିରାଶ ହେଉଛନ୍ତି। ସୂଚନାପ୍ରକାରେ, ଗଞ୍ଜାମ ଜିଲ୍ଲାର ତିନି ଉପଖଣ୍ଡ ଭଞ୍ଜନଗର, ବ୍ରହ୍ମପୁର ଓ ଛତ୍ରପୁର ଲାଗି ୫ହଜାର ଟନ୍ ବିଶିଷ୍ଟ ତିନୋଟି ଶୀତଳ ଭଣ୍ଡାରର ଆବଶ୍ୟକତା ରହିଥିବା ଚାଷୀ ମହଲରୁ ମତପ୍ରକାଶ ପାଇଛି। ତେବେ ଗଞ୍ଜାମ ଜିଲ୍ଲାରେ ସରକାରୀ ଓ ବେସରକାରୀକୁ ମିଶାଇ ଛୋଟବଡ଼ ମାତ୍ର ୧୧ଟି ଶୀତଳ ଭଣ୍ଡାର ରହିଛି। ତନ୍ମଧ୍ୟରୁ ସରକାରୀ ସ୍ତରରେ ଆସିକା ରୋଡ଼ ଓ ଜଗନ୍ନାଥପୁରରେ ଦୁଇଟି ବଡ଼ ଶୀତଳ ଭଣ୍ଡାର ରହିଥିବା ବେଳେ ଏହାର କ୍ଷମତା ଯଥାକ୍ରମେ ୫ହଜାର ଟନ୍ ଓ ୨୦ହଜାର ଟନ୍ ବୋଲି ସୂଚନା ମିଳିଛି। ସେହିଭଳି ଆମ୍ବପୁଆ, ହିଞ୍ଜିଳି ଓ ବେସରକାରୀ ଷ୍ଟୋରେଜ୍‌କୁ ମିଶାଇ ସମୁଦାୟ ଛୋଟ ବଡ଼ ହୋଇ ୧୧ଟି ଶୀତଳ ଭଣ୍ଡାର ରହିଛି। ଫଳରେ ଚାଷୀକୂଳ ଆବଶ୍ୟକ ଅନୁସାରେ ଏଭଳି ସୁବିଧାରୁ ବଞ୍ଚିତ ହେଉଛନ୍ତି।

ଅପରପକ୍ଷେ ଶୀତଳ ଭଣ୍ଡାର ସମ୍ପର୍କରେ ଚିକିଟି ନିର୍ବାଚନ ମଣ୍ଡଳୀରେ ଥିବା ସମସ୍ୟା ସମ୍ପର୍କରେ ସେଠାକାର ବିଧାୟକ ମନୋରଞ୍ଜନ ଦ୍ୟାନ ସମାନ୍ତରା ଗତ କିଛିଦିନ ପୂର୍ବେ ବିଧାନସଭାରେ ମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଶୀତଳ ଭଣ୍ଡାର ପ୍ରତିଷ୍ଠା କରିବାରେ ଗୁରୁତ୍ୱ ଦେବାକୁ କହିଥିଲେ। ଏ ସମ୍ପର୍କରେ ମନ୍ତ୍ରୀ ଉତ୍ତର ଦେଇଥିଲେ ଯେ, ସରକାର ଯେ କୌଣସି ଉଦ୍ୟୋଗୀ ଚାହିଁଲେ ତାଙ୍କୁ ସରକାର ସମ୍ପୂର୍ଣ୍ଣ ସହଯୋଗ କରି ନୂତନ ପ୍ରୋତ୍ସାହନ ଯୋଗାଇବେ। ଏହା କରିବା ଆବଶ୍ୟକତା ରହିଛି। ନୂତନ ଜ୍ଞାନକୌଶଳ ମାଧ୍ୟମରେ ରାଜ୍ୟରେ ଛୋଟ ଛୋଟ ସୋଲାର କୋଲ୍ଡ ରୁମ ୨୩୯ଟି ୧୦ହଜାର ୭୯୫ମେଟ୍ରିକ ଟନ୍ କ୍ଷମତାର ଆରମ୍ଭ ହେବାକୁ ପ୍ରଚେଷ୍ଟା କରାଯାଉଛି। ଓରେଡ଼ା, ହର୍ଟିକଲ୍‌ଚର ମିଶନ ଦ୍ୱାରା ପଞ୍ଚାୟତସ୍ତରରେ ଏହାର ଉପଯୋଗ କରାଯାଉଛି। ପଞ୍ଚାୟତସ୍ତରରେ ଚାଷୀମାନଙ୍କୁ ପ୍ରୋତ୍ସାହିତ କରାଯାଉଛି। ଓରେଡ଼ା ପକ୍ଷରୁ ୫୫ଟି ନିର୍ମାଣ ଚାଲିଥିବା ବେଳେ ୨୬ଟି ସରିଛି। ନ୍ୟାସନାଲ ହର୍ଟିକଲଚର ମିଶନ ଦ୍ୱାରା ୩୦ଟି ସୋଲାର ବିଶିଷ୍ଟ ଓ ୧୦ଟି ଇଲେକ୍ଟ୍ରି ବାହିତ ଶୀତଳ ଭଣ୍ଡାର ନିର୍ମାଣ କାର୍ଯ୍ୟ ଜାରି ରହିଛି। ପାଖାପାଖି ଗତ ୪ବର୍ଷ ଭିତରେ ଏହି କାମ ହେଉଥିବା ବେଳେ ପାଖାପାଖି ୨୬ଲକ୍ଷ ଟଙ୍କା ବିନିଯୋଗରେ ୩୫ପ୍ରତିଶତରୁ ୫୦ପ୍ରତିଶତ ସବ୍‌ସିଡ଼ି ରହିଛି। ଏହା ହେବା ଫଳରେ ଉତ୍ପାଦନ ବୃଦ୍ଧି ପାଉଛି। ବିଭାଗ ତରଫରୁ ସଚେତନ କରାଯାଉଛି। ଅଗ୍ରଗତି ନେଇ ତ୍ୱରାନ୍ୱିତ ବେଗରେ ଆରମ୍ଭ ହୋଇଥିବା ମନ୍ତ୍ରୀ ଉତ୍ତର ଦେଇଥିଲେ। ଅନ୍ୟପକ୍ଷରେ ଗଞ୍ଜାମ ଜିଲ୍ଲାରେ ଶୀତଳ ଭଣ୍ଡାର ଅଭାବ ଚାଷୀମାନଙ୍କ ପାଇଁ ଗୁରୁତର ସମସ୍ୟା ହୋଇଛି। ଏହି ଜିଲ୍ଲା କୃଷି ସମ୍ପଦରେ ସମୃଦ୍ଧ ଥିବା ସତ୍ତ୍ୱେ ବି ବିଭିନ୍ନ ସମୟରେ ଚାଷୀକୂଳ ନିର୍ଦ୍ଦିଷ୍ଟ ଦରରେ ବଜାରକୁ ପନିପରିବା, ଫଳମୂଳ ଆଦି ବିକ୍ରି କରିବା ଦିଗରେ ନିଜକୁ ଅସମର୍ଥ ମନେ କରନ୍ତି। ବହୁ ସମୟରେ ଅଭାବି ବିକ୍ରିର ଶିକାର ହୁଅନ୍ତି। ଚାଷୀଙ୍କ ପାଇଁ ଏହା କେବଳ ଏକ ସୁବିଧା ନୁହେଁ, ବରଂ ତାଙ୍କର ମୂଳ ଆବଶ୍ୟକତା ହୋଇଥିବା ବେଳେ ବାହାର ଜିଲ୍ଲା ଓ ରାଜ୍ୟମାନଙ୍କୁ ରପ୍ତାନି କରିବାକୁ ପଡୁଥିବାରୁ ପରିବହନ ଖର୍ଚ୍ଚ ବଢୁଛି ଏବଂ ଲାଭ ହ୍ରାସ ପାଉଥିବା ଚାଷୀନେତାମାନେ କହିଛନ୍ତି। ଏମିତି ପରିସ୍ଥିତିରେ ଗଞ୍ଜାମରେ ଯଥେଷ୍ଟ ଶୀତଳ ଭଣ୍ଡାର ସୃଷ୍ଟି, ଚାଷୀ ଗୋଷ୍ଠୀ ଭିତ୍ତିକ ମ୍ୟାନେଜମେଣ୍ଟ, ସରକାରୀ ଓ ବେସରକାରୀ ମିଶ୍ର ପ୍ରୟାସ ଦ୍ୱାରା ସଂଗଠିତ ନିବେଶ ଚାଷୀଙ୍କ ଅର୍ଥନୈତିକ ସ୍ଥିରତା ଓ ବଜାର ନିର୍ଭରତାକୁ ଦୃଢ଼ କରିପାରିବ ବୋଲି ବିଭିନ୍ନ ମହଲରୁ ମତପ୍ରକାଶ ପାଇଛି।

■ ଆନ୍ଧ୍ରରେ ନିଶା ଔଷଧ କାରବାର

# ବ୍ରହ୍ମପୁରରୁ ଜଣଙ୍କୁ ଉଠାଇନେଲା ପୁଲିସ

ବ୍ରହ୍ମପୁର, ୪।୧୨ (ସମିସ): ଆନ୍ଧ୍ରପ୍ରଦେଶରେ ନିଶା ଔଷଧ କାରବାର କରୁଥିବା ଅଭିଯୋଗରେ ବ୍ରହ୍ମପୁରର ଜଣେ ବ୍ୟକ୍ତିଙ୍କୁ ସେଠାକାର ପୁଲିସ ଉଠାଇ ନେଇଛି। ସମ୍ପୃକ୍ତ ବ୍ୟକ୍ତି ଜଣକ ପ୍ରେମନଗର ନିବାସୀ ସନ୍ତୋଷ କୁମାର(୪୬) ବୋଲି ଜଣାପଡିଛି। ସୂଚନାପ୍ରକାରେ, ଆନ୍ଧ୍ରପ୍ରଦେଶର ବିଶାଖାପଟଣା ସହରରେ ବିନା ଡାକ୍ତରଙ୍କ ଚିଠାରେ ନିଶା ଔଷଧ ବିକ୍ରି ହେଉଥିଲା। ଘଟଣା ସାମ୍ନାକୁ ଆସିବା ପରେ ବିଶାଖାପାଟଣାର ଜି. ସଞ୍ଜୀବ ରେଡ୍ଡୀ ଏନେଇ ଏମଭିପି ଥାନାରେ ଅଭିଯୋଗ କରିଥିଲେ। ତାଙ୍କ ଅଭିଯୋଗକୁ ଭିତ୍ତି କରି ପୁଲିସ ଏକ ମାମଲା ରୁଜୁକରି ତଦନ୍ତ କରିଥିଲା। ତଦନ୍ତ ବେଳେ ବ୍ରହ୍ମପୁରର ସନ୍ତୋଷଙ୍କର ଉକ୍ତ ନିଶା ଔଷଧ କାରବାରରେ ସଂପୃକ୍ତି ଥିବା ଜଣାପଡିଥିଲା। ସେହିକ୍ରମରେ ଏମିଭିପି ଥାନାର ୩ଜଣ ପୁଲିସ ଅଧିକାରୀ ଓ କର୍ମଚାରୀଙ୍କୁ ନେଇ ଏକ ଟିମ ଗତକାଲି ବ୍ରହ୍ମପୁରରେ ପହଞ୍ଚିବା ପରେ ବଡବଜାର ଥାନା ପୁଲିସର ସହଯୋଗ ନେଇଥିଲେ। ଆଜି ଅଭିଯୁକ୍ତ ସନ୍ତୋଷଙ୍କୁ କାବୁ କରିବା ପରେ ଆନ୍ଧ୍ର ପୁଲିସ ତାଙ୍କୁ ବିଶାଖାପଟଣା ନେଇ ଯାଇଥିବା ଜଣାପଡିଛି। ତେବେ ଅଭିଯୁକ୍ତ ସନ୍ତୋଷ ବ୍ରହ୍ମପୁରରେ ମଧ୍ୟ ନିଶା ଔଷଧ କାରବାର ଚଳାଉଥିବା ନେଇ ସନ୍ଦେହ ଦୃଢ଼ୀଭୂତ ହୋଇଛି।

## ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟ ଛାତ୍ରଙ୍କ କୃତିତ୍ୱ | ଅଜୟ ପଢ଼ିବେ ପର୍ବତାରୋହଣ ପ୍ରଶିକ୍ଷଣ ପାଠ୍ୟକ୍ରମ

ବ୍ରହ୍ମପୁର,୪।୧୨(ସମିସ): ଦକ୍ଷିଣ ସିକିମରେ ଏନ୍‌ସିସି ପକ୍ଷରୁ ଅନୁଷ୍ଠିତ ପର୍ବତାରୋହଣ ପ୍ରଶିକ୍ଷଣ ପାଠ୍ୟକ୍ରମରେ ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟର ଛାତ୍ର ତଥା ଏନ୍‌ସିସି ସିନିଅର ଅଣ୍ଡର ଅଫିସର ଅଜୟ କୁମାର ବେହେରା ଅଂଶଗ୍ରହଣ କରି ବ୍ରହ୍ମପୁର ପାଇଁ ସୁନାମ ଆଣିଛନ୍ତି। ଉକ୍ତ ଶିବିର ନିମନ୍ତେ ସର୍ବଭାରତୀୟସ୍ତରରେ ଚୟନ ହୋଇଥିବା ୪୦ଜଣଙ୍କୁ ଚୟନ କରାଯାଇଥିବା ବେଳେ ସେଥିମଧ୍ୟରେ ଅଜୟ ସ୍ଥାନ ପାଇଛନ୍ତି। ପ୍ରଶିକ୍ଷଣ ପାଇ ସେ ଉତ୍ତର ସିକିମର ବରଫାଚ୍ଛନ



କାଞ୍ଚନଜଙ୍ଘା ଅଞ୍ଚଳରେ ପ୍ରଶିକ୍ଷଣ କରିଥିଲେ। ହିମାଳୟର ପାଦଦେଶରେ ରହିଥିବା ଶୃଙ୍ଗକୁ ଭିଷଣ ଥଣ୍ଡାରେ ପ୍ରଶିକ୍ଷଣ ସହ ୧୬ହଜାର ଫୁଟ ଉଚ୍ଚତା ବିଶିଷ୍ଟ ପର୍ବତାରୋହଣ କରି ରେକର୍ଡ କରିଥିଲେ। ଏହି ସଫଳତାରେ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶ, କୁଳସଚିବ ପାର୍ବତୀ ମଞ୍ଜରୀ ମହାଲିକ, ପିଜିସି ଡ.ମନୋଜ କୁମାର ପଟ୍ଟନାୟକ, ଛାତ୍ର କଲ୍ୟାଣ ଅଧିକାରୀ ତଥା ଓଡ଼ିଆ ବିଭାଗ ମୁଖ୍ୟ ଡ. ଉଷାରାଣୀ ରଥ, ଡ. ପ୍ରଶାନ୍ତ କୁମାର ନରେନ୍ଦ୍ର, ଏନସିସି ଆର୍ମି ୟୁନିଟର ସହଯୋଗୀ ଅଫିସର କ୍ୟାପଟେନ ଡ. ଯତୀନ ବିଷୋୟୀ ସମେତ ବହୁ ଅଧ୍ୟାପକଅଧ୍ୟାପିକା ଶୁଭେଚ୍ଛା ଜଣାଇଛନ୍ତି।

# ଦିବ୍ୟ ଜୀବନ ସଂଘ ମହିଳା ଶାଖା ପକ୍ଷରୁ ଗୀତାଯଜ୍ଞ



ବ୍ରହ୍ମପୁର,୪।୧୨(ସମିସ): ଲାଞ୍ଜିପଲ୍ଲି ସ୍ଥିତ ଆଶ୍ରମ ପରିସରରେ ଦିବ୍ୟ ଜୀବନ ସଂଘ ମହିଳା ଶାଖା ପକ୍ଷରୁ ପବିତ୍ର ଗୀତା ଯଜ୍ଞ ଅନୁଷ୍ଠିତ ହୋଇଛି। ଆଶ୍ରମର ପୂଜକ ଅରୁଣ କୁମାର ଦାଶଙ୍କ ପୌରହିତ୍ୟରେ ଭାଗବତ ଗୀତାର ସମ୍ପୂର୍ଣ୍ଣ ଶ୍ଳୋକର ଆବୃତ୍ତି ପରେ ଘୃତ ଯଜ୍ଞ କରାଯାଇଥିଲା। ଭାଗବତ ଗୀତାର ପ୍ରତ୍ୟେକ ଶ୍ଳୋକ ଏକ ମନ୍ତ୍ର ଏବଂ ଭାଗବତ ଗୀତା ପରି ମୋକ୍ଷଦାୟିନୀ ଏବଂ କଲ୍ୟାଣକାରୀ ଆଧ୍ୟାତ୍ମିକ ଜ୍ଞାନ ଅତ୍ୟନ୍ତ ବିରଳ ବୋଲି ସ୍ୱାମୀ ଚିଦାନନ୍ଦ ସରସ୍ୱତୀ ମହାରାଜଙ୍କ ମତ ରହିଛି। ଏହାକୁ ମନଯୋଗ ପୂର୍ବକ ଏବଂ ଶ୍ରଦ୍ଧାର ସହିତ ପରାୟଣ କଲେ ପରମାଣାଙ୍କ କୃପା ଲାଭ କରିବା ସହିତ ମୋକ୍ଷର ମାର୍ଗ ମଧ୍ୟ ଉନ୍ମୁକ୍ତ ହୋଇଥାଏ ବୋଲି ଦକ୍ଷିଣାଞ୍ଚଳ ସମନ୍ୱୟ ସମିତିର କୋଷାଧ୍ୟକ୍ଷ ଶାନ୍ତିଭୂଷଣ ପଣ୍ଡା କହିଛନ୍ତି। କାର୍ଯ୍ୟକ୍ରମରେ ଗୁରୁ ଭଉଣୀ ମାମି ବେହେରା, ଭଗବାନ ଖଟେଇ, ଲିପିବାଳା ସାହୁ ଓ ମଧୁସୂଦନ ମହାପାତ୍ରଙ୍କ ପ୍ରମୁଖ ଗୀତା ପାରାୟଣ କରିଥିଲେ। ସେହିପରି ସ୍ୱାମୀ ନିର୍ବିକଳ୍ପାନନ୍ଦ ସରସ୍ୱତୀ ମହାରାଜ ଯୋଗଦେଇ ଗୀତା ମାହାତ୍ମ୍ୟ ବର୍ଣ୍ଣନା କରିଥିଲେ। ଦିବ୍ୟ ଜୀବନ ସଂଘ ମହିଳା ଶାଖା ଓ ଗୋଇଲୁଣ୍ଡି ସ୍ଥିତ ବିଏସ୍‌ଆର୍ ଲାଇଫକ୍ୟାର ମିଳିତ ଆନୁକୁଲ୍ୟରେ ବୃଦ୍ଧାଶ୍ରମ ଓ ଅନାଥାଶ୍ରମରେ ମାଗଣା ପୁଷ୍ଟିକର ଖାଦ୍ୟ ସହ ଆବଶ୍ୟକୀୟ ଔଷଧ ବଣ୍ଟନ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ପ୍ରମିଳା ମହାରଣା, ଟୁନି ପାଢ଼ୀ, ସୁରେଶ ବରାଡ, ସାରଦା ଦାସ, ଲକ୍ଷ୍ମୀ ପାତ୍ର, ସନ୍ତୋଷିନୀ ପଣ୍ଡା, ଅରୁଣ ମହାନ୍ତି, ରମନନ୍ଦ ପଟ୍ଟନାୟକ, ଅଲେଖ ବେହେରା ଓ କ୍ରିଷ୍ଣା ଦୋରା ପ୍ରମୁଖ ଉପସ୍ଥିତ ଥିଲେ।

# ରୋଗୀଙ୍କ ମୃତ୍ୟୁ ପରେ ବନ୍ଧା ପଡୁଛି ଶବ




**ଅଜବ ନୀତି ଆପଣାଇଛି ଏମ୍‌କେସିଜି**


**ଟଙ୍କା ନେବାକୁ ପଛାଉନାହାନ୍ତି କର୍ମଚାରୀ**

**ସବୁ ଜାଣିଶୁଣି ନୀରବ କର୍ତ୍ତୃପକ୍ଷ**

ବ୍ରହ୍ମପୁର,୪।୧୨(ସମିସ):

ଏମ୍‌କେସିଜି ମେଡ଼ିକାଲକୁ ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରୁ ପ୍ରତିଦିନ ଶତାଧିକ ଅସୁସ୍ଥ ବ୍ୟକ୍ତି ଚିକିତ୍ସା ନିମନ୍ତେ ଆସିଥାନ୍ତି। ଚିକିତ୍ସିତ ଅବସ୍ଥାରେ ହିଁ ଅନେକଙ୍କ ମୃତ୍ୟୁ ଘଟିବାର ନଜିର ରହିଛି। ଏହା ପରେ ମେଡ଼ିକାଲର ବିଭିନ୍ନ ସ୍ଥାନରେ ମୃତ ରୋଗୀଙ୍କ ସମ୍ପର୍କୀୟଙ୍କ ଠାରୁ ଜୋର ଜବରଦସ୍ତି ଟଙ୍କା ଆଦାୟ କରାଯାଉଥିବା ଅଭିଯୋଗ ହୋଇଛି। ଘଟଣା ସମ୍ପର୍କରେ ବିଭିନ୍ନ ସମୟରେ ଅଭିଯୋଗ କରାଯାଉଥିବା ବେଳେ ଏହାକୁ ରୋକିବାକୁ ଏମକେସିଜି ମେଡ଼ିକାଲ କର୍ତ୍ତୃପକ୍ଷଙ୍କ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ କରାଯାଉନି। ଏମକେସିଜି ମେଡ଼ିକାଲର ମେଡ଼ିସିନ, ଆଶୁ ଚିକିତ୍ସା ବିଭାଗ ଓ ଶିଶୁ ବିଭାଗ ସମେତ ବିଭିନ୍ନ ବିଭାଗରେ ପ୍ରତ୍ୟେକ ଦିନ ୧୦ରୁ ଅଧିକ ରୋଗୀ ଚିକିତ୍ସାଧୀନ ସମୟରେ ମୃତ୍ୟୁ ହୋଇଥାଏ। ଏହା ପରେ ମୃତ ବ୍ୟକ୍ତିଙ୍କୁ ମେଡ଼ିକାଲ ପରିସରରେ ଥିବା ଶବ ଗୃହକୁ ଆଣିବା ପାଇଁ ଅନେକ ଠିକା କର୍ମଚାରୀ ୫୦ରୁ ୧୦୦ଟଙ୍କା ସମ୍ପର୍କୀୟଙ୍କ ଠାରୁ ଆଦାୟ କରାଯାଉଥିବା ଅଭିଯୋଗ ହୋଉଛି। ସେହିପରି କିଛି ଘଣ୍ଟା ପର୍ଯ୍ୟନ୍ତ ଶବଗୃହରେ ମୃତ ବ୍ୟକ୍ତିଙ୍କ ଶବ ସଂରକ୍ଷଣ କରି ରଖାଯାଇଥାଏ। ଏଠାରୁ ଶବ ନେବା ନିମନ୍ତେ ଅତି କମରେ ୨ଶହ ଟଙ୍କା ଦେବାକୁ ପଡ଼େ। ପରେ ଆବଶ୍ୟକ ସ୍ଥଳରେ ରୋଗୀଙ୍କ ମୃତ ଦେହକୁ ବ୍ୟବଚ୍ଛେଦ କରିବାକୁ ପଡ଼ିଥାଏ। ଏମକେସିଜି ମେଡ଼ିକାଲ ଏଫଏମଟି ବିଭାଗ ଅଧିନରେ ଥିବା ଶବ ବ୍ୟବଚ୍ଛେଦ ଗୃହରେ ଶବ ବ୍ୟବଚ୍ଛେଦ ନିମନ୍ତେ ୨୦୦ରୁ ୩୦୦ଟଙ୍କା ଆଦାୟ କରାଯାଉଥିବା ଅଭିଯୋଗ ହୋଇଛି। ସେହିପରି ରୋଗୀଙ୍କ ମୃତ ଶରୀର ମେଡ଼ିକାଲରୁ ଘରକୁ ନେବା ନିମନ୍ତେ 'ମହାପ୍ରୟାଣ ଯୋଜନା'ରେ ମାଗଣା ସେବା ରହିଛି। କିନ୍ତୁ ଶବ ଘରେ ପହଞ୍ଚାଇବାକୁ ପ୍ରତି ୧୦କିଲୋମିଟର ପିଛା ଏକ ଲିଟର ପେଟ୍ରୋଲ ଏହା ସହ ସର୍ଭିସ ଚାର୍ଜ ବାବଦକୁ ୩୦୦ଟଙ୍କା ମଗାଯାଉଛି। ଏଭଳି ଭାବେ ବିଭିନ୍ନ ସ୍ଥାନରେ ମେଡ଼ିକାଲର ନିୟମିତ ଓ ଠିକା ସଂସ୍ଥାର କର୍ମଚାରୀମାନେ ମୃତ ବ୍ୟକ୍ତିଙ୍କ ସମ୍ପର୍କୀୟଙ୍କ ଠାରୁ ଜୋର ଜବରଦସ୍ତି ଟଙ୍କା ଆଦାୟ କରୁଥିବା ଦେଖିବାକୁ ମିଳିଛି। ମେଡ଼ିକାଲରେ ଚିକିତ୍ସାଧୀନ ବ୍ୟକ୍ତିଙ୍କ ମୃତ୍ୟୁ ପରେ ତାଙ୍କ ସମ୍ପର୍କୀୟଙ୍କୁ ଅତି କମରେ ୧୨ଶହରୁ ୧୫ଶହ ଟଙ୍କା ବେଆଇନ ଭାବେ ମେଡ଼ିକାଲର ବିଭିନ୍ନ କର୍ମଚାରୀଙ୍କୁ ପ୍ରଦାନ କରିବାକୁ ପଡ଼ିଥାଏ। ଟଙ୍କା ନମିଳିଲେ କର୍ମଚାରୀ ମାନେ ବିଭିନ୍ନ ବାହାନା କରି ସମ୍ପର୍କୀୟଙ୍କୁ ଶବ ହସ୍ତାନ୍ତରରେ ଘଣ୍ଟା ଘଣ୍ଟା ବିଳମ୍ବ କରନ୍ତି। ଫଳରେ ଟଙ୍କା ନିମନ୍ତେ ରୋଗୀଙ୍କ ମୃତଦେହ ବିଭିନ୍ନ ସମୟରେ ମେଡ଼ିକାଲର ବିଭିନ୍ନ ସ୍ଥାନରେ ବନ୍ଧା ପଡୁଛି।

ତେବେ ଟଙ୍କା ନ ଦେବାକୁ ଲାଞ୍ଚରୁ ଦୂରେଇ ରହିବାକୁ ମେଡ଼ିକାଲ ପରିସରରେ ଥିବା ବିଭିନ୍ନ ୱାଡର୍ ସମେତ ଶବ ଗୃହ, ଶବ ବ୍ୟବଚ୍ଛେଦ ଗୃହ ଓ ଆଶୁ ଚିକିତ୍ସା ବିଭାଗରେ କୌଣସି ସୂଚନା କିମ୍ବା ସଚେତନତା ମୂଳକ ପୋଷ୍ଟର ଲଗାଯାଉନି। ଫଳରେ ରୋଗୀଙ୍କ ସମେତ ମୃତଦେହ ନାମରେ ଟଙ୍କା ଆଦାୟ କରିବାରେ ଏହି ଲାଞ୍ଚୁଆ କର୍ମଚାରୀମାନେ ସଫଳ ହୋଉଛନ୍ତି। ଏଥିପ୍ରତି ଜିଲ୍ଲା ପ୍ରଶାସନ ଓ ଏମକେସିଜି ମେଡ଼ିକାଲ କର୍ତ୍ତୃପକ୍ଷ ଆଶ୍ୟକ ପଦକ୍ଷେପ ଗ୍ରହଣ କରିବା ସହ ଲୋକଙ୍କ ଅବଗତ ନିମନ୍ତେ ବିଭିନ୍ନ ସ୍ଥାନରେ ବ୍ୟପକ ପୋଷ୍ଟ ଲଗାଇବାକୁ ବିଭିନ୍ନ ମହଲରେ ଦାବି ହୋଇଛି। ଏନେଇ ଏମକେସିଜି ମେଡ଼ିକାଲ ଅଧୀକ୍ଷକ ପ୍ରଫେସର ଡ଼ାକ୍ତର ଦୁର୍ଗମାଧବ ଶତପଥୀ କହିଛନ୍ତି ଯେ, ରୋଗୀଙ୍କୁ ଚିକିତ୍ସା କିମ୍ବା ଶବ ହସ୍ତାନ୍ତର ବେଳେ ଟଙ୍କା ଆଦାୟ କରୁଥିବା ଲାଞ୍ଚୁଆ କର୍ମଚାରୀଙ୍କ ବିରୋଧରେ ଯଦି ଅଭିଯୋଗ ଆସେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏହା ସହ ଏହି ପରମ୍ପରା ଭାଙ୍ଗିବା ନିମନ୍ତେ ମେଡ଼ିକାଲ କର୍ତ୍ତୃପକ୍ଷ ପଦକ୍ଷେପ ଗ୍ରହଣ କରୁଥିବା ସେ କହିଛନ୍ତି।

# ସମ୍ପାଦକୀୟ



ଗୋଟିଏ ସମ୍ବିଧାନ ଯେତେ ଭଲ ହେଉନା କାହିଁକି, ଏହାକୁ କାର୍ଯ୍ୟକାରୀ କରୁଥିବା ଲୋକେ ଯଦି ଖରାପ ହୋଇଥିବେ, ତେବେ ଏହା ଖରାପ ବୋଲି ପ୍ରମାଣିତ ହେବ !
-ଡକ୍ଟର ବି ଆର ଆମ୍ବେଦକର

ସକାଳ
THE SAKALA

## ପୁଟିନ୍‌ଙ୍କ ଭାରତଗସ୍ତର ବାର୍ତ୍ତା

ରୁଷ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନ୍ ଏସୀୟ ଭୂରାଜନୀତିର ଏଭଳି ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ଭାରତ ଗସ୍ତରେ ଆସିଛନ୍ତି, ଯାହା ଉପରେ ସମଗ୍ର ବିଶ୍ୱର ଦୃଷ୍ଟି ରହିଛି। ବିଶେଷକରି ବର୍ତ୍ତମାନ ଭାରତ-ବିମୁଖୀ ଓ ପାକିସ୍ତାନୀ-ସୁହାଗୀ ଆମେରିକା ପୁଟିନ୍‌ଙ୍କ ଭାରତଗସ୍ତକୁ ଅତି ଗୁରୁତ୍ୱର ସହିତ ସମୀକ୍ଷା କରୁଛି। ଏବେ ପଡ଼ୋଶୀମାନେ ହିଁ ଭାରତ ପାଇଁ ଶତ୍ରୁସୁଲଭ ଆଚରଣ ପ୍ରଦର୍ଶନ କରୁଥିବା ବେଳେ ଏହାର ଫାଇଦା ନେବା ପାଇଁ ଆମେରିକା କୌଣସି ସୁଯୋଗ ହାତଛଡ଼ା କରିବାକୁ ଚାହୁଁନାହିଁ। ଅପରପକ୍ଷରେ ପାକିସ୍ତାନ ମଧ୍ୟ ଆମେରିକା କୋଳରେ ବସି ଭାରତକୁ ପାନେ ଦେବା ଅପେକ୍ଷାରେ ରହିଛି। ତେଣୁ ଆମେରିକା ସହଯୋଗରେ ଆରବ ସାଗରରେ ସାମରିକ ଘାଟି ପ୍ରତିଷ୍ଠା କରିବାର ଯୋଜନା ଚୂଡ଼ାନ୍ତ କରିଛି। ସେପଟେ ବାଂଲାଦେଶ ପାକିସ୍ତାନ ଓ ଚୀନ୍ ସହିତ ମିଶି ଭାରତ ବିରୋଧୀ ଆଭିମୁଖ୍ୟ ପୋଷଣ କରିଛି। ଭାରତ ସୀମାନ୍ତରେ ସାମରିକ ଘାଟି ପ୍ରତିଷ୍ଠା ପାଇଁ ଚୀନ୍ ଓ ପାକିସ୍ତାନକୁ ଅକୁଣ୍ଠ ସହଯୋଗ ଓ ସମର୍ଥନ ଦେଉଛି।

ସେହିପରି ଆମେରିକା ଚାପରେ ରୁଷ୍‌ରୁ ତୈଳ ଆମଦାନୀକୁ ଭାରତ କାଣ୍ଟଛାଣ୍ଟ କରିଛି। ଦୁଇ ଦେଶ ମଧ୍ୟରେ ମୁଦ୍ରା ବିନିମୟ ଏକ ଆହ୍ୱାନ ହୋଇଛି। ଏହି ପୃଷ୍ଠଭୂମିରେ ପୁଟିନ୍‌ଙ୍କ ଭାରତ ଗସ୍ତ ଅନେକ ଦୃଷ୍ଟିରୁ ଉଭୟ ଦେଶ ପାଇଁ ମଧ୍ୟ ଗୁରୁତ୍ୱପୂର୍ଣ୍ଣ। ବିଶେଷକରି ଭାରତ ତା'ର ପୁରୁଣା ଓ ବିଶ୍ୱାସୀ ବନ୍ଧୁ ରୁଷ୍ ସହିତ ଆଣବିକ ଶକ୍ତି କ୍ଷେତ୍ରରେ କେତେକ ରାଜିନାମା ସ୍ୱାକ୍ଷର କରିବାକୁ ଯାଉଛି, ଯାହା ସର୍ବାଦୌ ଅଧିକ ଆଲୋଚନାର ଅପେକ୍ଷା ରଖେ। ଇତିମଧ୍ୟରେ ଆମେରିକା ତା'ର ଆଣବିକ ପରୀକ୍ଷଣ କଟକଣାକୁ କୋହଳ କରିଛି ଏବଂ ଭାରତ ପ୍ରତି ଆଣବିକ ଶକ୍ତି କ୍ଷେତ୍ରରେ ଥିବା ପ୍ରତିବନ୍ଧକ ହଟାଇ ଦେଇଛି। ଏହି କାରଣରୁ ଭାରତ-ରୁଷ୍ ମଧ୍ୟରେ ସମ୍ଭାବ୍ୟ ଆଣବିକ ଶକ୍ତି ରାଜିନାମା ବିଶ୍ୱ କୂଟନୀତି ଓ ଭୂରାଜନୀତିରେ ଅନେକ କିଛି ନୂଆ ସମୀକରଣ ସୃଷ୍ଟି କରିବାକୁ ଯାଉଛି।

ରୁଷର ଆଣବିକ ଶକ୍ତି କମ୍ପାନୀ ରୋଜାଟମ୍ ଷ୍ଟେଟ୍ କର୍ପୋରେସନ୍ ଭାରତରେ ମଡ୍ୟୁଲାର୍ ରିଆକ୍ଟର ପ୍ରତିଷ୍ଠା କରିବାର ଯୋଜନା ରଖିଛି। ଏହା ସହିତ ନୂତନ ପିଢ଼ିର ପରମାଣୁ ଶକ୍ତି ରିଆକ୍ଟର ପାଇଁ ମଧ୍ୟ ଦୁଇ ଦେଶ ମଧ୍ୟରେ ବୁଝାମଣା ହେବାର ସମ୍ଭାବନା ରହିଛି। ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ଓ ଭାରତର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହିତ ଶୀର୍ଷସ୍ତରୀୟ ବୈଠକରେ ଏ ସମ୍ପର୍କରେ ଆଲୋଚନା ଚୂଡ଼ାନ୍ତ ହୋଇପାରେ। ପୁଟିନ୍‌ଙ୍କ ସହିତ ଭାରତ ଗସ୍ତରେ ଆସିଥିବା ରୁଷ୍‌ର ଏକ ବଡ଼ ପରମାଣୁ ଶିଳ୍ପପତି ଗୋଷ୍ଠୀ ପଛର କାରଣ ସମୀକ୍ଷା କଲାବେଳେ ଏହି ସୂଚନା ମିଳିଛି। ଏଥିପୂର୍ବରୁ ତାମିଲନାଡୁର କୁଡାନକୁଲମ ଆଣବିକ କେନ୍ଦ୍ର ପ୍ରକଳ୍ପ ସମ୍ପ୍ରସାରଣ ସମ୍ପର୍କରେ ଉଭୟ ଦେଶର ଅଧିକାରୀମାନେ ସମୀକ୍ଷା କରିସାରିଛନ୍ତି। ରୁଷିଆ ବିଶ୍ୱର ଏକମାତ୍ର ଦେଶ, ଯାହାର ଭାସମାନ ଆଣବିକ ଶକ୍ତି କେନ୍ଦ୍ର ପ୍ରତିଷ୍ଠା ଓ ପରିଚାଳନାରେ ପାରଦର୍ଶିତା ଓ ବୈଷୟିକ ଜ୍ଞାନକୌଶଳ ରହିଛି। ଏହି ବୁଝାମଣା ସ୍ୱାକ୍ଷରିତ ହେଲେ ଭାରତ ସ୍ୱଚ୍ଛ ଶକ୍ତି ଉତ୍ପାଦନ କ୍ଷେତ୍ରରେ ଆଉ ଦୁଇପାଦ ଆଗକୁ ଯିବ ଏବଂ ୨୦୭୦ ସୁଦ୍ଧା ଶୂନ୍ୟ କାର୍ବନ ନିର୍ଗମନ ଲକ୍ଷ୍ୟକୁ ପୂରଣ କରିବାରେ ସହାୟକ ହେବ। ଏଥିସହିତ ଆଣବିକ ଶକ୍ତି କେନ୍ଦ୍ରର ସୁରକ୍ଷା ଆଳରେ ରୁଷ୍‌ର ଉପସ୍ଥିତି ଭାରତ ମହାସାଗରେ ରହିବ। ତେଣୁ ଆମେରିକା କିମ୍ବା ଚୀନ୍ ଆଡୁ ଭାରତ ପ୍ରତି ସାମୁଦ୍ରିକ ପଥରେ ଥିବା ବିପଦ ଆଶଙ୍କା ମଧ୍ୟ ଅନେକ ପରିମାଣରେ ହ୍ରାସ ପାଇପାରିବ।

ପ୍ରତିରକ୍ଷା ପାଇଁ ଭାରତ ପାଖରେ ଯେତିକି ଯୁଦ୍ଧାସ୍ତ୍ର ରହିଛି ତାହା ପର୍ଯ୍ୟାପ୍ତ ନୁହେଁ। ଇତିମଧ୍ୟରେ ପାକିସ୍ତାନ ପଟୁ ଭାରତ ବିପକ୍ଷରେ ପୂର୍ଣ୍ଣାଙ୍ଗ ଯୁଦ୍ଧର ଧମକ ମିଳିଛି। ପାକିସ୍ତାନ ଯଦି ଆକ୍ରମଣ କରେ ତେବେ ଭାରତ ପାଖରେ ଥିବା ଯୁଦ୍ଧାସ୍ତ୍ର, ଗୁଳିଗୋଳା ଓ ସରଞ୍ଜାମ ମାତ୍ର ସପ୍ତାହେ ଭିତରେ ସରିଯିବ। ଅପରପକ୍ଷରେ ତୁର୍କୀ ଓ ଚୀନ୍ ଦ୍ୱାରା ପାକିସ୍ତାନ ଯୁଦ୍ଧାସ୍ତ୍ରରେ ସବଳ ହେବ। ଏଭଳି ପରିସ୍ଥିତିରେ ଭାରତର ପୁରୁଣା ବନ୍ଧୁ ରୁଷ୍ ହିଁ ସହାୟତାର ହାତ ବଢ଼ାଇବ। ଅପରେସନ୍ ସିନ୍ଦୂରରେ ରୁଷ୍ ନିର୍ମିତ ଏସ୍୪୦୦ ଭାରତ ପାଇଁ ନିର୍ଭରଯୋଗ୍ୟ ସାବ୍ୟସ୍ତ ହୋଇଥିବାରୁ ଆହୁରି ଅଧିକ ଏହି ପ୍ରତିରକ୍ଷା ପ୍ରଣାଳୀ ଭାରତ କିଣିବାର ଆବଶ୍ୟକତା ରହିଛି। ଏହି ପ୍ରସଙ୍ଗରେ ଭାରତ-ରୁଷ୍ ଶୀର୍ଷ ବୈଠକରେ ଆଲୋଚନା ହେବାର ସମ୍ଭାବନା ଅଧିକ। ଉଭୟ ପକ୍ଷ ଉଭୟ ଦେଶର ସାମରିକ ଘାଟି ବ୍ୟବହାର କରିପାରିବେ ବୋଲି ରୁଷ୍ ସଂସଦ ସ୍ୱୀକୃତି ଦେବା ପରେ ଏହା ପଛରେ ଥିବା ଇଙ୍ଗିତ ବୁଝିବାକୁ ଆମେରିକା କିମ୍ବା ପାକିସ୍ତାନକୁ ବିଳମ୍ବ ହୋଇ ନଥିବ। ତୁର୍କୀ ମଧ୍ୟ ପୂର୍ବାପେକ୍ଷା ଅଧିକ ସଚେତନ ହୋଇସାରିଥିବ। ପୁଟିନ୍‌ଙ୍କ ଭାରତ ଗସ୍ତ ଏହା ଉପରେ ମୋହର ମାରିବ। ଏହାଛଡ଼ା ଭାରତ-ରୁଷ୍ ମଧ୍ୟରେ ବାଣିଜ୍ୟିକ କାରବାର ଆଗାମୀ ଦିନରେ ୧୦୦ ବିଲିୟନ ଡଲାରରେ ପହଞ୍ଚାଇବା ପାଇଁ ଉଭୟ ପକ୍ଷ ଚୁକ୍ତିନାମା ସ୍ୱାକ୍ଷର କରିବେ ବୋଲି ସୂଚନା ମିଳିଛି। ଭାରତ ପାଇଁ ଆମେରିକା ବଜାର ଏକପ୍ରକାର ବନ୍ଦ ହୋଇସାରିଥିବାରୁ ଭାରତ ଯେଉଁ ବିକଳ୍ପ ବଜାରର ସନ୍ଧାନରେ ରହିଛି ରୁଷ୍ ତାହା ଯୋଗାଇ ଦେବ। ଏଥିପାଇଁ ରୁଷ୍‌ର ଶିଳ୍ପ ଓ ବ୍ୟବସାୟୀ ପ୍ରତିନିଧି ମଧ୍ୟ ଭାରତଗସ୍ତରେ ଆସିଛନ୍ତି।

ଏକପକ୍ଷରେ ଭାରତ ତୈଳ, ପ୍ରତିରକ୍ଷା ଓ ସାମରିକ ସହଯୋଗ ପାଇଁ ରୁଷ୍ ଉପରେ ନିର୍ଭରଶୀଳ। ଅପରପକ୍ଷରେ ବାଣିଜ୍ୟ ଓ ପ୍ରବାସନ ପାଇଁ ଆମେରିକାଠାରୁ ଏତେଶୀଘ୍ର ଦୂରେଇ ଯିବାକୁ ଚାହିଁବ ନାହିଁ। ଭାରତ-ରୁଷ୍ ଶୀର୍ଷ ବୈଠକକୁ ଆମେରିକା କିଭଳି ଦେଖିବ ଏବଂ କେଉଁ ନିଷ୍କର୍ଷ ବାହାର କରିବ ତାହା ଅସ୍ଥିରମତି ଟ୍ରମ୍ପଙ୍କ ଉପରେ ନିର୍ଭର କରେ। କିନ୍ତୁ ଭାରତ ଏହାକୁ ଚେକ୍ ଆଣ୍ଡ ବାଲାନ୍ସ ନୀତି ବା ସଜାଗ ଓ ସମତୁଲ ଭାବେ ଚତୁରତାର ସହିତ ପରିଚାଳନା କରିବାକୁ ପଡ଼ିବ। ରୁଷ୍-ୟୁକ୍ରେନ୍ ଯୁଦ୍ଧବିରତି ପ୍ରସଙ୍ଗ ଏହି ଆଲୋଚନା ବେଳେ ସ୍ଥାନ ପାଇବା ନିଶ୍ଚିତ। କିନ୍ତୁ ଭାରତ ତା'ର ପଡ଼ୋଶୀ ଦୁଷ୍ଟ ରାଷ୍ଟ୍ରଙ୍କୁ କି ବାର୍ତ୍ତା ଦେବ ତାହା ଆଉ କିଛି ଘଣ୍ଟା ପରେ ସ୍ପଷ୍ଟ ହେବ। ସରକାରୀ ଔପଚାରିକତାକୁ ଏଡ଼ାଇ ଯାଇ ମୋଦୀ ଓ ପୁଟିନ୍ ଯେଭଳି ପରସ୍ପର ସହିତ ମିଶିଲେ ଏବଂ ଭାରତରେ ପୁଟିନ୍‌ଙ୍କୁ ଯେଭଳି ଭବ୍ୟ ସ୍ୱାଗତ କରାଗଲା ସେଥିରୁ ମଧ୍ୟ ଅବଶିଷ୍ଟ ବିଶ୍ୱଙ୍କୁ ଏକ ସ୍ୱତନ୍ତ୍ର ସନ୍ଦେଶ ଯାଉଛି, ଯାହା ବୁଦ୍ଧିମାନ ପଡ଼ୋଶୀମାନେ ବୁଝିବାରେ କଷ୍ଟ ହେବ ନାହିଁ।

# ଅନିଶ୍ଚିତ ଚାକିରିରେ ଅଦୃଶ୍ୟ ଚାପ

**ଡକ୍ଟର ଅବଶ ପରିଡ଼ା**

ବାରମ୍ବାର ଚାକିରି ହରାଇବା, ଅସୁରକ୍ଷିତ ରୋଜଗାର ଜୀବନ, କମ୍ ଦରମା, ଚାପପୂର୍ଣ୍ଣ କାର୍ଯ୍ୟ ଲକ୍ଷ୍ୟ ସହିତ ଘରୋଇ, ଚୁକ୍ତିଭିତ୍ତିକ, ଆଉଟସୋର୍ସିଂ ଓ ଗିଗ୍-ଭିତ୍ତିକ ନିଯୁକ୍ତିର ପ୍ରସାର ହେଉଛି ଆଧୁନିକ ଶ୍ରମ ବଜାରର ବୈଶିଷ୍ଟ୍ୟ। ସମାଜବିଜ୍ଞାନୀଙ୍କ ମତରେ ଶ୍ରମ ବଜାର ଓ ବିଶାଳ କର୍ମଜୀବୀ ସମୁଦାୟ ପାଇଁ ଏହା ହେଉଛି ଏକ ଯୋଜନାବଦ୍ଧ ଅସ୍ଥିରତା। ମୋଟ ଉପରେ ଅନିଶ୍ଚିତ, ଅସ୍ଥାୟୀ ଓ ସାମାଜିକ ସୁରକ୍ଷାର ଅଭାବ ଥିବା କାର୍ଯ୍ୟସଂସ୍କୃତି ଆଡ଼କୁ ହେଉଥିବା ଏକ ବୃହତ୍ ପରିବର୍ତ୍ତନ। ଏପରି ଦୃଶ୍ୟପଟ୍ଟରେ, କାର୍ଯ୍ୟରେ ନୈତିକୀକରଣ(ମୋରାଲାଇଜେସନ୍ ଅଫ୍ ୱାର୍କ) ଏବଂ କାର୍ଯ୍ୟ ପ୍ରତି ଆନ୍ତରିକ ପ୍ରେରଣାର ଆଶା କର୍ମଜୀବୀଙ୍କ ପାଇଁ ଏକ ଅଦୃଶ୍ୟ ଚାପ ହେଉନି ତ?

ତାତ୍ତ୍ୱିକ ଦୃଷ୍ଟିରେ କାର୍ଯ୍ୟରେ ନୈତିକୀକରଣ ଧାରଣା ହେଉଛି ପରିବାର ଓ ସମାଜ ପ୍ରତି ଏକ କର୍ତ୍ତବ୍ୟ, ବ୍ୟକ୍ତି ଚରିତ୍ରର ଏକ ମର୍ଯ୍ୟାଦା ଏବଂ ପରିଶେଷରେ ଜୀବିକା ଉପାର୍ଜନଠାରୁ ଅଧିକ ମୂଲ୍ୟବାନ। କାର୍ଯ୍ୟକୁ ସ୍ୱାଭାବିକ ଠିକ୍ କିମ୍ବା ଭୁଲ ଭାବରେ ବିଚାର କରାଯିବାର ଏକ ପ୍ରକ୍ରିୟା ହେଉଛି କାର୍ଯ୍ୟରେ ନୈତିକୀକରଣ, ଯେଉଁଠାରେ ନୈତିକ ବିଚାରଗୁଡ଼ିକ ପ୍ରୟୋଗ ହୁଏ। କାର୍ଯ୍ୟ ପ୍ରତି ଥିବା ଏହି ଧାରଣା ପାଇଁ ଧାର୍ମିକ, ସାଂସ୍କୃତିକ ଓ ଶିଳ୍ପ ବ୍ୟବସ୍ଥା ଦାୟୀ। ସମ୍ଭବତଃ ସେଥିପାଇଁ କାର୍ଯ୍ୟରେ ପରିଶ୍ରମକୁ ଏକ ବ୍ୟକ୍ତିଗତ ସଦଗୁଣ ଭାବେ ଚିତ୍ରଣ କରାଯାଉଛି। ଏଠି କହି ରଖିବାକୁ ଚାହେଁ ଯେ ଏସବୁ ଆଶାଗୁଡ଼ିକ ପଦୋନ୍ନତି, ପୁରସ୍କାର ଓ ଦୀର୍ଘକାଳୀନ ନିଯୁକ୍ତିଦାତା-କର୍ମଚାରୀ ସମ୍ପର୍କ ଭଳି ମାନ୍ୟତା ଉପରେ ଆଧାରିତ। କିନ୍ତୁ ଆଧୁନିକ ଅସ୍ଥିର ଶ୍ରମ ବଜାର ଏବଂ ଲାଭ ଅଭିମୁଖୀ-ମାନବିକ ମୂଲ୍ୟହୀନତା ନିଯୁକ୍ତିରେ ଏହିସବୁ ଉପାଦାନ ଏକ ବିଶାଳ ଶ୍ରମଜୀବୀ ଗୋଷ୍ଠୀ ପାଇଁ ପ୍ରଯୁଜ୍ୟ ନୁହେଁ ବୋଲି ସମାଜଶାସ୍ତ୍ରୀମାନେ ମନ୍ତବ୍ୟ ରଖନ୍ତି।

ଏଠାରେ ଏମିତି ବି ପ୍ରଶ୍ନ ଆସିପାରେ ଯେ କାର୍ଯ୍ୟରେ ନୈତିକୀକରଣ ହେଉଛି ଏକ ପ୍ରକ୍ରିୟା। ଏହା ସାମାଜିକ ଓ ମାନବିକ ମୂଲ୍ୟବୋଧ ପାଇଁ ଉଦ୍ଦିଷ୍ଟ। ତେଣୁ ଯେକୌଣସି ଚାକିରି ହେଉ, ସେଥିରେ ଆନ୍ତରିକ ପ୍ରେରଣା ରହିବା ଦରକାର। ଆନ୍ତରିକ ପ୍ରେରଣା ହେଉଛି ଅର୍ଥ କିମ୍ବା ପ୍ରଶଂସା ପରି ବାହ୍ୟ ପୁରସ୍କାର ଅପେକ୍ଷା ଅନ୍ତର୍ନିହିତ ସନ୍ତୋଷ ସହ କାର୍ଯ୍ୟ କରିବା ପାଇଁ ପ୍ରେରଣା। କିନ୍ତୁ ବିପରୀତରେ, କିଛି ସର୍ବେକ୍ଷଣର ଫଳାଫଳ ଏ ବିଷୟରେ ଭିନ୍ନ ମତ ରଖନ୍ତି। ଏଡିପି ଇଣ୍ଡିଆର ଏକ ରିପୋର୍ଟ ଅନୁଯାୟୀ ଭାରତରେ ପଚାଶ ପ୍ରତିଶତ କର୍ମଚାରୀ ଏବଂ ବିଶ୍ୱସ୍ତରରେ ଏକ ବିଶାଳ ଅଂଶ ସେମାନଙ୍କ ଚାକିରିରେ ସୁରକ୍ଷିତ ଅନୁଭବ କରନ୍ତି ନାହିଁ। କନିଷ୍ଠ କର୍ମଚାରୀଙ୍କ ମଧ୍ୟରେ (ଜେନ୍ ଜେଡ୍ ବା ୧୮-୨୪ ବର୍ଷ ବୟସ) ଅସୁରକ୍ଷାର ଭାବନା ଆହୁରି ଅଧିକ। ଏହି ବ୍ୟାପକ ଅସୁରକ୍ଷାର ଚିନ୍ତା ସୂଚାଇ ଦିଏ ଯେ ଅନେକ କର୍ମଚାରୀ ଦୀର୍ଘକାଳୀନ ନିଯୁକ୍ତି ସ୍ଥିରତା ଉପରେ ଆଗକୁ ନିର୍ଭର କରିପାରିବେ ନାହିଁ। 'କଠିନ ପରିଶ୍ରମ ହିଁ ସବୁବେଳେ ଚାକିରି ସୁରକ୍ଷା ଦେବ' ଭଳି ପାରମ୍ପରିକ ପ୍ରତିଶ୍ରୁତି ମଧ୍ୟ ଏବେ ଦୁର୍ବଳ ହୋଇଗଲାଣି। ତେଣୁ ଚାକିରିର ଅସୁରକ୍ଷା ଯୋଗୁଁ ବ୍ୟକ୍ତିର କାର୍ଯ୍ୟରେ ଭାଗିଦାରୀ କମ୍ ହେଉଛି। କାର୍ଯ୍ୟର ନୈତିକ ଦିଗ ଯଥା କର୍ତ୍ତବ୍ୟ, ବିଶ୍ୱସ୍ତତା, ପରିଚୟ ଅନେକାଂଶରେ କ୍ଷୁଣ୍ଣ ହେବାର ଆଶଙ୍କା ମଧ୍ୟ ବଢ଼ିଯାଉଛି।

କିଛିଦିନ ତଳେ ଏହି ସମାନ ବିଷୟବସ୍ତୁକୁ ନେଇ ଏକ ଉଚ୍ଚସ୍ତରୀୟ ଅଧ୍ୟୟନ ହୋଇଥିଲା। ଏଥିରେ ଉଲ୍ଲେଖ ଥିଲା ଯେ ନିଜ କାର୍ଯ୍ୟକୁ ଭଲ ପାଇବା ଦ୍ୱାରା କର୍ମଚାରୀର ଆନ୍ତରିକ ପ୍ରେରଣା ବୃଦ୍ଧି ପାଏ। ଏହା ଯୋଗୁଁ ସୃଜନଶୀଳତା, ସ୍ଥିରତା ଓ କାର୍ଯ୍ୟଦକ୍ଷତା ଶାଣିତ ହୁଏ। କିନ୍ତୁ କାମକୁ ଭଲ ପାଇବା ଯେ କେତେବେଳେ କର୍ମଚାରୀ ପାଇଁ ଏକ ନୈତିକ ଦାୟିତ୍ୱରେ ପରିଣତ ହୋଇଯାଏ ଏବଂ ପରେ କ୍ଷତିକାରକ ହୁଏ ସେ ତାହା ଜାଣି ପାରେନାହିଁ। ସରଳରେ କହିବାକୁ ଗଲେ ଯେତେବେଳେ କର୍ତ୍ତୃପକ୍ଷ ନୈତିକ ଭାବରେ କାର୍ଯ୍ୟପ୍ରେରଣାକୁ ବିଚାର କରିବା ଆରମ୍ଭ କରନ୍ତି, ସେମାନେ ଦରମା କିମ୍ବା ଅନ୍ୟାନ୍ୟ କାରଣରୁ କାମ କରୁଥିବା କର୍ମଚାରୀଙ୍କୁ ନିକୃଷ୍ଟ ବୋଲି ଭାବନ୍ତି। ସେହି ଅଧ୍ୟୟନର ଗବେଷକମାନଙ୍କ ପରାମର୍ଶ ଅନୁଯାୟୀ କେବଳ ଆଗ୍ରହ ନୁହେଁ, ଜୀବନରେ ସନ୍ତୁଳନ ପାଇଁ ଆମେ କାର୍ଯ୍ୟ କରୁ। ତେଣୁ ସମସ୍ତେ ସେମାନଙ୍କ କାମକୁ ଭଲ ପାଇବେ ବୋଲି ଆଶା ରଖିବା ଗ୍ରହଣୀୟ ନୁହେଁ।

ଏହି ପରିପ୍ରେକ୍ଷୀରେ 'ଦ କଣ୍ଡିସନାଲ୍ ମୋରାଲାଇଜେସନ୍ ମଡେଲ୍' ତତ୍ତ୍ୱ କୁହେ ଯେ ମୌଳିକ ସାଂରଚନିକ ସର୍ତ୍ତାବଳୀ ଯଥା ଚାକିରି ସୁରକ୍ଷା, ନ୍ୟାୟସଙ୍ଗତ ଦରମା, ମର୍ଯ୍ୟାଦା ପୂରଣ ହେଲେ ହିଁ କାର୍ଯ୍ୟ ଅର୍ଥପୂର୍ଣ୍ଣ ହୁଏ। କ୍ଷୁଧା, ଅସୁରକ୍ଷା କିମ୍ବା ଅନିଶ୍ଚିତତାକୁ ଜଣେ ଚାହିଁଲେ ମଧ୍ୟ ନୈତିକତାର ରୂପ ଦେଇପାରିବେ ନାହିଁ। କେବଳ ଶ୍ରମିକମାନଙ୍କଠାରୁ ନୈତିକ, ବିଶ୍ୱସ୍ତ, ସ୍ୱ-ଚାଳିତ ଏବଂ ଆଗ୍ରହରେ ପରିପୂର୍ଣ୍ଣ ହେବା ଆଶା କଲେ ଅର୍ଥପୂର୍ଣ୍ଣ କାର୍ଯ୍ୟ ଅସମ୍ଭବ। କାର୍ଯ୍ୟକ୍ଷେତ୍ର ଓ ନିଯୁକ୍ତିଦାତାଙ୍କୁ ମଧ୍ୟ ନ୍ୟାୟ ଓ ମାନବୀୟ ଅବସ୍ଥା ଭଳି ନୈତିକ କର୍ତ୍ତବ୍ୟ ବହନ କରିବାକୁ ପଡ଼ିବ। ତେଣୁ ନୈତିକୀକରଣ କେବଳ କର୍ମଚାରୀର ବ୍ୟକ୍ତିଗତ ଗୁଣ ନୁହେଁ, ବରଂ ଏକ ସାଂଗଠନିକ ଦାୟିତ୍ୱ ଭାବରେ ପୁନଃସ୍ଥାପିତ କରାଯିବା ଉଚିତ। ନବ୍ୟ-ସମାଜବିଜ୍ଞାନୀଙ୍କ ମତରେ ନୈତିକୀକରଣ ଭୂମିକାର ବିବର୍ତ୍ତନ ହେଉଛି ଏବେ ଏହା 'ବ୍ୟକ୍ତିଗତ ଅଙ୍ଗୀକାରବଦ୍ଧତାର ବାଣିଜ୍ୟିକରଣ'ରେ ପରିଚାଳିତ।

ତେବେ ବର୍ତ୍ତମାନ ଅସୁରକ୍ଷିତ ଚାକିରିରେ ନୈତିକୀକରଣ ଆବଶ୍ୟକତା ଅଛି କି? ଏହାକୁ ନେଇ ଦୁଇଟି ପରସ୍ପର ବିରୋଧୀ ଚିନ୍ତାଧାରା ସୃଷ୍ଟି ହୋଇଛି। 'ନୈତିକତାର ଅର୍ଥ ଉପରେ ଉଭୟ ଚିନ୍ତାଧାରାର ଦୃଷ୍ଟିକୋଣ ନିର୍ଭର କରେ। ପ୍ରଥମ ମହଲ ଅନୁଯାୟୀ, ଏହା ଆବଶ୍ୟକ ନୁହେଁ। ଆଧୁନିକ କାର୍ଯ୍ୟ ନୈତିକତାର ଧାରଣା ଏବେ ରୁମାନିକରଣ ରୂପରେ ପରିଭାଷିତ। ଏହାର ଅର୍ଥ ହେଉଛି ଯେଉଁଠି କର୍ମଚାରୀର ପରିଶ୍ରମକୁ ଏକ ଭଲ ଅନୁଭବର କାହାଣୀ ଏବଂ ଏକ ମହାନ କର୍ତ୍ତବ୍ୟ ଭାବରେ ଚିତ୍ରଣ କରାଯାଏ। ଦରମା ନୁହେଁ, ବରଂ କାର୍ଯ୍ୟରେ ଆଗ୍ରହ ହେଉଛି ପ୍ରାଥମିକତା ଏବଂ ଖରାପ ପରିସ୍ଥିତିରେ ମଧ୍ୟ ବିଶ୍ୱସ୍ତତା ରହିବା ଉଚିତ ଭଳି ବାର୍ତ୍ତା ଏବେ ବ୍ୟାପକ। ଉଦାହରଣ ସ୍ୱରୂପ, 'ମାଲିକାନା, 'ଅପରିହାର୍ଯ୍ୟ, 'ଉଜ୍ଜଳ ଭବିଷ୍ୟତ', 'କାମକୁ ଭଲପାଅ' ଇତ୍ୟାଦି ବାକ୍ୟର କର୍ମଚାରୀଙ୍କ ଉପରେ ବହୁଳ ବ୍ୟବହାର ହେଉଛି। ଏହାଦ୍ୱାରା କିଏ ଲାଭ ପାଏ ଆମେ ସମସ୍ତେ ଜାଣୁ।

ଦ୍ୱିତୀୟ ମହଲ ଅନୁସାରେ କାର୍ଯ୍ୟରେ ନୈତିକୀକରଣର ଅତ୍ୟନ୍ତ ଆବଶ୍ୟକତା ଅଛି ଏବଂ ଆଗକୁ ରହିବ ମଧ୍ୟ। ଏଥିରେ ଦ୍ୱିମତ ନାହିଁ। ସାମ୍ପ୍ରତିକ ବିଶ୍ୱର ଅନେକ ଶ୍ରମ ସଂଗଠନ ଏବଂ ଭାରତର ଜାତୀୟ ବିକାଶକୁ ନେଇ ହୋଇଥିବା ବହୁବିଧ ଭାରତୀୟ ଅଧ୍ୟୟନ କାର୍ଯ୍ୟର ନୈତିକୀକରଣ ପାଇଁ ଦୃଢ଼ ସମର୍ଥନ କରନ୍ତି। ଅବଶ୍ୟ ଏହା ପାଇଁ କିଛି ମାନଦଣ୍ଡ ମଧ୍ୟ ପ୍ରସ୍ତୁତ ହୋଇଛି। ପ୍ଲାଟଫର୍ମ ଶ୍ରମ, ଆଉଟସୋର୍ସିଂ, ଚୁକ୍ତିଭିତ୍ତିକ କର୍ମଚାରୀଙ୍କଠାରୁ ନୈତିକ ଅଙ୍ଗୀକାରବଦ୍ଧତା ମାଗିବା ଆଉ ଯଥେଷ୍ଟ ନୁହେଁ। ଏହା ବଦଳରେ ନିଯୁକ୍ତିଦାତା, ପ୍ରତିଷ୍ଠାନ ଓ ମାଲିକଙ୍କ ଅନେକ ମାନବିକ ଓ ନୈତିକ ଦାୟିତ୍ୱ କଥା ମଧ୍ୟ ଉଲ୍ଲେଖ ଅଛି।

ଶେଷରେ, ଆଜିର ଶ୍ରମ ବଜାରରେ କର୍ମଚାରୀମାନେ ନୈତିକ ଭାବରେ ସ୍ୱୟଂ ପ୍ରେରଣା ପାଇବେ ବୋଲି ଆଶା କରିବା ବୃଥା। ଠିକ ଟ୍ରାଫିକ୍ ଜାମ୍ ମଧ୍ୟରେ ଧ୍ୟାନ କରିବାକୁ କହିବା ଭଳି। ନିଯୁକ୍ତିଦାତାମାନେ କର୍ମ କ୍ଷେତ୍ରରେ 'ପରିବାର ସଂସ୍କୃତି' କଥା ପ୍ରଚାର କରନ୍ତି। କିନ୍ତୁ କମ୍ ଦରମାରେ କର୍ମଚାରୀର ପରିବାର କେମିତି ଚଳୁଛି ସେ କଥା କେବେ ପଚାରନ୍ତି ନାହିଁ। ସମାଜଶାସ୍ତ୍ରୀୟ ଦୃଷ୍ଟିକୋଣରୁ ଏହି ବିରୋଧାଭାସ ଅଜାଣତରେ ନୁହେଁ, ବରଂ ଏହା ଏକ ଗଠନମୂଳକ। ଯଦି କାର୍ଯ୍ୟ ସଂସ୍କୃତିରେ ମର୍ଯ୍ୟାଦା, ନ୍ୟାୟ ଓ ସ୍ୱର ଅନୁପସ୍ଥିତ ରହିବ ତେବେ କୌଣସି ପ୍ରେରଣାଦାୟକ ପୋଷ୍ଟର, ଯୋଗ ଅଧିବେଶନ କିମ୍ବା ଟିମ ଆଉଟିଙ୍ଗ ଏହି ଅନିଶ୍ଚିତତାକୁ ନୈତିକ ଆହ୍ୱାନରେ ପରିଣତ କରିପାରିବ ନାହିଁ।

ତେଣୁ ଏକ ସୁନ୍ଦର ଭବିଷ୍ୟତର ଆବଶ୍ୟକତା ଅଛି, ଯେଉଁଠାରେ ସଂସ୍ଥାଗୁଡ଼ିକ ଲାଭ ବୃଦ୍ଧିକାରୀ ଯନ୍ତ୍ର ଭାବେ ନୁହେଁ, ବରଂ ସାମାଜିକ ଅଂଶୀଦାର ପରି ଆଚରଣ କରିବାକୁ ପଡ଼ିବ। ସେଯାଏଁ କର୍ମଚାରୀମାନେ ନିଜ ପରିଚାଳକ ଓ କାର୍ଯ୍ୟାଳୟ ମୁଖ୍ୟଙ୍କ ପ୍ରେରଣାଦାୟକ ଭାଷଣରେ ମୁଣ୍ଡ ନୁଆଁଇ ହଁ ମାରି ଚାଲୁଥିବେ। ଅବଚେତନ ମନରେ ଭବିଷ୍ୟତ, ପରିବାର, ଦାୟିତ୍ୱ ବିଷୟରେ ଚିନ୍ତା କରୁଥିବେ ଏବଂ ଗୁପ୍ତ ଭାବରେ ଅନ୍ୟତ୍ର ଚାକିରି କିମ୍ବା ସୁଯୋଗ ଖୋଜୁଥିବେ। ପରିବାର, ଜୀବନ ଓ ପେଟପାଟଣା ପାଇଁ ଏହା ହିଁ 'ଆନ୍ତରିକ ପ୍ରେରଣା'ର ସବୁଠାରୁ ସଚ୍ଚୋଟ ରୂପ; ନୁହେଁ କି?

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨।

# ସାମ୍ବିଧାନିକ ମୂଲ୍ୟବୋଧ ଓ ଦେଶ ପ୍ରତି ଆମ ଦାୟିତ୍ୱ

**ନିରଞ୍ଜନ ନାୟକ**

ଗୋଟିଏ ପରିବାରର ସୁପରିଚାଳନା ପାଇଁ ଆବଶ୍ୟକ ହୁଏ କିଛି ନିର୍ଦ୍ଦିଷ୍ଟ ନିୟମ ବା ବ୍ୟବସ୍ଥା। ବିଶେଷକରି ପାରିବାରିକ ବ୍ୟବସ୍ଥାର ପରିଚାଳନା ଭାର ପରିବାରର ଜଣେ ବରିଷ୍ଠଙ୍କ ମୌଖିକ ବ୍ୟବସ୍ଥା ଦେଇ ପରିଚାଳିତ ହୋଇଥାଏ ସତ, କିନ୍ତୁ ପରିବାରର ଆଲୋଚନା ଓ ପର୍ଯ୍ୟାଲୋଚନା ପରର ନିଷ୍କର୍ଷ ଗୋଟିଏ ପରିବାରକୁ ସଶକ୍ତ, ସମୃଦ୍ଧ ଓ ପ୍ରଗତିଶୀଳ କରାଇବାରେ ସହାୟକ ହୋଇଥାଏ। ଶହେ ଚାଳିଶ କୋଟିରୁ ଊର୍ଦ୍ଧ୍ୱ ଜନସଂଖ୍ୟା ବିଶିଷ୍ଟ ଆମ ରାଷ୍ଟ୍ର ଭାରତର ସୁପରିଚାଳନା ତଥା ବିକାଶ ପାଇଁ ଏକ ନିର୍ଦ୍ଦିଷ୍ଟ ଲିଖିତ ନୀତି ନିୟମ ପ୍ରଚଳିତ ହୋଇଛି। ଭାରତୀୟ 'ସମ୍ବିଧାନ' ନାମରେ ପରିଚିତ ଏହି ଗ୍ରନ୍ଥରେ ବ୍ୟବସ୍ଥାପିକା, କାର୍ଯ୍ୟପାଳିକା ଓ ନ୍ୟାୟପାଳିକା ଅନ୍ତର୍ଭୁକ୍ତ। ଏକ ବଳିଷ୍ଠ ଗଣତନ୍ତ୍ର ପାଇଁ ଦେଶର ସମ୍ବିଧାନର ଭୂମିକା ଅନନ୍ୟ ଓ ଗୁରୁତ୍ୱପୂର୍ଣ୍ଣ।




ସମ୍ବିଧାନ ପ୍ରଣେତା ଭାବେ ବିଦିତ ଡ. ଭୀମରାଓ ଆମ୍ବେଦକର କହିଥିଲେ- ଭାରତୀୟ ସମ୍ବିଧାନ ଏକ କଠୋର ଆଇନଗତ ଦଲିଲ ନୁହେଁ, ବରଂ ଏହା ଏକ ଜୀବନ୍ତ ଏବଂ ଗତିଶୀଳ ଅଙ୍ଗ, ଯାହା ସମାଜର ପରିବର୍ତ୍ତନଶୀଳ ଆବଶ୍ୟକତା, ମୂଲ୍ୟବୋଧ ଓ ଆକାଂକ୍ଷାକୁ ପ୍ରତିଫଳିତ କରେ। ସମ୍ବିଧାନ କେବଳ ଏକ ଆଇନଗତ ଗ୍ରନ୍ଥ ନୁହେଁ, ଯାହା କେବଳ ଆଇନଜୀବୀମାନଙ୍କ ଦ୍ୱାରା ବ୍ୟବହୃତ ହୁଏ। ସମ୍ବିଧାନ ଦେଶର ଲୋକମାନଙ୍କର ଦୈନନ୍ଦିନ ଜୀବନକୁ ପରିଚାଳନା କରେ ଏବଂ ଏହା ଏକ ଗତିଶୀଳ ଯାନ ପରି, ଯାହା ସମାଜକୁ ଆଗକୁ ନେଇଯାଏ। ଏହାର ଆତ୍ମା ସର୍ବଦା ପ୍ରାଚୀନ, ଯାହା ସମୟ ସହିତ ପରିବର୍ତ୍ତନ ହୁଏ ଏବଂ ସାମ୍ପ୍ରତିକ ସମାଜର ମୂଲ୍ୟବୋଧ ଓ ଆବଶ୍ୟକତା ସହିତ ଯୋଡ଼ି ହୋଇ ରହିଥାଏ।

ସାମ୍ବିଧାନିକ ଅଧିକାର ଓ ନାଗରିକମାନଙ୍କ ଦେଶ ପ୍ରତି ଦାୟିତ୍ୱବୋଧ ରହିଲେ ସାମ୍ବିଧାନିକ ମୂଲ୍ୟବୋଧ ବ୍ୟାପକ ହୋଇପାରିବ। ଦେଶ ଓ ସମ୍ବିଧାନର ମୌଳିକ କର୍ତ୍ତବ୍ୟ ଓ ଦାୟିତ୍ୱକୁ ଆଜିର ଯୁବପିଢ଼ି ଗଭୀର ରୂପେ ହୃଦୟଙ୍ଗମ କଲେ ସମ୍ବିଧାନର ମହତ୍ତ୍ୱ ସୁଦୂରପ୍ରସାରୀ ହୋଇପାରିବ। ଆମେ ସମସ୍ତେ ମୌଳିକ ଅଧିକାର ବିଷୟରେ ବହୁତ ଜୋରରେ କଥା ହେଉ। କିନ୍ତୁ ଯେତେବେଳେ ଦେଶ ପ୍ରତି ଆମର ମୌଳିକ କର୍ତ୍ତବ୍ୟ କଥା ଆସେ, ଦେଶକୁ ରକ୍ଷା କରିବା ଏବଂ ସଦ୍‌ଭାବନାକୁ ପ୍ରୋତ୍ସାହିତ କରିବା ବେଳେ ଆମେ ସମସ୍ତେ ଦ୍ୱିଧାଗ୍ରସ୍ତ ଅବସ୍ଥାରେ ପଡ଼ିଯାଉ। ଏହି ସମ୍ବିଧାନ ଆମକୁ ସମାଜ ଏବଂ ଦେଶ ପ୍ରତି ଦାୟିତ୍ୱ ନିର୍ଣ୍ଣୟ କରିବାର ମୌଳିକ କର୍ତ୍ତବ୍ୟ ଦେଇଛି। କିନ୍ତୁ ଆମେ ଦେଶକୁ ରକ୍ଷା କରିବା ଏବଂ ଭାରତୀୟ ସମ୍ବିଧାନ ପାଳନ କରିବା ପାଇଁ କେହି କଥା ହେବାକୁ ଚାହୁଁନାହାନ୍ତି। ଆମେ ସବୁକିଛି ଚାହୁଁଛୁ, କିନ୍ତୁ ପ୍ରତିବଦଳରେ କିମ୍ବା ଏହାକୁ ଆମର ଦାୟିତ୍ୱ ଭାବରେ ବିଚାର କରିବାକୁ ଚାହୁଁନାହୁଁ।

'ଆଗ ଦେଶ ଆଉ ସବୁ ପଛ' ଏହି ଭାବନାର ଉଦ୍ରେକ ଆଜିର ଯୁବପିଢ଼ି ପାଇଁ ଗୁରୁତ୍ୱପୂର୍ଣ୍ଣ। ଏହି ମୌଳିକ କର୍ତ୍ତବ୍ୟଗୁଡ଼ିକ ମୁଖ୍ୟତଃ ପୂର୍ବତନ ସୋଭିଏତ୍ ୟୁନିଅନ୍ ଦ୍ୱାରା ଅନୁପ୍ରାଣିତ ହୋଇଥିଲା। ଭାରତରେ ମୋଟ ଏଗାରଟି ଅତ୍ୟାବଶ୍ୟକ କର୍ତ୍ତବ୍ୟ ବା ଆମର ଦାୟିତ୍ୱ ରହିଛି, ଯାହା ଭାରତୀୟ ସମ୍ବିଧାନରୁ ଗ୍ରହଣୀୟ। ଆମର କର୍ତ୍ତବ୍ୟ/ଦାୟିତ୍ୱଗୁଡ଼ିକ ହେଲା - ସମ୍ବିଧାନ ପାଳନ କରିବା ସହ ସ୍ୱାଧୀନତା ସଂଗ୍ରାମର ଆଦର୍ଶ ଅନୁସରଣ କରିବା, ଭାରତର ସାର୍ବଭୌମତ୍ୱ ଓ ଅଖଣ୍ଡତାକୁ ରକ୍ଷା କରିବା ସହ ଦେଶକୁ ରକ୍ଷା କରିବା ଏବଂ ଆହ୍ୱାନ ଆସିଲେ ଜାତୀୟ ସେବା ପ୍ରଦାନ କରିବା, ସାଧାରଣ ଭ୍ରାତୃତ୍ୱର ଭାବନା ବିକଶିତ କରିବା, ଦେଶର ସଂସ୍କୃତିକୁ ସଂରକ୍ଷଣ କରିବା, ପ୍ରାକୃତିକ ପରିବେଶ ଓ ଜୈବ ବିବିଧତାର ସଂରକ୍ଷଣ କରିବା, ବୈଜ୍ଞାନିକ ମନୋଭାବ ଓ ମାନବତା ବିକାଶ କରିବା, ଅହିଂସା ମାର୍ଗରେ ଚାଲିବା, ଜୀବନର ସମସ୍ତ କ୍ଷେତ୍ରରେ ଉତ୍କର୍ଷ ପାଇଁ ଚେଷ୍ଟା କରିବା, ସମସ୍ତ ପିତାମାତା/ଅଭିଭାବକଙ୍କ କର୍ତ୍ତବ୍ୟ ହେଉଛି ଯେ ସେମାନେ ୬ ରୁ ୧୪ ବର୍ଷର ଶିଶୁଙ୍କ ପାଇଁ ବାଧ୍ୟତାମୂଳକ ଶିକ୍ଷା ସୁନିଶ୍ଚିତ କରିବେ।

ମୌଳିକ କର୍ତ୍ତବ୍ୟ ସୃଷ୍ଟି କରିବା ପଛରେ ଉଦ୍ଦେଶ୍ୟ ହେଉଛି ପ୍ରତ୍ୟେକ ନାଗରିକ ଅନୁଭବ କରିବା ଉଚିତ ଯେ, ପ୍ରଥମ ହେଉଛି ଦେଶକୁ ରକ୍ଷା କରିବା ଏବଂ ପ୍ରତ୍ୟେକ କାର୍ଯ୍ୟ ଏବଂ ଲକ୍ଷ୍ୟଠାରୁ ଜାତୀୟ ସ୍ୱାର୍ଥ ଆଗରେ ରହିବା ଉଚିତ। ଭାରତୀୟ ମୌଳିକ କର୍ତ୍ତବ୍ୟରେ ଭାରତୀୟ ସମ୍ବିଧାନକୁ ପାଳନ କରିବା, ଆମର ଜାତୀୟ ପତାକାକୁ ସମ୍ମାନ କରିବା, ଜାତୀୟ ସଙ୍ଗୀତ ପ୍ରତି ସମ୍ମାନର ଭାବନା ରଖିବା ଏବଂ ସାର୍ବଜନୀନ ସମ୍ପତ୍ତିକୁ ସୁରକ୍ଷା ଦେବା ଅନ୍ତର୍ଭୁକ୍ତ। ବିଶ୍ୱର ଦ୍ୱିତୀୟ ଜନସଂଖ୍ୟା ବିଶିଷ୍ଟ ଭାରତ ଗଣତାନ୍ତ୍ରିକ ମୂଲ୍ୟବୋଧ ପାଇଁ ପରିଚିତ। ତେଣୁ ଆମ ଭଳି ସମସ୍ତ ନାଗରିକଙ୍କ ପାଇଁ ସମ୍ବିଧାନ ପାଳଟିଛି ଏକ ଅଭିନ୍ନ ଅଙ୍ଗ।

ରାୟଗଡ଼, ମୋ: ୯୪୩୭୩୧୭୪୧୭

# ବିଲାରାରେ ପୂଜା ପାଆନ୍ତି ଦୈତ୍ୟ ରାଜା ବଳି

**ଓଜସ୍ୱିନୀ**

### ବିଚିତ୍ର ବିଶ୍ୱାସ

ପୌରାଣିକ ଗାଥା ଅନୁସାରେ ଅନନ୍ୟ ବିଷ୍ଣୁଭକ୍ତ ପ୍ରହ୍ଲାଦଙ୍କର ପୌତ୍ର ମହାରାଜା ବଳିଙ୍କୁ ଦାନବୀର ତଥା ମହାଶକ୍ତିଶାଳୀ ରାଜାବଳୀ ଭାବେ ବର୍ଣ୍ଣନା କରାଯାଇଛି। ରାଜା ବଳି ଦୈତ୍ୟକୁଳରେ ଜନ୍ମିଥିଲେ ମଧ୍ୟ ବିଷ୍ଣୁଭକ୍ତିରେ ଲୀନ ଥିଲେ। ତେଣୁ ତାଙ୍କୁ ଭାରତର ଅନେକ ସ୍ଥାନରେ ଦେବତା ଭାବେ ପୂଜା କରାଯାଉଛି। ବିଶେଷଭାବେ ରାଜସ୍ଥାନର ବିଲାରା ଓ କେରଳରେ ବଳିଙ୍କ ପୂଜା ବିଶେଷ ରୀତିନୀତି ଦ୍ୱାରା ସମ୍ପନ୍ନ ହୋଇଥାଏ।

ରାଜସ୍ଥାନର ବିଲାରାଠାରୁ ମାତ୍ର ୪ କିଲୋମିଟର ଦୂରରେ ଥିବା ଗୋଟିଏ ଛୋଟ ପାହାଡ଼ ଉପରେ ନିର୍ମିତ ରାଜା ବଳିଙ୍କ ମନ୍ଦିର। ଲୋକକଥା ଅନୁସାରେ ଏହା ସେହି ପାହାଡ଼, ଯେଉଁଠି ରାଜା ବଳି ତାଙ୍କର ୧୦୦ତମ ଯଜ୍ଞାନୁଷ୍ଠାନ ସମ୍ପୂର୍ଣ୍ଣ କରିଥିଲେ ଏବଂ ଭଗବାନ ଶ୍ରୀବିଷ୍ଣୁ ଏହି ସ୍ଥାନରେ ବାମନ ବ୍ରାହ୍ମଣ ରୂପେ ଆବିର୍ଭୂତ ହୋଇ ବଳିଙ୍କୁ ତିନିପାଦ ଭୂମି ମାଗିଥିଲେ। ଆଜି ମଧ୍ୟ ଏଠାରେ ରାଜାବଳିଙ୍କ ଯଜ୍ଞାନୁଷ୍ଠାନର ଧ୍ୱଂସାବଶେଷ ଦେଖିବାକୁ ମିଳେ। ଏଠାରେ ନିର୍ମିତ ବଳି ମନ୍ଦିରର ଗର୍ଭଗୃହରେ ଗୋଟିଏ ବିଶାଳ ଗର୍ତ୍ତ ରହିଛି। ଏହି ଗର୍ତ୍ତକୁ ଗୋଟିଏ ବିଶାଳ ପଥର ଦ୍ୱାରା ଆବୃତ୍ତ କରି ରଖାଯାଇଛି। ବିଶ୍ୱାସ କରାଯାଏ ଯେ, ଏହା ସେହି ସ୍ଥାନ, ଯେଉଁଠି ଶ୍ରୀବିଷ୍ଣୁ ରାଜା ବଳିଙ୍କୁ ପାତାଳପୁରକୁ ପ୍ରେରଣ କରିଥିଲେ। ଏହି ସ୍ଥାନରେ ପ୍ରତିଦିନ ବିଧିବିଧାନର ସହ ରାଜା ବଳିଙ୍କ ପୂଜାର୍ଚ୍ଚନା କରାଯାଏ। ବିଲାରାସ୍ଥିତ ଆଇମାତା ଦେବୀଙ୍କ ମନ୍ଦିର ପରିସର ଭିତରେ ଥିବା କଳ୍ପତରୁ ଓ ଦେବଦାରୁ ନାମକ ବିଶାଳ ବୃକ୍ଷକୁ ତୀର୍ଥସ୍ଥଳର ମାନ୍ୟତା ମିଳିଛି। ବିଶ୍ୱାସ ରହିଛି ଯେ, ଏହି ବୃକ୍ଷତୀର୍ଥରେ ଥିବା ଦେବଦାରୁ ବୃକ୍ଷକୁ ରାଜା ବଳି ସ୍ୱର୍ଗପୁରରୁ ଏଠାକୁ ଆଣିଥିଲେ। ଏହି ବୃକ୍ଷର ଅନ୍ୟ ଏକ ବିଶେଷତ୍ୱ ହେଉଛି, ଏହାର ଶାଖାରେ ପ୍ରାକୃତିକ ଭାବେ ଅନେକ ଦେବୀଦେବତାଙ୍କ ଚିତ୍ର ଖୋଦିତ ହୋଇଥିବାର ଦେଖିବାକୁ ମିଳିଥାଏ ଏବଂ ବର୍ଷକରେ ଥରେ କେବଳ ଶ୍ରାବଣ ମାସରେ ଏହି ବୃକ୍ଷରେ ପତ୍ର ଆସିଥାଏ। ତେଣୁ ଏହି ଚମତ୍କାରୀ ତୀର୍ଥବୃକ୍ଷକୁ ପୂଜା କରିବା ସହିତ ରାଜା ବଳିଙ୍କ ନାମ ସ୍ମରଣ କରି ଏହାର ପ୍ରଦକ୍ଷିଣ କରିବା ଦ୍ୱାରା ଶ୍ରଦ୍ଧାଳୁଙ୍କ ମନସ୍କାମନା ପୂର୍ଣ୍ଣ ହୋଇଥାଏ। ରାଜସ୍ଥାନ-ଜୟପୁରର ବେରାଠ ପାହାଡ଼ରୁ ନିର୍ଗତ ବାଣଗଙ୍ଗା ନଦୀ ମଧ୍ୟ ବଳିଙ୍କୁ ସମର୍ପିତ। ଏହି ପ୍ରାଚୀନ ତୀର୍ଥସ୍ଥଳକୁ ରାଜସ୍ଥାନର ଦ୍ୱିତୀୟ ପୁଷ୍କର ମଧ୍ୟ କୁହାଯାଏ। ଜନଶ୍ରୁତି ଅନୁଯାୟୀ ଏକଦା ରାଜାବଳିଙ୍କ ରାଜ୍ୟରେ ମରୁଡ଼ି ଦେଖାଗଲା। ରାଜା ବଳି ଗୋଟିଏ ବାଣ ଭୂମି ଉପରକୁ ନିକ୍ଷେପ କଲେ। ସେହି ସ୍ଥାନରୁ ପାଣିର ଅବିରତ ଝର ସୃଷ୍ଟି ହେଲା ଏବଂ ବାଣରୁ ଜଳ ସୃଷ୍ଟ ହୋଇଥିବାରୁ ତାହାକୁ 'ବାଣଗଙ୍ଗା' ବୋଲି କୁହାଗଲା। ଏହି 'ବାଣଗଙ୍ଗା' ତୀର୍ଥରେ ସ୍ନାନ କଲେ ସମସ୍ତ ପାପ ନାଶ ହୋଇଯାଏ ବୋଲି ବିଶ୍ୱାସ ରହିଛି। ବିଶେଷଭାବେ କାର୍ତ୍ତିକ ମାସରେ ଏହି ତୀର୍ଥରେ ସ୍ନାନ କରି ରାଜା ବଳିଙ୍କ ମନ୍ଦିରକୁ ଯାଇ ଦର୍ଶନ କରିବାର ବିଧି ମଧ୍ୟ ରହିଛି। କାର୍ତ୍ତିକ ପୂର୍ଣ୍ଣିମା ଦିନ ଏଠାରେ ରାଜା ବଳିଙ୍କର ବିଶେଷ ପୂଜାର୍ଚ୍ଚନା କରାଯାଏ।

କେରଳର ରାଷ୍ଟ୍ରୀୟ ପର୍ବ ଓଣମ୍ ରାଜା ବଳିଙ୍କୁ ସମର୍ପିତ। ବିଶ୍ୱାସ ରହିଛି ଯେ, ଓଣମ୍ ପର୍ବର ତିନିଦିନ ରାଜା ବଳି ପ୍ରଜାମାନଙ୍କର ଦୁଃଖଦୁର୍ଦ୍ଦଶା ଦୂର କରିବା ପାଇଁ ପାତାଳପୁରରୁ ମର୍ତ୍ତ୍ୟମଣ୍ଡଳକୁ ଆସିଥା'ନ୍ତି। କେରଳରେ ଥିବା ତ୍ରିକ୍କାକାରା ବାମନମୂର୍ତ୍ତି ମନ୍ଦିର ଶ୍ରୀବିଷ୍ଣୁଙ୍କୁ ସମର୍ପିତ ହୋଇଥିଲେ ମଧ୍ୟ ଏହା ଓଣମ୍ ପର୍ବର କେନ୍ଦ୍ରସ୍ଥଳ ଭାବେ ମାନ୍ୟତା ପ୍ରାପ୍ତ। ଏହି ମନ୍ଦିରରେ ଶ୍ରୀବିଷ୍ଣୁଙ୍କ ବାମନ ଅବତାରର ପୂଜାର୍ଚ୍ଚନା କରିବା ସହିତ ଭକ୍ତମାନେ ରାଜା ବଳିଙ୍କୁ ମଧ୍ୟ ସ୍ମରଣ କରି ଓଣମ୍ ପର୍ବର ଶୁଭାରମ୍ଭ କରିଥା'ନ୍ତି। ଦୀପାବଳୀର ଦ୍ୱିତୀୟ ଦିନ ଦକ୍ଷିଣ ଭାରତରେ 'ମାର୍ଗପାଳି' ପୂଜା ନାମରେ ଏକ ପର୍ବ ପାଳନ କରାଯାଏ ଏବଂ ସନ୍ଧ୍ୟା ସମୟରେ ରାଜା ବଳିଙ୍କ ପୂଜା କରାଯାଏ। ବିଶ୍ୱାସ ରହିଛି ଯେ ଏହି ଦିନ ଶ୍ରୀବିଷ୍ଣୁ ରାଜା ବଳିଙ୍କୁ ପାତାଳର ରାଜା ଘୋଷିତ କରିବା ସହିତ ଚିରଞ୍ଜୀବୀ ହେବା ପାଇଁ ବରଦାନ ଦେଇଥିଲେ। ଏହି ଦିନ ଯେଉଁ ଭକ୍ତ ଶ୍ରୀବିଷ୍ଣୁଙ୍କ ସହିତ ବଳିଙ୍କ ପୂଜା କରିବେ, ସେ କେବେ କୌଣସି ଦୁର୍ଦ୍ଦଶା ଭୋଗ କରିବେ ନାହିଁ ଏବଂ ତାଙ୍କ ଜୀବନରେ ଅଶେଷ ସୁଖସମୃଦ୍ଧି ବାସ କରିବ - ଏହି ବରଦାନ ସ୍ୱୟଂ ନାରାୟଣ ବଳିଙ୍କୁ ଦେଇଥିଲେ। ତେଣୁ ଉକ୍ତ ପୌରାଣିକ କଥା ଅନୁସାରେ ଦକ୍ଷିଣ ଭାରତୀୟ ଭକ୍ତମାନେ ଘରର ମାର୍ଗ (ରାସ୍ତା) ଏବଂ ମୁଖ୍ୟଦ୍ୱାରକୁ ସଫା କରି ବିଭିନ୍ନ ପୁଷ୍ପ ଓ ପତ୍ରରେ ସଜ୍ଜିତ କରିଥା'ନ୍ତି। ଏହାପରେ 'ମାର୍ଗପାଳି' ମନ୍ତ୍ର ଜପ ଦ୍ୱାରା ପୂଜାର୍ଚ୍ଚନା ସମ୍ପନ୍ନ କରାଯାଏ ଏବଂ ସନ୍ଧ୍ୟା ସମୟରେ ରାଜାବଳିଙ୍କ ଉଦ୍ଦେଶ୍ୟରେ ଅନ୍ୟ ଏକ ମନ୍ତ୍ର ଜପ କରିବା ସହ ସୁଖସମୃଦ୍ଧି ବୃଦ୍ଧି କରିବା ପାଇଁ ପ୍ରାର୍ଥନା କରାଯିବାର ବିଧି ରହିଛି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଇଣ୍ଡିଗୋ ସେବାରେ...

ନୂଆ କାର୍ଯ୍ୟ ସମୟ ନିୟମ ନିର୍ଦ୍ଧାରଣ କରିବା ପରେ ଏହି ସମସ୍ୟା ସୃଷ୍ଟି ହୋଇଛି । ନୂଆ ନିୟମ ଅନୁଯାୟୀ ପାଇଲଟ ଦିନକୁ ସର୍ବାଧିକ ୮ ଘଣ୍ଟା ପାଇଁ ବିମାନ ଉଡ଼ାଇପାରିବେ । ସପ୍ତାହକୁ ୩୫ ଘଣ୍ଟା ଏବଂ ମାସକୁ ୧୨୫ ଘଣ୍ଟା ବିମାନ ଉଡ଼ାଇବା ଲାଗି ସମୟ ନିର୍ଦ୍ଧାରଣ କରାଯାଇଛି । ନିର୍ଦ୍ଧାରିତ ସମୟ ପରେ ପାଇଲଟଙ୍କୁ ବିମାନ ଉଡ଼ାଣ ପାଇଁ ଅନୁମତି ଦିଆଯାଉନଥିବାରୁ ଏଭଳି ଅପ୍ରୀତିକାର ପରିସ୍ଥିତି ସୃଷ୍ଟି ହୋଇଛି । ଭାରତରେ ଇଣ୍ଡିଗୋ ସମେତ ଏୟାର ଇଣ୍ଡିଆ ଓ ସ୍ପାଇସ୍ ଜେଟ୍ ଭଳି ସଂସ୍ଥା ମଧ୍ୟ ବିମାନ ସେବା ଯୋଗାଉଛନ୍ତି । ତେବେ ଯାତ୍ରୀ ସେବାରେ ଇଣ୍ଡିଗୋର ଭାଗ ୬୫ ଭାଗରୁ ଅଧିକ ଥିବାରୁ ନୂଆ ନିୟମ ଯୋଗୁଁ ଇଣ୍ଡିଗୋ ସର୍ବାଧିକ ପ୍ରଭାବିତ ହୋଇଛି । ଦିନକୁ ଦେଶ ଭିତରେ ଦୈନିକ ୩୩୦୦ ବିମାନ ସେବା ରହିଥିବା ବେଳେ ଏଥିରେ ଇଣ୍ଡିଗୋର ଅଂଶ ହେଉଛି ୨ ହଜାରରୁ ଅଧିକ ।

ଅନ୍ୟପକ୍ଷରେ ପାଇଲଟ ଆସୋସିଏସନ୍ ଏଭଳି ବିଭ୍ରାଟ ପାଇଁ ଇଣ୍ଡିଗୋ କର୍ତ୍ତୃପକ୍ଷଙ୍କୁ ଦାୟୀ କରିଛି । ସଂଘ କହିଛି ଯେ ନିୟମରେ ପରିବର୍ତ୍ତନ ପାଇଁ ଡିଜିସିଏ ଉପରେ ଚାପ ପକାଇବା ଲାଗି ଇଣ୍ଡିଗୋ ଏଭଳି ଆଭିମୁଖ୍ୟ ଗ୍ରହଣ କରିଛି । ନୂଆ ନିୟମ ପରେ ଇଣ୍ଡିଗୋ ଚାହିଁଥିଲେ ଅଧିକ ପାଇଲଟ ଓ ବିମାନ କର୍ମଚାରୀ ନିଯୁକ୍ତି କରିପାରିଥାଆନ୍ତା ।

ଇତିମଧ୍ୟରେ ଇଣ୍ଡିଗୋ ପକ୍ଷରୁ କୁହାଯାଇଛି ଆଗାମୀ ଦୁଇ ତିନି ଦିନ ଆହୁରି ବିମାନ ସେବା ବାତିଲ ହେବ । ଡିସେମ୍ବର ୮ ତାରିଖରୁ ବିମାନ ଉଡ଼ାଣ ସଂଖ୍ୟା କମାଇବ ଇଣ୍ଡିଗୋ । ଫେବୃଆରୀ ୧୦ ପରେ ପରିସ୍ଥିତି ସ୍ୱାଭାବିକ ହେବ ।

## ଭୁବନେଶ୍ୱରରେ ଯାତ୍ରୀ...

ବିରୋଧରେ ଯାତ୍ରୀମାନେ ବର୍ଷିଛନ୍ତି । ଗୁରୁବାର ରାତି ସୁଦ୍ଧା ଭୁବନେଶ୍ୱର ବିମାନବନ୍ଦରରୁ ଇଣ୍ଡିଗୋର ପ୍ରାୟ ୧୪ ବିମାନ ବାତିଲ ହୋଇଥିବା ବେଳେ ୨୪ ଟି ବିମାନ ବିଳମ୍ବିତ ଉଡାଣ ଓ ଅବତରଣ କରିଛି । ଏକାଧିକ ବିମାନ ଯିବାରେ ବିଳମ୍ବ ହୋଇଥିବା ଯୋଗୁଁ ଯାତ୍ରୀମାନେ ନାହିଁ ନ ଥିବା ସମସ୍ୟାରେ ପଡ଼ିଛନ୍ତି । ପ୍ରଭାବିତ ହୋଇଥିବା ବିମାନ ମଧ୍ୟରେ ଭୁବନେଶ୍ୱରରୁ ବେଙ୍ଗାଲୁରୁ ଯିବାକୁ ଥିବା ଇଣ୍ଡିଗୋ ବିମାନ ୬ଇ୭୦୩, ଭୁବନେଶ୍ୱରରୁ କୋଲକାତା ଯାଉଥିବା ଇଣ୍ଡିଗୋ ବିମାନ ୬ଇ୬୭୯୩ ଓ ଭୁବନେଶ୍ୱରରୁ ସିଙ୍ଗାପୁର ଯାଉଥିବା ଇଣ୍ଡିଗୋ ବିମାନ ୬ଇ୧୦୧୭ ଆଦି ବିମାନ ରହିଛି । ବିମାନ ପ୍ରଭାବିତକୁ ନେଇ ଜଣେ ଯାତ୍ରୀ କହିଛନ୍ତି ଆମକୁ ଆଜି ସକାଳ ସମୟରେ ହାଇଦ୍ରାବାଦରୁ ସାଉଦି ଆରବ ଯିବାର ଯୋଜନା ରହିଥିଲା । କିନ୍ତୁ ବିଳମ୍ବ ପାଇଁ ଭୁବନେଶ୍ୱରରେ ରହିଛୁ, କୌଣସି ବିମାନର ଷ୍ଟାଟସ ଏପର୍ଯ୍ୟନ୍ତ ଜଣା ନାହିଁ । ଯାତ୍ରୀମାନଙ୍କୁ ବିସ୍କୁଟ ଦେଇଦେଉଛି ଇଣ୍ଡିଗୋ । କିନ୍ତୁ ଯାତ୍ରୀଙ୍କ ଅସୁବିଧା ପାଇଁ ଦାୟୀ କିଏ ରହିବ ବୋଲି ସେ ପ୍ରଶ୍ନ କରିଛନ୍ତି ।

ଭୁବନେଶ୍ୱର ବିମାନ ବନ୍ଦରର ନିର୍ଦ୍ଦେଶକ ପ୍ରସନ୍ନ ପ୍ରଧାନ କହିଛନ୍ତି, ଯାତ୍ରୀଙ୍କ ପାଇଁ ବିମାନ ବନ୍ଦରରେ ସମସ୍ତ ପ୍ରକାରର ସୁବିଧା କରାଯାଇଛି । ବସିବା ପାଇଁ ଅଧିକ ଚୌକି ଓ ଖାଦ୍ୟର ମଧ୍ୟ ବ୍ୟବସ୍ଥା କରାଯାଇଛି । ଯେଉଁ ଯାତ୍ରୀମାନେ ଘରୁ ବିମାନ ଯାତ୍ରା ପାଇଁ ଆସୁଛନ୍ତି ସେମାନେ ବିମାନର ସମୟ ଚେକ କରି ଆସନ୍ତୁ । ଅନ୍ୟପଟେ ଗତକାଲି ଭୁବନେଶ୍ୱର ବିମାନବନ୍ଦରରେ ଇଣ୍ଡିଗୋ ଫ୍ଲାଇଟ ବିଳମ୍ବ ନେଇ ଉତ୍ତେଜନା ଦେଖାଯାଇଥିଲା । ୭୦୦ରୁ ଅଧିକ ଯାତ୍ରୀଙ୍କ ଅସନ୍ତୋଷ ଦେଖିବାକୁ ମିଳିଥିଲା । ଗତକାଲି ରାତି ୯ ରୁ ୧୧ ଟା ମଧ୍ୟରେ ଇଣ୍ଡିଗୋ ବିମାନଟି ଭୁବନେଶ୍ୱରରୁ ବେଙ୍ଗାଲୁରୁ, ଦିଲ୍ଲୀ ଓ ମୁମ୍ବାଇ ଯାଇଥାନ୍ତା । ଯାତ୍ରୀ ମାନଙ୍କୁ ନଜଣାଇ କିମ୍ବା କୌଣସି ପ୍ରକାରର ସୂଚନା ନଦେଇ ଫ୍ଲାଇଟ କ୍ୟାନସେଲ ହୋଇଥିଲା । ଗୁରୁବାର ସକାଳୁ ଆଉଥରେ ସିକ୍ୟୁରିଟି ଚେକିଇନ ସହ ବୋର୍ଡିଂ ପାସ୍ ଦିଆଯାଇଥିଲେ ମଧ୍ୟ ଅନେକ ସମୟ ପର୍ଯ୍ୟନ୍ତ ବିମାନ ନଉଡିବାରୁ ଏୟାରପୋର୍ଟରେ ହୋହାଲ୍ଲା ପାଟିତୁଣ୍ଡ ଦେଖିବାକୁ ମିଳିଥିଲା ।

## ବିଧାନସଭାରେ ଗାନ୍ଧୀଙ୍କ...

ଗାନ୍ଧୀଙ୍କ ପ୍ରତି କିଛି ଅପଶବ୍ଦ ପ୍ରୟୋଗ କରିଥିଲେ । ଯାହାକୁ ତୁରନ୍ତ ବିରୋଧୀ ବିଜେଡି ଓ କଂଗ୍ରେସ ସଦସ୍ୟମାନେ ତୀବ୍ର ବିରୋଧ କରିଥିଲେ । ଏହି ମନ୍ତବ୍ୟକୁ ଗୃହ ବିବରଣୀରୁ ବାଦ ଦେବା ପାଇଁ ବିରୋଧୀ ଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ ଓ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ୍ ଦାବି କରିବା ସହ ବିରୋଧୀ ସଦସ୍ୟମାନେ ବାଚସ୍ପତିଙ୍କ ପୋଡିୟମ ଆଗରେ ହୋହାଲ୍ଲା କରିଥିଲେ । ବାଚସ୍ପତି ବାରମ୍ବାର ଅନୁରୋଧ ପରେ ଉଭୟ ବିରୋଧୀ ନିଜ ଜିଦ୍‌ରେ ଅଟଳ ରହିବା ପରେ ଏହି ମନ୍ତବ୍ୟକୁ ଗୃହ ବିବରଣୀରୁ ବାଦ୍ ଦେବା ପାଇଁ ନିର୍ଦ୍ଦେଶ ଦେଇଥିଲେ । ଏହାସତ୍ତ୍ୱେ ବିରୋଧୀ ସଦସ୍ୟମାନେ ବିଧାୟକଙ୍କ ନିଜ ମନ୍ତବ୍ୟ ପାଇଁ ସେ କ୍ଷମା ମାଗନ୍ତୁ ବୋଲି ଦାବି କରି ବିଧାନସଭା ପରିସରରେ ଥିବା ଗାନ୍ଧୀ ମୂର୍ତ୍ତି ତଳେ ମୌନ ଧାରଣା ଦେଇଥିଲେ ।

ଗୃହ ବାହାରେ ଗଣମାଧ୍ୟମକୁ ସୂଚନା ଦେଇ ବିରୋଧୀଦଳ ଉପନେତା ଶ୍ରୀ ଆଚାର୍ଯ୍ୟ କହିଛନ୍ତି, ଗାନ୍ଧୀଙ୍କୁ ବିଧାନସଭାରେ ଅପମାନିତ କରିବା ଅର୍ଥ ସାରା ରାଷ୍ଟ୍ରକୁ ଅପମାନ କରିବା । ସ୍ୱାଧୀନତା ଆନ୍ଦୋଳନର ମଧ୍ୟ ଏହା ଅପମାନ । ଗାନ୍ଧୀଜୀଙ୍କୁ ଭାରତ ବିଭାଜନ ପାଇଁ ଦାୟୀ କରିବାଠାରୁ ଅସମୀଚିନ, ଅଯୁକ୍ତିକ ଓ ଅଜ୍ଞାନମୂଳକ କଥା କିଛି ନାହିଁ । ପବିତ୍ର ଗୃହ ଭିତରେ ଏକଥା କହି ଗୃହକୁ ବିଜେପି ଅପବିତ୍ର କରିଛି । ଏହି ମନ୍ତବ୍ୟ ବିରୋଧରେ ଆମେ ଗାନ୍ଧୀଙ୍କ ପନ୍ଥା ଅବଲମ୍ବନ କରିଛୁ । ଗାନ୍ଧୀଙ୍କ ପ୍ରତିମୂର୍ତ୍ତି ତଳେ ଆମେ ମୌନ ଧରଣାରେ ବସିଛୁ । ପବିତ୍ର ଗୃହ ଭିତରେ ଯେଉଁମାନେ ଇତିହାସକୁ ବିକଳାଙ୍ଗ କରିବାକୁ ଚେଷ୍ଟା କରୁଛନ୍ତି, ସେମାନଙ୍କୁ ଇତିହାସ କେବେ କ୍ଷମା ଦେବ ନାହିଁ । ଗାନ୍ଧୀଜୀ ଏ ଜାତିର ପିତା; ବିଧାନସଭାର ପୋଡ଼ିୟମରେ ବାଚସ୍ପତିଙ୍କ ପଛପଟେ ଗାନ୍ଧୀଙ୍କ ପ୍ରତିମୂର୍ତ୍ତି ଲାଗିଛି । ତାଙ୍କୁ ବିଜେପି ବିଧାୟକଙ୍କ ଲାଞ୍ଛନାକୁ ବିଜୁ ଜନତା ଦଳ ବିରୋଧ କରୁଛି । ତେଣୁ ଏହି ମନ୍ତବ୍ୟ ପାଇଁ ସମ୍ପୃକ୍ତ ସଦସ୍ୟ କ୍ଷମାପାର୍ଥନା କରିବା ସହ ବାଚସ୍ପତି ତାଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ ବୋଲି ଶ୍ରୀ ଆଚାର୍ଯ୍ୟ ଦାବି କରିଛନ୍ତି । ସେହିପରି କଂଗ୍ରେସ ବିଧାୟକ ଦଳ ନେତା ଶ୍ରୀ କାଡାମ କହିଛନ୍ତି ଯେ ମହାତ୍ମା ଗାନ୍ଧୀ ଦେଶକୁ ସ୍ୱାଧୀନ କରିଛନ୍ତି । ତାଙ୍କ ବିରୋଧରେ ଅପସୂଚକ ମନ୍ତବ୍ୟ ଦେବା ବିଜେପିର ଅସଲ ମାନସିକତାକୁ ପଦାରେ ପକାଇଛି । ଯେପର୍ଯ୍ୟନ୍ତ ସମ୍ପୃକ୍ତ ସଦସ୍ୟ କ୍ଷମା ମାଗି ନାହାନ୍ତି, କଂଗ୍ରେସ ଦଳ ଆନ୍ଦୋଳନ ଜାରି ରଖିବ ବୋଲି ଶ୍ରୀ କାଡାମ୍ କହିଛନ୍ତି ।

ଅନ୍ୟପଟେ ବିରୋଧୀ ସଦସ୍ୟମାନେ ୫ ଟା ୪୧ରୁ ଗୃହ ପରିତ୍ୟାଗ କରିବା ପରେ ବାଚସ୍ପତି ସୁରମା ପାଢ଼ୀ ସଂସଦୀୟ ବ୍ୟାପାରମନ୍ତ୍ରୀ ମୁକେଶ ମହାଲିଙ୍ଗ ସମେତ ଶାସକ ଦଳ ମୁଖ୍ୟ ସଚେତକ ସରୋଜ ପ୍ରଧାନ, ମନ୍ତ୍ରୀ ରବି ନାୟକଙ୍କ ସହ କିଛି ବିଧାୟକଙ୍କୁ ବିରୋଧୀ ସଦସ୍ୟଙ୍କୁ ବୁଝାଶୁଝା କରି ଗୃହକୁ ଫେରାଇ ଆଣିବା ପାଇଁ ପଠାଇଥିଲେ । ମାତ୍ର ବିରୋଧୀ ନିଜ ଜିଦ୍‌ରେ ଅଟଳ ରହିବା ହେତୁ ଗୃହ ବାରମ୍ବାର ଅର୍ଥାତ ୭ଟା ୨୫ ପର୍ଯ୍ୟନ୍ତ ମୁଲତବୀ ରହିଥିଲା । ଗୃହ ବାହାରେ ସଂସଦୀୟ ବ୍ୟାପାର ମନ୍ତ୍ରୀ କହିଥିଲେ ଯେ ଜାତିର ପିତା ମହାତ୍ମା ଗାନ୍ଧୀ ସମସ୍ତଙ୍କ ଆଦର୍ଶ । ତାଙ୍କ ବିରୋଧରେ କୌଣସି ମନ୍ତବ୍ୟ ଦେବା ଆମ ଦଳ କିମ୍ବା କୌଣସି ବିଧାୟକଙ୍କର ମଧ୍ୟ ଉଦ୍ଦେଶ୍ୟ ନୁହେଁ । ଏହି ମନ୍ତବ୍ୟକୁ ବାଚସ୍ପତି ମଧ୍ୟ ଗୃହ ବିବରଣୀରୁ ହଟାଇବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହାସହ ବିଧାୟକ ଶ୍ରୀ ଖଟୁଆ ମଧ୍ୟ ଏହାକୁ ନେଇ ଦୁଃଖ ପ୍ରକାଶ କରି ସାରିଛନ୍ତି ବୋଲି କହିଥିଲେ । ଏହାପରେ ମଧ୍ୟ ବିରୋଧୀ ସରକାରଙ୍କଠାରୁ ସ୍ପଷ୍ଟତା ଚାହିଁଥିଲେ । ଶେଷରେ ସଂସଦୀୟ ବ୍ୟାପର ମନ୍ତ୍ରୀ ଗୃହରେ ପ୍ରତିକ୍ରିୟା ରଖି ଉକ୍ତ ମନ୍ତବ୍ୟକୁ ସରକାର ନାପସନ୍ଦ କରୁଛନ୍ତି ବୋଲି କହିବା ପରେ ୭ ଟା ୨୫ରେ ଗୃହ କାର୍ଯ୍ୟ ସ୍ୱାଭାବିକ ହୋଇଥିଲା ।

## ହଟିବ ସବୁ...

ସମୟ ହ୍ରାସ ପାଇଛି । ବର୍ତ୍ତମାନ, ପରବର୍ତ୍ତୀ ପଦକ୍ଷେପ ହେଉଛି ହାଇ-ଟେକ୍, ପ୍ରତିବନ୍ଧକ-ମୁକ୍ତ ଟୋଲ୍ ପ୍ଲାଜା ଆଡକୁ ଅଗ୍ରସର ହେବା । ବର୍ତ୍ତମାନ ଟୋଲ୍ ପ୍ଲାଜାରେ ଗାଡ଼ି ଅଟକିବାର ଆବଶ୍ୟକତା ନାହିଁ । ଟଙ୍କା ସ୍ୱୟଂଚାଳିତ ଭାବରେ କଟୁଛି । ଗାଡ଼ି ଟୋଲ୍ ଲେନ୍ ଦେଇ ଯିବା ସମୟରେ ଏକ ସେନ୍‌ସର୍ ଟ୍ୟାଗ୍ ରିଡ୍ କରିଥାଏ । ଏହାପରେ ବ୍ୟବହାରକାରୀଙ୍କ ଲିଙ୍କ୍ ହୋଇଥିବା ବ୍ୟାଙ୍କ ଆକାଉଣ୍ଟ କିମ୍ବା ୱାଲେଟ୍‌ରୁ ତତ୍‌କ୍ଷଣାତ୍ ଟଙ୍କା କଟିଯାଏ । ସେ ଆହୁରି ମଧ୍ୟ କହିଛନ୍ତି ଯେ ବର୍ତ୍ତମାନ ସାରା ଦେଶରେ ପ୍ରାୟ ୪୫୦୦ ଜାତୀୟ ରାଜପଥ ପ୍ରକଳ୍ପ କାର୍ଯ୍ୟ ଚାଲିଛି, ଯାହାର ମୋଟ ମୂଲ୍ୟ ପ୍ରାୟ ୧୦ ଲକ୍ଷ କୋଟି ଟଙ୍କା ।

## ହୀରାକୁଦର ଜଳଧାରଣା...

ଘୋର ବିପଦ ଡାକିଆଣିବାର ଆଶଙ୍କା ଥିବାବେଳେ ସରକାର ଏହାକୁ ଗୁରୁତର ସହ ଗ୍ରହଣ କରିବାକୁ ସେ ଦାବି କରିଥିଲେ । ସେହିପରି ହୀରାକୁଦ ବନ୍ଧ କୂଳରେ ରାଜ୍ୟ ସରକାର ହୋଟେଲ ନିର୍ମାଣ ପାଇଁ ବଡ଼ ବଡ଼ କମ୍ପାନୀଙ୍କୁ ଜମି ପ୍ରଦାନ କରୁଛନ୍ତି । ଏଥିରେ ଆଦାନୀ କମ୍ପାନୀ ମଧ୍ୟ ରହିଛି । ହୋଟେଲ ନିର୍ମାଣ ହେଲେ ଲୋକଙ୍କ ସମାଗମ ହେବ । ଯାହା ବନ୍ଧର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରିବ ବୋଲି ସେ କହିଥିଲେ ।

ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ କହିଥିଲେ ଯେ ବିରୋଧୀ ଦଳ ଉପନେତା ଯେଉଁ ପ୍ରସଙ୍ଗ ଉତ୍ଥାପନ କରିଛନ୍ତି, ତାହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଓ ସ୍ପର୍ଶକାତର ପ୍ରସଙ୍ଗ । ଏହି ଆଶଙ୍କା ମଧ୍ୟ ଆଖପାଖ ଲୋକଙ୍କୁ ବେଶ୍ ବିଚଳିତ କରୁଛି । ବନ୍ଧ ନିର୍ମାଣ ପୂର୍ବରୁ ଓଡ଼ିଶାର ଯେତିକି ବଜେଟ ଥିଲା, ତାହା ଗୋଟିଏ ବନ୍ୟା ଆସିଲେ ତାହାର ମୁକାବିଲା ପାଇଁ ଖର୍ଚ୍ଚ ହୋଇ ଯାଉଥିଲା । ମୁଖ୍ୟତଃ ବନ୍ୟା ନିୟନ୍ତ୍ରଣ ପାଇଁ ହୀରାକୁଦ ବନ୍ଧ ନିର୍ମାଣ ହୋଇଥିଲା । ତେବେ ବନ୍ଧ ନିର୍ମାଣ ପରେ ଏଥିରେ ବ୍ୟାପକ ପରିମାଣରେ ମାଟି, ପଟୁ ଜମା ହେବା ଏବେ ବଡ଼ ସମସ୍ୟା । ଅତୀତରେ ମାଟି, ବାଲି ବାହାର କରିବା ପାଇଁ ଜାପାନ କମ୍ପାନୀକୁ ଦାୟିତ୍ୱ ଦିଆଯାଇଥିଲା । ମାତ୍ର ସେମାନେ ଏଥିରେ ବିଫଳ ହୋଇଥିଲେ । ବନ୍ଧରୁ ପଟୁ ବାହାର କଲେ ବନ୍ଧର ଜଳ ସଂରକ୍ଷଣ କ୍ଷମତା ବଢ଼ିବ ବୋଲି ସେ କହିଥିଲେ । ସେହିପରି ହୀରାକୁଦ ବନ୍ଧ ପାଖରେ ହୋଟେଲ ନିର୍ମାଣ ପ୍ରସଙ୍ଗରେ ରାଜ୍ୟ ସରକାର ଏନଇ ସମ୍ପୂର୍ଣ୍ଣ ସଚେତନ ଅଛନ୍ତି । ସରକାର ଏକ୍ଷେତ୍ରରେ ସୁରକ୍ଷାକୁ ମଧ୍ୟ ପ୍ରାଧାନ୍ୟ ଦେଉଛନ୍ତି । ରାଜ୍ୟରେ ପର୍ଯ୍ୟଟନ କ୍ଷେତ୍ରରେ ପର୍ଯ୍ୟାପ୍ତ ସୁଯୋଗ ରହିଛି । ଏହାର ସଠିକ୍ ଉପଯୋଗ ପାଇଁ ରାଜ୍ୟ ସରକାର ବ୍ୟାପକ ଯୋଜନା କରିଛନ୍ତି ବୋଲି ସେ ମତବ୍ୟକ୍ତ କରିଥିଲେ ।

## ଆଜି ବୈଷୟିକ...

ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କର ଏନେଇ ଏକ ଅନୌପଚାରିକ ଆଲୋଚନା ହୋଇଥିଲା । ପରେ କେନ୍ଦ୍ର ଗୃହ ମନ୍ତ୍ରୀ ଅମିତ ଶାହଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୂର୍ବାଞ୍ଚଳ ପରିଷଦ ବୈଠକରେ ମଧ୍ୟ ଉଭୟ ରାଜ୍ୟର ମୁଖ୍ୟମନ୍ତ୍ରୀଙ୍କ ମଧ୍ୟରେ ଏ ସଂକ୍ରାନ୍ତୀୟ ଆଲୋଚନା ଆଗକୁ ବଢ଼ିଥିଲା ।

ଗତ ଅଗଷ୍ଟ ୩୦ ତାରିଖରେ ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବ ଆଲୋଚନା କରିବା ସହ ବିବାଦର ସମାଧାନ ପାଇଁ ରୂପରେଖ ପ୍ରସ୍ତୁତ କରିଥିଲେ । ଇତିମଧ୍ୟରେ, ଉଭୟ ରାଜ୍ୟ ପକ୍ଷରୁ ଗଠିତ ଯୁଗ୍ମ ବୈଷୟିକ କମିଟିର ୬ଥର ବୈଠକ ଅନୁଷ୍ଠିତ ହୋଇଯାଇଛି । ଏହାବ୍ୟତୀତ ଆସନ୍ତା ୨୦ ତାରିଖରେ ମହାନଦୀ ଟ୍ରିବ୍ୟୁନାଲରେ ପରବର୍ତ୍ତୀ ଶୁଣାଣି ଅନୁଷ୍ଠିତ ହେବ ବୋଲି ସଂସଦୀୟ ବ୍ୟାପାର ମନ୍ତ୍ରୀ ମୁକେଶ ମହାଲିଙ୍ଗ ଗୃହରେ ଉତ୍ତର ରଖିଛନ୍ତି ।

## ମହିଳା ନିଶା ବେପାରୀଙ୍କ...

୨୦୦ ଗ୍ରାମ୍ ବ୍ରାଉନସୁଗାର ଜବତ କରାଯାଇଥିଲା । ଧଳା ଜହର ବିକ୍ରି ଅଭିଯୋଗରେ ଏବେ ଜେଲ୍‌ରେ ଅଛନ୍ତି ସୁକାନ୍ତି । ସରକାରୀ ଜାଗାରେ ଜୋର୍‌ଜବରଦସ୍ତ ଘର କରି ନିଶା କାରବାର କରୁଥିବା ଅଭିଯୋଗରେ ପୁଲିସ ଏଭଳି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି ।

ପୁରୀର ପ୍ରବେଶପଥ ଅଠରନଳା ନିକଟ ନୀଳଚକ୍ର ନଗରରେ ସରକାରୀ ଜାଗା ଜବରଦଖଲ କରି ଦୀର୍ଘ ଦିନ ହେବ ଧଳାଜହର କାରବାର କରୁଥିଲେ ସୁକାନ୍ତି । ହ୍ୱାଇଁ ଟିକି ଖାଁଙ୍କ ସହ ମିଶି ସୁକାନ୍ତି ଏହି ବେଆଇନ କାରବାର କରିଆସୁଥିଲେ । ଶେଷରେ କୋର୍ଟଙ୍କ ନିର୍ଦ୍ଦେଶ ପରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ତାଙ୍କର ଗୋଟିଏ ଦୋକାନ ସହ ୪ଟି ଘର ଭଙ୍ଗାଯାଇଛି । ନିଶା ବେପାରୀଙ୍କ ଘର ଉପରେ ବୁଲିଛି ବୁଲ୍‌ଡୋଜର । ସଦର ଏସ୍‌ଡିପିଓ ରବିନାରାୟଣ ଭଞ୍ଜ, ସଦର ଥାନା ଅଧିକାରୀଙ୍କ ସହ ଦୁଇ ପ୍ଲାଟୁନ୍ ପୁଲିସ ଫୋର୍ସଙ୍କ ଉପସ୍ଥିତିରେ ଏହି ଉଚ୍ଛେଦ କରାଯାଇଛି ।

ପୁରୀ ଏସ୍‌ପି ପ୍ରତୀକ୍ ସିଂ କହିଛନ୍ତି, ନିଶା ବେପାରୀଙ୍କ ବିରୋଧରେ ପୁଲିସ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରିବ । ଏଥିପାଇଁ ସମସ୍ତ ଥାନା ଅଞ୍ଚଳର ତାଲିକା ପ୍ରସ୍ତୁତ କରାଯାଇଛି । ଆଗକୁ ମଧ୍ୟ ଏଭଳି କାର୍ଯ୍ୟାନୁଷ୍ଠାନ ବଳବତ୍ତର ରହିବ ।

## କଳିଙ୍ଗା ଘାଟିରେ...

ମାଝୀ ଓ ଟିମ୍ ସହ ଜି.ଉଦୟଗିରି ପୁଲିସ ଏବଂ ଜାତୀୟ ରାଜପଥ ସହକାରୀ ଯନ୍ତ୍ରୀ ପ୍ରଶାନ୍ତ କୁମାର ସାହୁ ଓ ଅନ୍ୟ କନିଷ୍ଠ ଯନ୍ତ୍ରୀମାନେ ଉପସ୍ଥିତ ଥିଲେ । ଏହି ଭେଇକିଲ ସେନ୍ସର୍ ଆଲର୍ଟ ମେସିନ ରାଜ୍ୟରେ ପ୍ରଥମଥର କଳିଙ୍ଗା ଘାଟିରେ ଲାଗୁଥିବା ବେଳେ ଏହା ଠିକ୍ ଭାବେ କାମ କଲେ, ଆସନ୍ତା ଦିନମାନଙ୍କରେ ଅନ୍ୟ ସ୍ଥାନମାନଙ୍କରେ ଲଗାଯିବ ବୋଲି ଭୁବନେଶ୍ୱର ଆଇଆଇଟି ପକ୍ଷରୁ ଆସିଥିବା ଅଧିକାରୀ କହିଛନ୍ତି ।


GOVERNMENT OF ODISHA
OFFICE OF THE SUPERINTENDING ENGINEER, GANJAM [R&B] DIVISION NO.II, BERHAMPUR
Phone/Fax: 0680-2233996, e-mail: sernb2.ganjam@gmail.com
INVITATION FOR BIDS (IFB) [e-Procurement]

B-787

**TENDER CALL NOTICE**

Bid Identification No. SC (R&B)-GM-II-21/2025-26 No. Dated.27.11.2025

1) The Superintending Engineer, Ganjam [R&B] Division No.II, Berhampur on behalf of Governor of Odisha invites **percentage rate bid** in single cover system to be received in **ONLINE MODE** only for the work as detailed below:
2) Nature of Work : Electrical work
3) No. of work : 02 Nos.
4) Tender Cost : Rs.6,000/-
5) Class of Contractor : HT of registered with the ELBO Authorized HT License
6) Availability of bid documents in the website : From 05.12.2025 10.00 AM to 16.12.2025 4.00 P.M.
7) Date of opening of Bid : 17.12.2025 at 11.30 A.M.
8) The Bidders have to participate in ONLINE bidding only. Further details can be seen from the website https://tendersorissa.gov.in

(Sd/- S. Panigrahi)
Superintending Engineer
Ganjam (R&B) Division No.II

OIPR-34080/11/0038/2526



ଭା.କ.ନି. CCI

ଭାରତୀୟ କପା ନିଗମ ଲିମିଟେଡ୍
ଶାଖା କାର୍ଯ୍ୟାଳୟ: ରାୟଗଡା
ଭବନାରାୟଣ ନୀଲୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧

ମୋବାଇଲ ଆପ
କପାସ କିସାନ

ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୦୪.୧୨.୨୦୨୫

**କପା ଚାଷୀଙ୍କୁ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ **"କପାସ କିଷାନ"** ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ



# ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର ଜିଲ୍ଲା - ବଲାଙ୍ଗିର (ଧାନ ମଣ୍ଡି)

ଏତଦ୍ ଦ୍ୱାରା ବଲାଙ୍ଗିର ଜିଲ୍ଲା ଅନ୍ତର୍ଗତ ବଲାଙ୍ଗିର ଉପଖଣ୍ଡର ସମସ୍ତ ଚାଷୀ ଭାଇ ଓ ଭଉଣୀ ମାନଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ, ତା. ୦୫.୧୨.୨୦୨୫ ରିଖରୁ ଧାନକ୍ରୟ କରିବା ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ନିଷ୍ପତ୍ତି ନିଆଯାଇଛି । ଓଡିଶା ରାଜ୍ୟ ସରକାରଙ୍କ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗଙ୍କ ନିର୍ଦ୍ଦେଶ କ୍ରମେ ଆସନ୍ତା ଖରିଫ ଋତୁ (୨୦୨୫-୨୬) ବର୍ଷ ପାଇଁ ସରକାର ନିମ୍ନ ମତେ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ନିର୍ଦ୍ଧାରଣ କରିଛନ୍ତି । ତେଣୁ ଚାଷୀ ଭାଇ ଓ ଭଉଣୀମାନେ ତାଙ୍କର ଉତ୍ପାଦିତ ବଳକା ଧାନ ସବୁକୁ ପ୍ରାଥମିକ କୃଷି ସମବାୟ ସମିତି (PACS) ଓ ମହିଳା ସ୍ୱୟଂସହାୟିକା ଗୋଷ୍ଠୀ (WSHG) ମାନଙ୍କରେ ନିର୍ଦ୍ଧାରିତ ଦିବସରେ ବିକ୍ରି କରିବା ପାଇଁ ଅନୁରୋଧ ।

*"ଚାଷୀ ଭାଇମାନଙ୍କୁ ଅନୁରୋଧ ଧାନ ସବୁକୁ ଠିକ୍ ଭାବରେ ଖରାରେ ଶୁଖାଇ ବାଲି, ମାଟି, କୁଟା, ଅଗାଡି ଇତ୍ୟାଦିକୁ ଭଲ ଭାବରେ ସଫାକରି ବିକ୍ରୟ କେନ୍ଦ୍ରକୁ ଆଣିବା ହେବେ । ଯେପରି ଧାନ ବ୍ୟବସାୟଯୋଗୀ, ଖାଦ୍ୟ ଉପଯୋଗୀ ଏବଂ ପୋକରା, ଦୁର୍ଗନ୍ଧ ଓ ବିଷ ମୁକ୍ତ ହୋଇଥିବ ।"*

ଧାନ କ୍ରୟ ଦିବସ - ସୋମ, ମଙ୍ଗଳ, ବୁଧ, ଗୁରୁ ଶୁକ୍ର, ଶନି ସମୟ - ସକାଳ ୭ ଘଣ୍ଟା ରୁ ମଧାହ୍ନ ୧୨ ଘଣ୍ଟା ମଧ୍ୟରେ ଧାନ ବିକ୍ରୟ କରି ପାରିବେ ।

**ଧାନର ଗୁଣାତ୍ମକ ମାନ**

| କ୍ର.ନଂ | ଧାନରେ ମିଶ୍ରିତ ନିକୃଷ୍ଟ ବାହ୍ୟ ପଦାର୍ଥ | ଏଫ୍ . ଏ. କ୍ୟୁ ମାନର ଧାନ ପାଇଁ ସର୍ବୋଚ୍ଚ ସୀମା (%) |
|---|---|---|
| ୧. | ଅଜୈବୀକ ବାହ୍ୟ ପଦାର୍ଥ (ବାଲି, ମାଟି, ଗୋଡ଼ି, ପଥର ବା ଧୂଳି ଇତ୍ୟାଦି) | ୧.୦ % |
| ୨. | ଜୈବୀକ ବାହ୍ୟ ପଦାର୍ଥ (କାଠି, କୁଟା, ଧୂଷ, ଅଗାଡ଼ି ବା ପୋଲା ଇତ୍ୟାଦି) | ୧.୦% |
| ୩. | ଖରାପ, ବେରଙ୍ଗୀ, ପାଣିଫୁଲା ଓ ପୋକା (ଖରାପ, ପାଣିଫୁଲା ଓ ପୋକା ମିଶି ୪% ରୁ ଅଧିକ ହୋଇନଥିବ) | ୫.୦% |
| ୪. | ଅପରିପକ୍ୱ (କଞ୍ଚା – ସବୁଜ) ବଙ୍କା ଓ ସଙ୍କୁଚିତ ଇତ୍ୟାଦି | ୩.୦ % |
| ୫. | ସରୁଧାନରେ ମିଶ୍ରିତ ମୋଟା ଧାନ (କେବଳ ଗ୍ରେଡ୍ "ଏ" ଧାନ ନିମନ୍ତେ) | ୬.୦ % |
| ୬. | ଆର୍ଦ୍ରତା ବା ଜଳୀୟ ଅଂଶ | ୧୭.୦% |

-: ଏହି ବର୍ଗର ଧାନ ପାଇଁ ସରକାରୀ ଧାର୍ଯ୍ୟଦର ନିମ୍ନରେ ଦିଆଗଲା :-

| କ୍ର.ନଂ. | (FAQ) ଧାନର ମାନ | କ୍ୱିଣ୍ଟାଲ ପ୍ରତି ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ତତ୍‌ସହ ଇନ୍‌ପୁଟ ସହାୟତା |
|---|---|---|
| ୧. | ସାଧାରଣ ମାନ (Common FAQ) | ୩୧୦୦/- |



ଚଳିତ ବର୍ଷ ଧାନ କ୍ରୟ ପାଇଁ ପଞ୍ଜିକୃତ ହୋଇଥିବା ଚାଷୀମାନଙ୍କ ମୋବାଇଲ ନମ୍ବର (SMS) ଜରିଆରେ ଚାଷୀମାନଙ୍କୁ ସେମାନଙ୍କର ବିକ୍ରିଯୋଗ୍ୟ ଧାନ ସହ ମଣ୍ଡିରେ ଉପସ୍ଥିତ ହେବା ପାଇଁ ବାର୍ତ୍ତା (ଅଗ୍ରୀମ ଟୋକନ୍) ପ୍ରେରଣ କରାଯିବ ଯାହାକି ୩୦ ଦିନ ବୈଧ ରହିବ । ଅଗ୍ରୀମ ଟୋକନ୍ ପାଇଲା ପରେ ସଂପୃକ୍ତ କ୍ରୟକାରୀ ପ୍ରାଥମିକ କୃଷି ସମବାୟ ସମିତି (PACS) ବା ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀଙ୍କ କାର୍ଯ୍ୟାଳୟ ସହିତ ଯୋଗାଯୋଗ କରିବା ପାଇଁ ଅନୁରୋଧ । ଚଳିତ ବର୍ଷ ଟୋକନ୍ ରେ ଦିଆଯାଇଥିବା ଦିନ ଓ ପରିମାଣର ଧାନ ନେଇ ଆସିଥିବା ଚାଷୀମାନଙ୍କ ଠାରୁ କ୍ରମାନ୍ୱୟ (FIFO) ରେ ଧାନ କ୍ରୟ କରାଯିବ । ବିନା ଟୋକନ୍ ରେ ମଣ୍ଡିକୁ ଧାନ ନ ଆଣିବା ପାଇଁ ଚାଷୀ ଭାଇମାନଙ୍କୁ ଅନୁରୋଧ ।

ଚାଷୀ ଭାଇ ଓ ଭଉଣୀମାନଙ୍କୁ ଅନୁରୋଧ ଯେ ସେମାନେ ନିଜର ନାମ ପଞ୍ଜିକରଣ ସମୟରେ ଦେଇଥିବା ଆଧାର ପରିଚୟପତ୍ର ଏବଂ ପ୍ରାପ୍ତହୋଇଥିବା ଟୋକନ୍ ଆଣିବେ । ରେଜିଷ୍ଟ୍ରିଭୁକ୍ତ ଚାଷୀ ଭାଇଭଉଣୀମାନେ ତାଙ୍କର ପଞ୍ଜିକୃତ ହୋଇଥିବା ମୋ. ନଂ ରୁ ଟୋଲ୍ ଫ୍ରି ନଂ 1967 ଡାଏଲ କରି ତାଙ୍କର ଯାଞ୍ଚକୃତ (Verified) ହୋଇଥିବା ଜମିର ପରିମାଣ, ଟୋକନ୍‌ର ସ୍ଥିତି ଏବଂ ଦେୟର ସ୍ଥିତି ପରିମାଣ ଜାଣିପାରିବେ ।

I.V.R.S ପଦ୍ଧତିରେ -
୫ ନମ୍ବର ଚୟନ କଲେ ଯାଞ୍ଚକୃତ (Verified) ହୋଇଥିବା ଜମିର ପରିମାଣ ଜାଣିପାରିବେ ।
୬ ନମ୍ବର ଚୟନ କଲେ ଟୋକନ୍ ର ସ୍ଥିତି ଜାଣିପରିବେ ।
୭ ନମ୍ବର ଚୟନ କଲେ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ଦେୟର ସ୍ଥିତି ଜାଣିପାରିବେ ।

ସ୍ୱା - ସଂପାଦକ
ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର

ସ୍ୱା - ଉପଜିଲ୍ଲାପାଳ ବଲାଙ୍ଗିର ତଥା ଅଧ୍ୟକ୍ଷ
ନିୟନ୍ତ୍ରୀତ ବଜାର କମିଟି, ବଲାଙ୍ଗିର



ADMISSION NOTICE-2025-26
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
*Campus:*
262, Puranpadhan, Balakati, Bhubaneswar
Mob. 7019799641, 7978608747
9853801459
Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL



**TENDER NOTICE**

IGSSS invites quotations from reputed and experienced service providers for designing and installing a 5-metric-ton Solar-based cold storage unit for fisheries. Interested firms are requested to submit their Expression of Interest (EOI) to receive the detailed RFP by emailing procurement@igsss.net within 15 days. For more information, please contact 9711387171 / 7978102371.



OFFICE OF THE PRINCIPAL S.D. WOMEN'S COLLEGE RAJGANGPUR
No./610/sdwc/NAAC/25 Date: 04.12.2025

**QUATATION CALL NOTICE**

**Sealed quotations** are invited from registered manufacturers / suppliers/ dealers / firms / Contractors having a valid **GST Certificate and Authorisation Certificate** from the manufacturer / service provider for the supply of **Round Table, Executive Chairs. Air Conditioners, Wall-Mounted Cupboards, Desktops, and Laptops.**

The quotations must reach the undersigned **on or before 15.12.2025** by **5:00 PM**.

For detailed specifications, please visit our college website: www.sdwcrgp.ac.In

Sd/- PRINCIPAL, S.D. WOMEN'S COLLEGE, RAJGANGPUR



**JOB VACANCY**

Yamaha Jaleswar
YAMAHA

General Manager -01
Salary expectation - 20k to 25k
Work Shop Manager -01
Salary expectation -15k to 20k

Experience in two wheeler Automobiles service center - 3 to 5 years in both posts.

**Khan Motor Yamaha Jaleswar**
**Mob no - 9776483818**



**କେନ୍ଦ୍ରାପଡ଼ା କ୍ରେଡ଼ିଟ୍ କୋ-ଅପରେଟିଭ୍ ସୋସାଇଟି ଲିଃ,କେନ୍ଦ୍ରାପଡ଼ା**

- ଓଡ଼ିଶା ସରକାରଙ୍କ ଦ୍ୱାରା ସୋସାଇଟି କାର୍ଯ୍ୟପରିସର ଅବିଭକ୍ତ କଟକ ଜିଲ୍ଲା ଯଥା-କେନ୍ଦ୍ରାପଡ଼ା ସମେତ ଜଗତସିଂହପୁର, ଯାଜପୁର ଓ କଟକ ଜିଲ୍ଲା ମଧ୍ୟରେ ସୀମିତ ।
- ସଞ୍ଚୟ ଜମା (Saving Collection Account) ରେ ବାର୍ଷିକ ୪.୦୦% ସୁଧ Daily Balance ଉପରେ ଦିଆଯାଏ ।
- ସ୍ଥାୟୀ ଜମା (Fixed Deposit) ରେ ୧ ବର୍ଷ ଓ ୩ ବର୍ଷରୁ କମ୍ ପାଇଁ ବାର୍ଷିକ ୮.୫୦%, ୩ ବର୍ଷ ଓ ୫ ବର୍ଷରୁ କମ୍ ୮.୭୫% ଏବଂ ୫ ବର୍ଷ ଓ ତଦୂର୍ଦ୍ଧ ପାଇଁ ୯.୦୦% ସୁଧ ଦିଆଯାଏ ।
- ବିଜୁ ପଟ୍ଟନାୟକ ବିକାଶପତ୍ର @୯.୦୦% ସୁଧ ହାରରେ ୭ ବର୍ଷ ୧୦ ମାସରେ ୨ ଗୁଣ ହୁଏ ।
- ଦୃଷ୍ଟିହୀନ ଓ ସଂପୂର୍ଣ୍ଣ ଶାରୀରିକ ଅକ୍ଷମ ତଥା ଅସହାୟ ପରିବାରକୁ ଜ୍ଞାନଦେବୀ ଗୁରୁଭାଣ ସହାୟତାପ୍ରଦାନ ।
- ଅବସରପ୍ରାପ୍ତ ସାମରିକ କର୍ମଚାରୀ, ଭିନ୍ନକ୍ଷମ ବ୍ୟକ୍ତି, ସ୍ୱାଧୀନତା ସଂଗ୍ରାମୀ, କେନ୍ଦ୍ର ତଥା ରାଜ୍ୟ ସରକାରଙ୍କ ଅଧିସ୍ୱୀକୃତ ସାମ୍ବାଦିକ ଓ ବରିଷ୍ଠ ନାଗରିକ (Senior Citizen)ଙ୍କ ଜମା ଉପରେ ଯେ କୌଣସି ଗୋଟିକରେ ୦.୫୦% ଅଧିକ ସୁଧ ଦିଆଯାଏ ।
- ସ୍ୱଳ୍ପ ସମୟ ଓ ସହଜ କିସ୍ତିରେ ଋଣ ପ୍ରଦାନ କରାଯାଏ ।
- ଆପଣଙ୍କ ଜମା ଖାତା ସୋସାଇଟିର ଯେକୌଣସି ଶାଖାରେ ଥିଲେ ମଧ୍ୟ CBS ବ୍ୟବସ୍ଥା ଦ୍ୱାରା ପ୍ରତ୍ୟେକ ଶାଖାରେ କାରବାର ସୁବିଧା ଉପଲବ୍ଧ ।
- କେନ୍ଦ୍ରାପଡ଼ା ପୌରାଞ୍ଚଳର ମୁଖ୍ୟରାସ୍ତା ସଂଲଗ୍ନ ବିଦ୍ୟୁତ ବିଭାଗ ଅଫିସ ସନ୍ନିକଟ କଲଣା ମୌଜାରେ ସରକାରଙ୍କ ପକ୍ଷରୁ ପ୍ରଦତ୍ତ ଜମିରେ ସୋସାଇଟିର ସ୍ଥାୟୀ ଅଫିସ ଗୃହନିର୍ମାଣ ଖୁବଶୀଘ୍ର କାର୍ଯ୍ୟଆରମ୍ଭ ହେବାକୁ ଯାଉଛି ।
- ମାର୍ଶାଘାଇ, ପଟ୍ଟାମୁଣ୍ଡାଇ , ରାଜକନିକା, ରାମନଗର, ଗରଦପୁର, ରାଜନଗର, ସାନମଙ୍ଗଳା ଛକ, ଆଳି, ସାଲେପୁର, ପାରାଦ୍ୱୀପ, ଜଗତସିଂହପୁର, ଯାଜପୁର ଟାଉନ୍, ରାହାମା , ଚୌଦ୍ୱାର, ଜଗତପୁର ଓ ବାଳିକୁଦ୍ରପୁରଠାରେ ଶାଖା ଗୁଡିକ ସୂଚାରୁରୂପେ କାର୍ଯ୍ୟ କରୁଛି ।

ଅରବିନ୍ଦ ସାହୁ
ସଂପାଦକ
ମୋ.- ୯୧୨୪୨୫୪୪୧୯

ପ୍ରମୋଦ ସାହୁ
ସଭାପତି
ମୋ.- ୯୧୨୪୨୫୪୪୧୮



**NOTICE**

By virtue of an Affidavit sworn before Executive Magistrate, Bhubaneswar. dated 29.11.2025.CF No.01, I, **Trinalh Saboo,** aged about 45 years, S/O: Sankar Sahoo, residing at Totapada, PO: Baku, PS: Gadisagada, Dist: Puri, PIN: 752019, Aadhaar No.4560 6087 3983 Currently residing at above address, declare that I have changed the name of my daughter from my name from **Somali Sahoo** (old name) to **Sonali Sahoo** (new name). Henceforth she shall be known as **Sonuli Sahoo** for all purposes.

**Sd/- Trinath Sahoo**

**AFFIDAVIT**

By virtue of an affidavit before the Executive Magistrate, Bolagarh, on dated- 01.12.2025 at about 10.30 am. I Rabindra Kumar Behera, S/o Dasharathi Behera, permanent resident of At-Trutiapada, PO- Bolagarh, PS-Bolagarh, Dist- Khordha, Odisha, PIN- 752066 declare that I have changed my son's / daughter's name from P.R Palvit Kumar Behera to Palvit Kumar Behera. Henceforth, he/she shall be known as **Palvit Kumar Behera** for all purposes.

**AFFIDAVIT**

By virtue of an affidavit sworn before the executive magistrate,Jajpur No 11401 dated 19/11/2025. I Jamuna Nayak W/O-Prasanta Jena resident of Belampur,Unit -9,Jajpur -1 declare that my minor son name changed from Sekhar Nayak to Sekhar Jena .Hence He will be known as Sekhar Jena for all purposes.

**S/d-Jamuna Nayak**

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, dated 04/12/2025, CF No.- 38/04.12.2025. I Subash Chandra Samal S/O Late Bishnu Charan Samal, At-Bandhasahi,Po-Mahal, PS-Patakura, Dist-Kendrapara, Pin-754210, declare that I have changed the name of my daughter from Gita Samal to Mitali Samal. Henceforth, she shall be known as new name Mitali Samal for all purposes.

**Sd/- Subash Chandra Samal**

**AFFIDAVIT**

By virtue of an affidavit before the Notary Public, Titilagarh, on dated- 04/12/2025. I, **Soura Sweety Debendra** (new name), formerly called as **Sweety Debendrakumar Soura** (old name), D/o-Debendra Soura, permanent resident of AT/PO/PS- Titilagarh, (Girls High School Pada), Dist- Bolangir, (Odisha), PIN-767033 now residing at the same place declare that I have changed my name from **Sweety Debendrakumar Soura** to **Soura Sweety Debendra.** Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Soura Sweety Debendra** (new name) for all future purposes.

**Soura Sweety Debendra**

**AFFIDAVIT**

I, Kunal Kumar Choubey, aged about 29 years, S/o-Gopal Chandra Chaubey, resident of At- Dipupada, Jharsuguda, VTC-Banjara, PS/Dist-Jharsuguda, Pin- 768201 (Odisha) declare by this affidavit No. 02, dtd. 04/12/2025, that now onwards I shall be known as **KUNAL KUMAR CHAUBEY** for all future purposes.

**AFFIDAVIT**

By virtue of an affidavit sworned before Executive Magistrate, Nayagarh vide sl. no-1314 on dt. 03/12/2025 I Archana Mishra, w/o-Rajesh kumar Mishra resident of PWD lane, Nayagarh, po./p.s/Dist-Nayagarh, Odisha, pin-752069 declare that i have changed the surname of my son from satapathy to mishra and now he will be known as Aditya Kumar Mishra S/o- Rajesh kumar Mishra and **Archana Mishra** for all future purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 03/12/2025. I, **Balakrishna Behera** (new name), formerly called as **Balakrushna Behera** (old name), S/o- Ratnakar Behera, permanent resident of AT/PO- Rigdol, PS- Titilagarh, Dist- Bolangir, (Odisha), PIN- 767033 now residing at the same place declare that I have changed my name from **Balakrushna Behera** to **Balakrishna Behera.** Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Balakrishna Behera** (new name) for all future purposes.

**Balakrishna Behera**

୫ମ ସୁନକ୍ଷତ୍ର

ସକାଳ THE SAKALA
www.sakalaepaper.com
ଦକ୍ଷିଣ ଓଡ଼ିଶା

### ପଞ୍ଚାୟତ ଭବନରେ ପ୍ରସ୍ତୁତି ବୈଠକ

# ଜାନୁଆରୀ ୭ରୁ କନ୍ଧମାଳ ମହୋତ୍ସବ ଓ ପଲ୍ଲିଶ୍ରୀ ମେଳା

କନ୍ଧମାଳ/ଫିରିଙ୍ଗିଆ,୪ା୧୨(ସମିସ)



ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷ ପଞ୍ଚାୟତ ଭବନରେ ଜିଲ୍ଲାପାଳ, କନ୍ଧମାଳ ତଥା ଅଧ୍ୟକ୍ଷ, ଜିଲ୍ଲା ସଂସ୍କୃତି ପରିଷଦ ବେଦଭୂଷଣଙ୍କ ଅଧ୍ୟକ୍ଷତାରେ କନ୍ଧମାଳ ମହୋତ୍ସବ, କୃଷି ମେଳା ଓ ପଲ୍ଲିଶ୍ରୀ ମେଳାର ଆୟୋଜନ ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ଜିଲ୍ଲାପାଳ ପ୍ରାରମ୍ଭିକ ଅଭିଭାଷଣରେ କନ୍ଧମାଳ ଜିଲ୍ଲାର ସଂସ୍କୃତି ଓ ପରମ୍ପରା ଏବଂ ଅନ୍ୟ ରାଜ୍ୟ ଓ ଦେଶର ପରମ୍ପରା ସହ ଲୋକଙ୍କୁ ଯୋଡ଼ିବା ସହିତ କୃଷକ ଓ ଜନମାନସଙ୍କୁ ସରକାରଙ୍କର ବିଭିନ୍ନ ଯୋଜନା ବିଷୟରେ ସଚେତନତା ସୃଷ୍ଟି କରିବାକୁ କନ୍ଧମାଳ ମହୋତ୍ସବ, କୃଷି ମେଳା ଓ ପଲ୍ଲିଶ୍ରୀ ମେଳା ଏକା ସାଙ୍ଗରେ କରାଯିବ ବୋଲି ସୂଚନା ଦେଇଛନ୍ତି। ଏଥିପାଇଁ କନ୍ଧମାଳକୁ ଅଗ୍ରାଧିକାର ଦେଇ ସମସ୍ତଙ୍କର ସହଯୋଗ କାମନା କରିଥିଲେ। ପୂର୍ବବର୍ଷର ଆୟବ୍ୟୟ ତଥ୍ୟ ଓରମାସ ଓ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟ ପକ୍ଷରୁ ପ୍ରଦାନ କରାଯାଇଥିଲା। ପ୍ରକଳ୍ପ ପ୍ରଶାସକ, ଆଇଟିଡିଏ, ଫୁଲବାଣୀ ତଥା ଜିଲ୍ଲା ସଂସ୍କୃତି ଅଧିକାରୀ ଗଦାଧର ପାତ୍ର ପୂର୍ବ ବର୍ଷର ପ୍ରସ୍ତୁତି ବୈଠକର ବିବରଣୀ ପଠନ କରିଥିଲେ ଏବଂ ଅତିରିକ୍ତ ଜିଲ୍ଲାପାଳ ରମେଶ ଚନ୍ଦ୍ର ଜେନା ସମସ୍ତ କମିଟିର କର୍ମକର୍ତ୍ତା ନିର୍ଦ୍ଧାରଣ କରିଥିଲେ। ସଭାରେ ଉପସ୍ଥିତ ବିଜ୍ଞବ୍ୟକ୍ତି ଏହି ମହୋତ୍ସବକୁ ସଫଳ କରିବାକୁ ବିଭିନ୍ନ ପରାମର୍ଶ ପ୍ରଦାନ କରିଥିଲେ ଏବଂ ଏହା ଉପରେ ଗୁରୁତ୍ୱ ଦେଇ ଏହାର କାର୍ଯ୍ୟକାରୀ ପାଇଁ ଜିଲ୍ଲାପାଳ ପତିଶ୍ରୁତି ଦେଇଥିଲେ। ଆଲୋଚନାରେ ଜାନୁଆରୀ ୭ ତାରିଖରୁ ୧୧ ଜାନୁଆରୀ ପର୍ଯ୍ୟନ୍ତ କନ୍ଧମାଳ ଷ୍ଟାଡିୟମଠାରେ ଆୟୋଜନ କରିବା ପାଇଁ ନିଷ୍ପତ୍ତି ହୋଇଛି। ଏହି ବୈଠକକୁ ପ୍ରକଳ୍ପ ପ୍ରଶାସକ, ଆଇଟିଡିଏ, ଫୁଲବାଣୀ ତଥା ଜିଲ୍ଲା ସଂସ୍କୃତି ଅଧିକାରୀ ଗଦାଧର ପାତ୍ର ପରିଚାଳନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ। ବୈଠକରେ ଅତିରିକ୍ତ ଜିଲ୍ଲାପାଳ କୁଶଳ ଚନ୍ଦ୍ର ନାଏକ, ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ, ଜିଲ୍ଲାପରିଷଦ,କନ୍ଧମାଳ ଶମ୍ଭୁନାଥ ନନ୍ଦୀ, ଫୁଲବାଣୀ ଉପଜିଲ୍ଲାପାଳ ଭିକାରୀ ସାହୁ, ପ୍ରକଳ୍ପ ନିର୍ଦ୍ଦେଶକ ଜିଲ୍ଲା ସହରାଞ୍ଚଳ ଉନ୍ନୟନ ସଂସ୍ଥା ପ୍ରବୀଣ ବାଣୁଆ, ସାଂସଦ,କନ୍ଧମାଳଙ୍କ ପ୍ରତିନିଧି ଅଜିତ ପଟ୍ଟନାୟକ, ବିଧାୟକ,ଫୁଲବାଣୀଙ୍କ ପ୍ରତିନିଧି ଭଗବାନ ମହାନ୍ତି, ପ୍ରକଳ୍ପ ପ୍ରଶାସକ, ଆଦିବାସୀ ଉନ୍ନୟନ ସଂସ୍ଥା,ବାଲିଗୁଡା କୃପାସିନ୍ଧୁ ବେହେରାଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ, ବରିଷ୍ଠ ଆଇନଜୀବୀ, ବୁଦ୍ଧିଜୀବୀ, କଳାକାର ଓ ବିଭିନ୍ନ ଏନଜିଓ କର୍ମକର୍ତ୍ତା ଯୋଗ ଦେଇଥିଲେ।

## ବୃଦ୍ଧବୃଦ୍ଧାଙ୍କୁ କମ୍ବଳ ବଣ୍ଟନ



ପାରଳାଖେମୁଣ୍ଡି,୪ା୧୨(ସମିସ): ଗଜପତି ଜିଲ୍ଲା ଜଷ୍ଟିସ୍ କର୍ଣ୍ଣର ଚାରିଟେବୁଲ୍ ଟ୍ରଷ୍ଟ ପକ୍ଷରୁ ଗୋଷାଣି ବ୍ଲକ କତଲକଇଠା ପଞ୍ଚାୟତ ମର୍କଡା ଗ୍ରାମରେ ୩୦ରୁ ଉର୍ଦ୍ଧ୍ୱ ବୟସ୍କ ବ୍ୟକ୍ତିଙ୍କୁ କମ୍ବଳ ବଣ୍ଟନ କରାଯାଇଛି। ଜଷ୍ଟିସ୍ କର୍ଣ୍ଣର ସଭାପତି ଭାଗ୍ୟଲକ୍ଷ୍ମୀ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲା ଅଦାଲତର ଭାରପ୍ରାପ୍ତ ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର, ସହକାରୀ ପବ୍ଲିକ ପ୍ରସିକ୍ୟୁଟର ଡି. ଅନୁପ ଆଚାରୀ, ମହିଳା ଓ ଜିଲ୍ଲା ସମାଜ ମଙ୍ଗଳ ବିଭାଗର ସୁରକ୍ଷା ଅଧିକାରୀ ସାରଳା ପାତ୍ର ଅତିଥି ଭାବେ ଯୋଗଦେଇ କମ୍ବଳ ବଣ୍ଟନ କରିଥିଲେ। ସାମାଜିକ କର୍ମୀ ରଶ୍ମିପ୍ରିୟା ପଣ୍ଡା, ଶିକ୍ଷୟିତ୍ରୀ ଏସ୍.ରାଧା, ଜଷ୍ଟିସ୍ କର୍ଣ୍ଣର ସମ୍ପାଦକ ଜଗନ୍ନାଥ ଚୌଧୁରୀ, ଅଙ୍ଗନବାଡ଼ି କର୍ମୀ ନର୍ମଦା ପଟ୍ଟନାୟକ ଉପସ୍ଥିତ ଥିଲେ।

## ରାଇକିଆରେ ମାଣବସା ଲକ୍ଷ୍ମୀପୂଜା



ରାଇକିଆ,୪ା୧୨(ସମିସ): ରାଇକିଆ ଲକ୍ଷ୍ମୀପୂଜା କମିଟି ତରଫରୁ ନିଜସ୍ୱ ପୂଜା ମଣ୍ଡପରେ ମାଣବସା ଲକ୍ଷ୍ମୀ ପୂଜା ଅନୁଷ୍ଠିତ ହୋଇଛି। ବୁଧବାର ଅଧିବାସ ଏବଂ ଗୁରୁବାର ପୂଜା ଅନୁଷ୍ଠିତ ହୋଇଥିଲା। ମା'ଙ୍କ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ପ୍ରବଳ ଭିଡ଼ ଜମିଥିବା ବେଳେ ରବିବାର ପୂର୍ଣ୍ଣାହୁତି, ପ୍ରସାଦସେବନ, ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ବିସର୍ଜନ କାର୍ଯ୍ୟକ୍ରମ ରହିଛି। କମିଟି ୩୦ ବର୍ଷ ଧରି ପୂଜା ପାଳନ କରିଆସୁଛି। ସଭାପତି ଦେବୀପ୍ରସାଦ ପଣ୍ଡାଙ୍କ ତତ୍ତ୍ୱାବଧାନରେ ସମସ୍ତ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଥିବା ବେଳେ ଉପସଭାପତି ବିରୁପାକ୍ଷ ପାତ୍ର, ବନମାଳୀ ପଣ୍ଡା, ସମ୍ପାଦକ ବାଦଲ ସାହୁ, ସହ ସମ୍ପାଦକ ବେନୁପାଣି ଆଚାର୍ଯ୍ୟ, କୋଷାଧ୍ୟକ୍ଷ ଭାରତ ଭୂଷଣ ପାଣିଗ୍ରାହୀ ଓ ଉପଦେଷ୍ଟା ଶ୍ରୀଧର ଦାଶ, ବି. ତ୍ରିପତି ସୁବୁଦ୍ଧି, ସୁବାସ ଚନ୍ଦ୍ର ପଣ୍ଡା, ମଙ୍ଗୁଲୁ ପାତ୍ର, କର୍ତ୍ତା ବାବୁଲି ପାଳ ପ୍ରମୁଖ ଯୋଗ ଦେବା ସହ ପରିଚାଳନାରେ ସହଯୋଗ କରିଥିଲେ। କମିଟିର ନବ ନିର୍ମିତ ନିଜସ୍ୱ ପୂଜା ମଣ୍ଡପରେ ମା' ପୂଜା ପାଉଛନ୍ତି।

## ବାର୍ଷିକ କ୍ରୀଡ଼ା ଉଦ୍‌ଯାପିତ




ରାୟଗଡ,୪ା୯(ସମିସ): ଗଜପତି ଜିଲ୍ଲା ରାୟଗଡ ସରକାରୀ ଏସ୍ଏସ୍ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଗତ ୩ ଦିନ ଧରି ଚାଲିଥିବା କ୍ରୀଡ଼ା ପ୍ରତିଯୋଗିତା ଆଜି ଉଦଯାପିତ ହୋଇଛି। ପ୍ରଧାନ ଶିକ୍ଷକ ସୁରେଶ କୁମାର ସାହୁକାରଙ୍କ ସଭାପତିତ୍ୱରେ ଆୟୋଜିତ ସମାରୋହରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ମଙ୍ଗଳ ଅଧିକାରୀ ସୁଲୋମନ୍ ରାଇକା ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ରୂପେ ଜିଲ୍ଲା ଶିକ୍ଷା ନିରୀକ୍ଷକ ରମେଶ ଚନ୍ଦ୍ର ଦାସ ଓ ବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଜିତେନ୍ଦ୍ର କୁମାର ମୁଦୁଲି ମଞ୍ଚାସୀନ ଥିଲେ। ଏହାପରେ ବାର୍ଷିକ କ୍ରୀଡ଼ାର ବିଜେତାଙ୍କୁ ମାନପତ୍ର ଓ ପୁରସ୍କାର ଦିଆଯାଇଥିଲା। ଏହି ବର୍ଷ ର ୩ଟି ବର୍ଗର ୬ଟି ଚମ୍ପିଆନଙ୍କୁ ଟ୍ରଫି ପ୍ରଦାନ କରାଯାଇଥିଲା। ଜୁନିୟର ବାଳକ ବର୍ଗରେ ଧର୍ମପଦ ଶବର, ଜୁନିୟର ବାଳିକା ବର୍ଗରେ ଦିଲେଶ୍ୱରୀ ନାୟକ, ସିନିଅର ବାଳକ ବର୍ଗରେ ଭରତ ଭୂୟାଁ, ସିନିଅର ବାଳିକା ବର୍ଗରେ ବେଦବତୀ ନାୟକ, ସୁପର ସିନିୟର ବାଳକ ବର୍ଗରେ ସଂଜୟ କୁମାର ବେହେରା, ସିନିଅର ବାଳିକା ବର୍ଗରେ ଗୟନ୍ତୀ ରଇତକୁ ଚଳିତ ବର୍ଷର ଚମ୍ପିଆନ ରୂପେ ଉପସ୍ଥିତ ଅତିଥିମାନେ ପୁରସ୍କୃତ କରିଥିଲେ। ଉକ୍ତ କାର୍ଯ୍ୟକ୍ରମକୁ କ୍ରୀଡ଼ା ଶିକ୍ଷକ ସନ୍ତୋଷ କୁମାର ପଣ୍ଡା ପରିଚାଳନା କରିଥିବାବେଳେ ଅନୁଷ୍ଠାନର ସମସ୍ତ ଶିକ୍ଷକ ଓ ଶିକ୍ଷୟିତ୍ରୀ ପରିଚାଳନରେ ସହଯୋଗ କରିଥିଲେ। ଏହି କ୍ରୀଡା ପ୍ରତିଯୋଗିତା ରେ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ବିଦ୍ୟାଳୟର ଦିବ୍ୟାଙ୍ଗ ଛାତ୍ର ସୁରେଶ ବଡ଼ ରଇତ। ସେ ଅଖା ଡିଆଁରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ।

## ଦାରିଙ୍ଗବାଡ଼ିରେ ଅସହ୍ୟ ଶୀତ



ଦାରିଙ୍ଗବାଡି,୪ା୧୨(ସମିସ): କନ୍ଧମାଳ ଜିଲ୍ଲା ଦାରିଙ୍ଗବାଡ଼ିରେ ଆଜି ତାପମାତ୍ରା୯ ଡ଼ିଗ୍ରୀ ରେକଡର୍ କରାଯାଇଛି। ଆଭ୍ୟନ୍ତରୀଣ ଇଲାକାରେ ଏହା ଠାରୁ ଅଧିକ ତାପମାତ୍ରା ହ୍ରାସ ପାଇଥିବା ଅନୁମାନ କରାଯାଉଛି। ଫଳରେ ଦାରିଙ୍ଗବାଡ଼ି ଅଞ୍ଚଳରେ ଥଣ୍ଡା ବୃଦ୍ଧି ପାଇଛି। ଦାରିଙ୍ଗବାଡ଼ିରେ ଥଣ୍ଡା ଓ ଶୀତ ବୃଦ୍ଧି ପାଇଥିବାରୁ ଏହାର ମଜା ନେବା ପାଇଁ ପର୍ଯ୍ୟଟକଙ୍କ ସଂଖ୍ୟା ବଢୁଛି। ଏହା ସହିତ ଶୀତବସ୍ତ୍ର ବିକ୍ରି ଉଠା ଦୋକାନ ଖୋଲିଛି। ଚା' ଦୋକାନରେ ସକାଳ ଓ ସନ୍ଧ୍ୟାରେ ଭିଡ଼ ଦେଖିବାକୁ ମିଳୁଛି। ହାଡ଼ଭଙ୍ଗା ଶୀତ ଅନୁଭୂତି ହେଉଛି। ଜାଡ଼ରେ ଥରୁଛି ଦାରିଙ୍ଗବାଡ଼ି ବ୍ଲକ ଅଞ୍ଚଳ। ଅସହ୍ୟ ଥଣ୍ଡା ପାଇଁ ବୃଦ୍ଧ ବୃଦ୍ଧାଙ୍କ ନିଆଁର ଆଶ୍ରୟ ନେଉଛନ୍ତି। ସେହିପରି ଦିନରେ କୋହଲା ପାଗ ଜାରି ସହିତ ଶୀତ ଅନୁଭୂତ ହେଉଛି।

## ଜି.ଉଦୟଗିରିରେ ପ୍ରବଳ କୁହୁଡ଼ି ସହିତ ଶୀତ

ଜି.ଉଦୟଗିରି,୪ା୧୨(ସମିସ): ଜି. ଉଦୟଗିରି ଅଞ୍ଚଳରେ ଆଜି ପ୍ରବଳ କୁହୁଡି ସହିତ ଶୀତ ଅନୁଭୂତ ହୋଇଛି। ଫଳରେ ଗାଡି ମୋଟର ଚଳାଚଳରେ ସମସ୍ୟା ସୃଷ୍ଟି ହୋଇଥିଲା। ସକାଳ ୯ ଟା ପର୍ଯ୍ୟନ୍ତ ସୂର୍ଯ୍ୟ କିରଣ ନ ପଡ଼ିବାରୁ ସାଧାରଣ ଜୀବନ ଯାତ୍ରା ପ୍ରଭାବିତ ହୋଇଥିଲା। ବିଶେଷ କରି ଘାଟି ରାସ୍ତାରେ ଯାତାୟାତରେ ସମସ୍ୟା ହୋଇଥିବା ବେଳେ ନୂଆ ଚାଳକଙ୍କ ପାଇଁ ବଡ଼ ସମସ୍ୟା ହୋଇଛି। ଏହି କାରଣରୁ କଳିଙ୍ଗା ଘାଟିରେ ଅନେକ ଦୁର୍ଘଟଣା ହେଉଥିବା ନଜିର ରହିଥିବା ବେଳେ ସତର୍କତା ସହିତ ଗାଡିଚଳାଇବାକୁ ପରାମର୍ଶ ଦିଆଯାଇଛି। ଅଧିକ କୁହୁଡି କାରଣରୁ ପନିପରିବା ଚାଷ କ୍ଷତିଗ୍ରସ୍ତ ହେବା ଆଶଙ୍କା ରହିଥିବା ବେଳେ ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦେଇଛି କୃଷି ବିଭାଗ।

## ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉଦ୍‌ଯାପିତ



ପାରଳାଖେମୁଣ୍ଡି, ୪ା୧୨ (ସମିସ): ପାରଳାଖେମୁଣ୍ଡି ସ୍ଥିତ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଦୁଇଦିନିଆ ବାର୍ଷିକ କ୍ରୀଡ଼ା ଉତ୍ସବ ଉଦଯାପିତ ହୋଇଛି। ଉଦଯାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ବିଦ୍ୟାଳୟର ପୂର୍ବତନ ଛାତ୍ରୀ ତଥା ପାରଳାଖେମୁଣ୍ଡି ପୌରପାଳିକାର ଅଧ୍ୟକ୍ଷା ନିର୍ମଳା ସେଠୀ ଯୋଗଦେଇ ପୁରସ୍କାର ବିତରଣ କରିଥିଲେ। କ୍ରୀଡ଼ା ପରିଷଦ ସଭାପତି ତଥା ବିଦ୍ୟାଳୟର ଅଧ୍ୟକ୍ଷ ଡ଼. ମହେନ୍ଦ୍ର ରଇତ ବିଭିନ୍ନ ପରାମର୍ଶ ଦେଇଥିଲେ। ବରିଷ୍ଠ କ୍ରୀଡ଼ା ପ୍ରଶିକ୍ଷକା ବିଜୟଲକ୍ଷ୍ମୀ ପଣ୍ଡା ପରିଚାଳନା କରିଥିଲେ। ଏଥିରେ ଯୁକ୍ତ ଦୁଇ କଳା ଦ୍ୱିତୀୟ ବର୍ଷର ଛାତ୍ରୀ ଅନିତା ନାୟକ ଚାମ୍ପିଅନ ହୋଇଛନ୍ତି। କ୍ରୀଡ଼ା ପରିଷଦ ଉପସଭାପତି ଟି. ତେଜା ରାଓ ସଂଯୋଜନା କରିଥିବା ବେଳେ ସମସ୍ତ ସହସଭାପତି ଓ ବିଦ୍ୟାଳୟର ଶିକ୍ଷକ, କର୍ମଚାରୀ ସହଯୋଗ କରିଥିଲେ।

## ପାଣି ପାଇଁ ପ୍ରଶାସନର ଦ୍ୱାରସ୍ଥ ହେଲେ ୨ ଗ୍ରାମବାସୀ



ପାରଳାଖେମୁଣ୍ଡି,୪ା୧୨(ସମିସ): ଗଜପତି ଜିଲ୍ଲା ମୋହନା ବ୍ଲକ କର୍ଚ୍ଚବାଡ଼ି ପଞ୍ଚାୟତ ଖାରୀକୁଟି ଏବଂ ଢେପାଲାଜୁ ଗ୍ରାମରେ ପାନୀୟ ଜଳ ସମସ୍ୟାକୁ ନେଇ ଦୁଇ ଗ୍ରାମବାସୀ ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଛନ୍ତି। ଉଭୟ ଗ୍ରାମରେ ପ୍ରାୟ ୩ଶହ ଲୋକ ବସବାସ କରୁଥିଲେ ସୁଦ୍ଧା ଏବେ ବି ଜଳ ସଂକଟ ଲାଗି ରହିଥିବା ପ୍ରକାଶ କରିଛନ୍ତି। ଗ୍ରୀଷ୍ମକାଳରେ ଗ୍ରାମବାସୀ ଦୁଇ କିଲୋମିଟର ଅତିକ୍ରମ କରି ନାଳପାଣି ଆଣିବାକୁ ପଡିଥାଏ। ଏହି ନାଳପାଣି ପିଇବା ଦ୍ୱାରା ନାନାଦି ସଂକ୍ରମଣ ରୋଗର ଶିକାର ହେବା ସହ ପାଣି ପାଇଁ ଡହଳବିକଳ ହେବାକୁ ପଡୁଛି ବୋଲି ଅଭିଯୋଗ କରିଛନ୍ତି ଲୋକେ। ଗ୍ରାମରେ ନଳକୂପ ଥିଲେ ସୁଦ୍ଧା ଲୌହଗନ୍ଧ ଯୁକ୍ତ ପାଣି ବାହାରୁଥିବାରୁ ଏହା ପାନୀୟ ଉପଯୁକ୍ତ ହେଉନାହିଁ। ଜଳସଂକଟ ଦୂର ଲାଗି ସ୍ଥାନୀୟ ପ୍ରଶାସନ ଠାରୁ ଆରମ୍ଭ କରି ବିଭାଗୀୟ ଅଧିକାରୀଙ୍କ ନିକଟରେ ଗୁହାରି କଲେ ମଧ୍ୟ କୌଣସି ସୁଫଳ ମିଳୁନଥିବା କହିଛନ୍ତି। ଏନେଇ ଯୁବନେତା ତଥା ସମାଜସେବୀ ଅଭାନ ନାୟକ ଓ ଲକ୍ଷଣେ ମଲ୍ଲିକ କହିଛନ୍ତି ଏହି ଗ୍ରାମରେ ସୌରଚାଳିତ ପମ୍ପ ଓ ମୋଟର ବ୍ୟବସ୍ଥା କରି ଜଳ ଯୋଗାଇଦେଲେ ଜଳକଷ୍ଟ ଦୂର ହେବ। ବର୍ତ୍ତମାନ ଆମେ ନିଜ ନିଜ ଉଦ୍ୟମରେ ନଳକୂପ ଗୁଡିକୁ ସଜାଡି ପାଣି ସଂଗ୍ରହ କରୁଛୁ। କିଛିଦିନ ପରେ ପୁଣି ଏହି ନଳକୂପ ଭାଙ୍ଗିଯାଉଛି। ଫଳରେ ଯେଉଁ ଜଳକଷ୍ଟ ଅବସ୍ଥାକୁ ସେହି ଅବସ୍ଥା। ସୌରଚାଳିତ ପମ୍ପ ଓ ମୋଟର ସହ ଓଭର ହେଡ୍ ଟାଙ୍କି ସ୍ଥାପନ କଲେ ହିଁ ସମସ୍ୟାର ସମାଧାନ ହୋଇପାରିବ ବୋଲି ଭାରପ୍ରାପ୍ତ ଜିଲ୍ଲାପାଳ ମୁନୀନ୍ଦ୍ର ହୋନାଗାଙ୍କୁ ଅନୁରୋଧ କରିଛନ୍ତି। ଏନେଇ ଭାରପ୍ରାପ୍ତ ଜିଲ୍ଲାପାଳ ସମସ୍ୟାର ସମାଧାନ କରାଯିବା ଲାଗି ପଦକ୍ଷେପ ନିଆଯିବ ବୋଲି କହିଥିବା ଗ୍ରାମାଞ୍ଚଳବାସୀ ପ୍ରକାଶ କରିଛନ୍ତି।

## ପରିଡ଼ା ପଞ୍ଚାୟତରେ ଚାରିଟିକିଆ ହାତୀ ପଲ

ଗୁମ୍ମା,୪ା୧୨(ସମିସ): ଗଜପତି ଜିଲ୍ଲା କାଶୀନଗର ବ୍ଲକ ପରେ ଏବେ ଗୁମ୍ମା ବ୍ଲକରେ ଚାରିଟିକିଆ ହାତୀପଲ। ଗୁମ୍ମା ବ୍ଲକ ପରିଡ଼ା ପଞ୍ଚାୟତର ଆଦାନଗୁଡ଼ା ଓ ଯାନିଗୁଡ଼ା ଜଙ୍ଗଲର ଆଖପାଖରେ ଚାରି ଟିକିଆ ହାତୀପଲ ଦେଖିବାକୁ ମିଳିଛି। ଗତକାଲି ବିଳମ୍ବିତ ରାତିରେ କାଶୀନଗର ବନ ଅଞ୍ଚଳରେ ଦେଖା ଦେଇଥିବା ବେଳେ ଜଙ୍ଗଲି ହାତୀ ଆଜି ଗୁମ୍ମା ବ୍ଲକରୁ ଆସିଥିବା ଦେଖି ଗ୍ରାମବାସୀ ଭୟଭୀତ ହୋଇ ପଡିଛନ୍ତି। ଗ୍ରାମବାସୀ ତୁରନ୍ତ ବନ ଅଧିକାରୀଙ୍କୁ ସୂଚନା ଦେଇଥିଲେ। ବନଅଧିକାରୀ ରାତି ସାରା ଜଗି ରହି ଆଖପାଖରେ ରହୁଥିବା ଜନସାଧାରଣଙ୍କୁ ସତର୍କ କରିଥିଲେ। ଏହି ଗ୍ରାମାଞ୍ଚଳର ଲୋକେ ବର୍ତ୍ତମାନ ହାତୀକୁ ନେଇ ଭୟଭୀତ ହୋଇପଡିଥିବା ବେଳେ ଧାନ ଅମଳ ସମୟରେ ହାତୀଙ୍କ ବିଚରଣକୁ ନେଇ ଅଞ୍ଚଳର ଚାଷୀ ଆଶଙ୍କାରେ ରହିଛନ୍ତି। ଏହି ଚାରି ଟିକିଆ ହାତୀପଲ କିଛି ମାସ ହେଲା ପଡୋଶୀ କାଶୀନଗର ବ୍ଲକର ବିଭିନ୍ନ ଗ୍ରାମାଞ୍ଚଳରେ ବିଚରଣ କରୁଥିଲେ। ଏବେ ସେହି ହାତୀପଲ ଗୁମ୍ମା ବ୍ଲକ ଅଞ୍ଚଳରେ ପଶିଥିବାର ଅନୁମାନ କରୁଛନ୍ତି ଲୋକେ। ଏନେଇ ଆଜି ରାତି ପରେ ହାତୀ ମାନଙ୍କ ଗତିବିଧିର ସମ୍ପୂର୍ଣ୍ଣ ସୂଚନା ମିଳିବ ବୋଲି ବନ ବିଭାଗ ପକ୍ଷରୁ କୁହାଯାଇଛି।

## ବାର୍ଷିକ କ୍ରୀଡ଼ା ସମାରୋହ ଉଦ୍‌ଘାଟିତ



ମୋହନା, ୪ା୧୨(ସମିସ): ଗଜପତି ଜିଲ୍ଲା ମୋହନା ସ୍ଥିତ ହିଲ୍‌ଟପ୍ ମହାବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ସମାରୋହ ଗୁରୁବାର ଉଦଘାଟିତ ହୋଇଛି। ସ୍ଥାନୀୟ ବୁଢ଼ୀ ଠାକୁରାଣୀ ମନ୍ଦିରରେ ପୂଜାର୍ଚ୍ଚନା ସହ ମଶାଲ ଶୋଭାଯାତ୍ରା ବାହାରି ମହାବିଦ୍ୟାଳୟ ପରିସରରେ ପହଞ୍ଚିଥିଲା। ପରେ +୨ ଅଧ୍ୟକ୍ଷ ଭଗବାନ ବିଷୋୟୀ ଏବଂ +୩ ଅଧ୍ୟକ୍ଷ ଶୁଭ୍ରକାନ୍ତ ମହାନ୍ତି ଯୁଗ୍ମ ଭାବେ କ୍ରୀଡ଼ା ପତାକା ଉତ୍ତୋଳନ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଆୟୋଜିତ କ୍ରୀଡ଼ା ସମାରୋହରେ ଲମ୍ବଡିଆଁ, ଉଚ୍ଚଡିଆଁ, ସଟପୁଟ୍, ଡ଼ିସକସ୍ ଥ୍ରୋ, କବାଡି ଭଳି ପ୍ରତିଯୋଗିତା ଛାତ୍ରଛାତ୍ରୀଙ୍କୁ ନେଇ ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର +୨ ଏବଂ +୩ ବିଭାଗର ୫୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଭାଗ ନେଇଛନ୍ତି। ଅଧ୍ୟାପକ ଡ. ଅନ୍ତର୍ଯ୍ୟାମୀ ଗୌଡ଼, ଏସ୍. ରମେଶ, ଅନିଲ ତ୍ରିପାଠୀ, ସନ୍ତୋଷ ନନ୍ଦ, ମନୋରଞ୍ଜନ ପାଣିଗ୍ରାହୀ, ଜିତେନ୍ଦ୍ର ସ୍ୱାଇଁ ଓ ନୀଳମାଧବ ସାହୁ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଆସନ୍ତାକାଲି କ୍ରୀଡ଼ା ସମାରୋହ ଉଦଯାପିତ ହେବ।

## ଠକ ପୋଷ୍ଟମାଷ୍ଟରକୁ କୋର୍ଟ ଚାଲାଣ



ବାଲିଗୁଡ଼ା/କ.ନୂଆଗାଁ,୪ା୧୨(ସମିସ): କନ୍ଧମାଳ ଜିଲ୍ଲା କ.ନୂଆଗାଁ ଥାନା ଅନ୍ତର୍ଗତ ସାଇନପଡା ପୋଷ୍ଟମାଷ୍ଟର ରମେଶ ଚନ୍ଦ୍ର ସାହୁ ଲୋକଙ୍କ ଲକ୍ଷ ଲକ୍ଷ ଟଙ୍କା ଠକି ନେଇଥିବା ବେଳେ ଆଜି ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି।

ପୁଲିସର ସୂଚନା ଅନୁସାରେ, ଉକ୍ତ ପୋଷ୍ଟ ଅଫିସରେ ୨୦୨୧ରୁ ରମେଶ ବିପିଏମ ଭାବେ କାର୍ଯ୍ୟରତ ଥିଲେ। ଗ୍ରାମାଞ୍ଚଳର ଲୋକଙ୍କ ବିଶ୍ୱାସ ଭାଜନ ହେବା ପରେ ସୁକନ୍ୟା ଯୋଜନା, ଆର୍‌ଡି ସହ ବିଭିନ୍ନ ଯୋଜନାରେ ପୋଷ୍ଟ ଅଫିସରେ ଟଙ୍କା ବାନ୍ଧିବାକୁ ଆଣି ଆତ୍ମସାତ କରିଥିଲେ। ଘଟଣା ପ୍ରଘଟ ପରେ ଅଭିଯୁକ୍ତ ପୋଷ୍ଟ ମାଷ୍ଟର ଛୁଟି ନେଇ ଫେରାର ହୋଇଯାଇଥିଲେ। ଏନେଇ ଗତ ସେପ୍ଟେମ୍ବର ୩୦ ତାରିଖରେ ସାଇନ୍‌ପଡାର କଳ୍ପନା ମଲ୍ଲିକ, ରୁକ୍ମିଣୀ ବେହେରା, ପ୍ରାଣକୃଷ୍ଣ ମହାପାତ୍ର କ.ନୂଆଗାଁ ଥାନାର ଦ୍ୱାରସ୍ଥ ହୋଇଥିଲେ। ଥାନା ଅଧିକାରୀ ତଦନ୍ତ ଜାରି ରଖି ଗତକାଲି ବ୍ରହ୍ମପୁର ପାର୍କସାହିରୁ ଅଭିଯୁକ୍ତ ରମେଶ ସାହୁ (୩୨)କୁ ଗିରଫ କରିଥିଲେ। ଆଜି ତାଙ୍କୁ କୋଟ ଚାଲାଣ କରାଯାଇଥିବା ଥାନା ଅଧିକାରୀ ଅଶୋକ କୁମାର ହାଁସଦା ସୂଚନା ଦେଇଛନ୍ତି। ଟଙ୍କା କିପରି ଫେରସ୍ତ ପାଇବେ ସେନେଇ ଗ୍ରାହକମାନେ ଚିନ୍ତିତ ଥିବା ବେଳେ ସରକାର କିଛି ବ୍ୟବସ୍ଥା କରିବା ପାଇଁ ଦାବି କରିଛନ୍ତି।

## ପ୍ରାକ୍ ବଡ଼ଦିନ ମହୋତ୍ସବ



ଜି.ଉଦୟଗିରି,୪ା୧୨(ସମିସ): ଜି.ଉଦୟଗିରି ଗୁଡ୍ରିପଡ଼ି ମିଶନ କ୍ୟାମ୍ପସ୍‌ରେ ଜି.ଉଦୟଗିରି ପାଷ୍ଟରେଟ, ଫୁଲବାଣୀ ଧର୍ମାଞ୍ଚଳ ଓ ଉତ୍ତର ଭାରତ ମଣ୍ଡଳୀ ପକ୍ଷରୁ ପ୍ରାକ୍ ବଡ଼ଦିନ ମହୋତ୍ସବ ଅନୁଷ୍ଠିତ ହୋଇଥିଲା। ଜି.ଉଦୟଗିରି ପାଷ୍ଟରେଟ ଆଚାର୍ଯ୍ୟ ଆଲୋକ ପ୍ରଧାନ ଏଥିରେ ସଭାପତିତ୍ୱ କରୁଥିବା ବେଳେ ମୁଖ୍ୟବକ୍ତା ଫୁଲବାଣୀ ଧର୍ମାଞ୍ଚଳର ମହାଚାର୍ଯ୍ୟ ବିଶପ ଭାଓଲେଟ୍ ନାୟକ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ସମ୍ପାଦକ ପବିତ୍ର କୁମାର ନାୟକ ସ୍ୱାଗତ କରିଥିଲେ। କୋଷାଧକ୍ଷ ଭୀମସେନ ନାୟକ ସହିତ ଅନ୍ୟ ଅଧିକାରୀ ଓ ପଦାଧିକାରୀ ଉପସ୍ଥିତ ଥିଲେ। ଫୁଲବାଣୀର ଉପସଭାପତି ଜର୍ଜ ବାକ୍ୟ ଓ ଦାନ ପାଇଁ ପ୍ରାର୍ଥନା କରିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମନିବେଦିତ ପ୍ରଧାନ ପରିଚାଳନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ।

# କତଲକଇଠା-ମର୍କଡ଼ା ରାସ୍ତା ଶୋଚନୀୟ



- ୭ ବର୍ଷ ତଳେ ନିର୍ମିତ ରାସ୍ତାର ମରାମତି ହୋଇନି
- ୩ ହଜାରରୁ ଉର୍ଦ୍ଧ୍ୱ ଲୋକେ ହନ୍ତସନ୍ତ

ପାରଳାଖେମୁଣ୍ଡି,୪ା୧୨(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ କତଲକଇଠା ପଞ୍ଚାୟତ ସଦରମହକୁମା ଠାରୁ ମର୍କଡା ଗ୍ରାମ୍ୟରାସ୍ତା ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ଏଥିଯୋଗୁ ଏହି ରାସ୍ତା ଉପରେ ନିର୍ଭର କରୁଥିବା ପ୍ରାୟ ୩ ହଜାରରୁ ଉର୍ଦ୍ଧ୍ୱ ଲୋକଙ୍କ ଗମନାଗମନରେ ବାଧା ଉପୁଜୁଛି। କତଲକଇଠା ଠାରୁ ମର୍କଡା ୪.୫୦ କିମି ରାସ୍ତା ୭ ବର୍ଷ ପୂର୍ବେ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ନିର୍ମାଣ ହୋଇଥିଲା। ରକ୍ଷଣାବେକ୍ଷଣ ତଥା ଆବଶ୍ୟକୀୟ ମରାମତି କରାନଯିବାରୁ ଏହି ରାସ୍ତା ଏବେ ଖାଲଖମାରେ ପରିଣତ ହୋଇ ଶୋଚନୀୟ ହୋଇପଡିଛି। ରାସ୍ତାର କିଛି ଅଂଶ ଭଲ ଥିବାବେଳେ ଅନେକାଂଶ ଖାଲଖମାରେ ପରିପୂର୍ଣ୍ଣ ହୋଇପଡିଛି। ରାସ୍ତା ଶୋଚନୀୟ ହୋଇପଡିଥିବାରୁ ମର୍କଡା, କମଳାବାଞ୍ଜିରି, ସିଦ୍ଧିପାଲେମ ଆଦି ଗ୍ରାମ ସମେତ ଗୁମ୍ମା ବ୍ଲକର ବିଭିନ୍ନ ଗ୍ରାମାଞ୍ଚଳ ଲୋକେ ଏହି ରାସ୍ତା ଉପରେ ନିର୍ଭର କରୁଥିବା ୪ ହଜାରରୁ ଉର୍ଦ୍ଧ୍ୱ ଜନସାଧାରଣ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଗ୍ରାମାଞ୍ଚଳ ବାସୀ କହିବା ମୁତାବକ ବିଶେଷ କରି ରାସ୍ତାର ଅବସ୍ଥା ଏପରି ଦେଖି ରୋଗୀଙ୍କୁ ନେବାକୁ ୧୦୮ ଆମ୍ବୁଲାନ୍ସ ମଧ୍ୟ ଆସୁନାହିଁ। ଏହା ସହ ଏହି ଖାଲଖମା ରାସ୍ତାରେ ଦୈନିକ ଦୁର୍ଘଟଣା ଘଟୁଛି। ରାତିରେ ଜରୁରୀ କୌଣସି କାମରେ ଯିବା ଆସିବା ବେଳେ ଅନେକ ପଡ଼ି ଆହତ ହେଉଛନ୍ତି। କିଛିଦିନ ପୂର୍ବେ ସିଦ୍ଧିପାଲମର ଗ୍ରାମର ଜଣେ ବ୍ୟକ୍ତି ପରିସ୍ରା କରିବାକୁ ଯାଇଥିବା ବେଳେ ଗର୍ତ୍ତ ରାସ୍ତାରେ ପଡି ଆହତ ହୋଇଥିଲେ। ଏହା ସହ ଏହି ଅଞ୍ଚଳର ଆଖପାଖ ଗ୍ରାମାଞ୍ଚଳର ଲୋକେ ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ସହର ଅତି ନିକଟରେ ରହିଥିବାରୁ ବଜାର, ହାଟ, ଚିକିତ୍ସା ପାଇଁ ଚିକିତ୍ସାଳୟକୁ ଯିବାଆସିବା, ଛାତ୍ରଛାତ୍ରୀସ୍କୁଲ କଲେଜକୁ ଯିବା ଆସିବା କରିଥାନ୍ତି। ଏହି ସମୟରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଜିଲ୍ଲା ସଦରମହକୁମାରୁ ମାତ୍ର ୫ ରୁ ୮ କିମି ଦୂରତାରେ ଏହି ସବୁ ଗ୍ରାମା ରହିଥିଲେ ହେଁ ଅନୁନ୍ନତ ହୋଇପଡିଛି ବୋଲି କ୍ଷୋଭର ସହ ଅଞ୍ଚଳବାସୀ ପ୍ରକାଶ କରିଛନ୍ତି। ରାସ୍ତା ନିର୍ମାଣକୁ ନେଇ ବାରମ୍ବାର ସ୍ଥାନୀୟ ପ୍ରଶାସନ ଠାରୁ ଆରମ୍ଭ କରି ବିଭାଗୀୟ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ଆକର୍ଷଣ କଲେ ମଧ୍ୟ କୌଣସି ସୁଫଳ ମିଳୁ ନଥିବା ମର୍କଡାବାସୀ କହିଛନ୍ତି। ସେହିପରି ସିଦ୍ଧିପାଲମର ଜଣେ ମହିଳା କହିଛନ୍ତି ଯେ, ପଞ୍ଚାୟତ ସଦରମହକୁମାକୁ କୌଣସି କାମରେ ବିଶେଷ କରି ବୃଦ୍ଧବୃଦ୍ଧା ରାସ୍ତାର ଏପରି ଦୁରାବସ୍ଥା ଦେଖି ପ୍ରାୟତଃ ଯିବାକୁ ମଙ୍ଗୁନାହାନ୍ତି। ଜିଲ୍ଲା ପ୍ରଶାସନ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେଇ ରାସ୍ତା ନିର୍ମାଣ ପାଇଁ ପଦକ୍ଷେପଗ୍ରହଣକରାଯିବାକୁ ଦାବି ହେଉଛି।

# ପେପରଲେସ୍ ହେଲା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

ଛତ୍ରପୁର,୪।୧୨(ସମିସ)

ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ପେପର ଲେସ୍ ଯୋଜନାକୁ କାର୍ଯ୍ୟକାରୀ କରିବାକୁ ଜୋରଦାର ପ୍ରୟାସ ଜାରି ରଖିଛି। ମାତ୍ର ୩ ମାସ ମଧ୍ୟରେ କାଗଜ ମୁକ୍ତ ହୋଇଛି ଗଞ୍ଜାମ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ। ଏବେ ଫାଇଲ ସିଷ୍ଟମରେ କାମ ହେଉଛି। ଆଗକୁ ସମ୍ପୂର୍ଣ୍ଣଭାବେ ଜିଲ୍ଲାର ସମସ୍ତ ସରକାରୀ କାର୍ଯ୍ୟାଳୟକୁ କାଗଜ ମୁକ୍ତ କରାଯିବାକୁ ନିଷ୍ପତ୍ତି ହୋଇଛି। ଗଞ୍ଜାମ ଜିଲ୍ଲାରେ ୨୦ ହଜାରରୁ ଊର୍ଦ୍ଧ୍ୱ ଫାଇଲ କାମ ଏବେ ଅନଲାଇନ୍ ମାଧ୍ୟମରେ ହେଉଛି। ମାତ୍ର ୩ ମାସ ମଧ୍ୟରେ ଏଭଳି କାର୍ଯ୍ୟ ହୋଇପାରିଛି। କେଉଁ ଅଧିକାରୀଙ୍କ ପାଖରେ କେତେ ଫାଇଲ୍ ଅଛି ଏ ବ୍ୟବସ୍ଥାରୁ ସହଜରେ ଉପଲବ୍ଧ ହେବ। ବ୍ଲକ ଓ ତହସିଲ କାର୍ଯ୍ୟାଳୟ ଏଥିରେ ଯୋଡ଼ି ହେବ। ସମସ୍ତ ଅଧିକାରୀଙ୍କୁ ଏନେଇ ଅବଗତ ସହ ତାଲିମ ପ୍ରଦାନ କରାଯାଇଛି। ଆସନ୍ତା ଡିସେମ୍ବର ଶେଷସୁଦ୍ଧା ସମସ୍ତ ସରକାରୀ କାର୍ଯ୍ୟାଳୟକୁ ପେପର ଲେସ୍ କରାଯିବାକୁ ଲକ୍ଷ୍ୟ ରହିଛି ବୋଲି କହିଛନ୍ତି ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ। ଏହାସହ କାଗଜମୁକ୍ତ ଜିଲ୍ଲା ଭାବରେ ରାଜ୍ୟରେ ପ୍ରଥମ ଜିଲ୍ଲା ଭାବେ ପରିଗଣିତ ହୋଇଛି ଗଞ୍ଜାମ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ। ଏଣିକି ଓ୍ୱାସ ଛଡ଼ା କୌଣସି ଫାଇଲ ଦସ୍ତଗତ ହେବ ନାହିଁ। ପେପର୍ ଲେସ୍ ଯୋଜନାରେ ରାଜ୍ୟରେ ଗଞ୍ଜାମ ଜିଲ୍ଲା ଶ୍ରେଷ୍ଠ ସ୍ଥାନ ଅଧିକାର କରିଥିବା ବେଳେ ଦକ୍ଷିଣାଞ୍ଚଳ ଡିଭିଜନରେ ବି ପ୍ରଥମ ସ୍ଥାନ ହାସଲ କରିଛି। ଏନେଇ ଦକ୍ଷିଣାଞ୍ଚଳ ରାଜସ୍ୱ କମିଶନର ଗଞ୍ଜାମ ଜିଲ୍ଲାପାଳଙ୍କ ଉଦ୍ୟମକୁ ପ୍ରଶଂସା କରିବା ସହ ଏହାଦ୍ୱାରା ସରକାରୀ ଅଫିସରୁ ଦଲାଲ୍ ହଟିବା ସହ ତ୍ୱରିତ କାର୍ଯ୍ୟ ସଂପାଦନ ହୋଇ ପାରିବ ବୋଲି କହିଛନ୍ତି। ଅନ୍ୟପଟେ ଗଞ୍ଜାମ ଜିଲ୍ଲାପାଳ ସମସ୍ତ ଅଧିକାରୀଙ୍କୁ ଧନ୍ୟବାଦ ଜଣାଇଛନ୍ତି।



## ବାଲ୍ୟବିବାହ ମୁକ୍ତ ଭାରତ ସଚେତନତା



ଶେରଗଡ଼,୪।୧୨(ସମିସ): ଶେରଗଡ ପଞ୍ଚାୟତ ସମିତି ସଭାଗୃହରେ ବିଡିଓ ତୃପ୍ତିମୟୀ ଜେନାଙ୍କ ଅଧ୍ୟକ୍ଷତାରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଗଞ୍ଜାମ ଜିଲ୍ଲା ପକ୍ଷରୁ ଗବେଷକ ଅଶ୍ୱିନୀ କୁମାର ଷଡଙ୍ଗୀ ଏବଂ ମହିଳା ସୁପରଭାଇଜର ବାସନ୍ତୀ ଦାସ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ଆରମ୍ଭ ରେ ବାଲ୍ୟବିବାହ କୁ ବନ୍ଦ କରିବା ଲାଗି ସମୂହ ଶପଥପାଠ କରାଯାଇଥିଲା। ଗଞ୍ଜାମ ଜିଲ୍ଲା ଗବେଷକ ଅଶ୍ୱିନୀ କୁମାର ଷଡଙ୍ଗୀ ଯୋଗଦେଇ ବାଲ୍ୟ ବିବାହ ଭଳି କୁପ୍ରଥାକୁ କିଭଳି ଉଚ୍ଛେଦ କରାଯିବ, ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଅନ୍ୟତମ ଅତିଥି ଭାବେ ଜିଲ୍ଲା ମହିଳା ସୁପରଭାଇଜର ବାସନ୍ତୀ ଦାସ ବାଲ୍ୟବିବାହକୁ ରୋକିବା ଲାଗି ପ୍ରଶାସନ, ସମାଜସେବୀ, ଏନଜିଓ, ସଚେତନ ନାଗରିକ, ବିଭିନ୍ନ ସମାଜ, ସମସ୍ତ ଙ୍କ ମିଳିତ ପ୍ରୟାସ ଆବଶ୍ୟକ ବୋଲି ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ସମସ୍ତ ପଞ୍ଚାୟତର କାର୍ଯ୍ୟ ନିର୍ବାହୀ ଅଧିକାରୀ, ବ୍ଲକର ସମସ୍ତ ଆଶାକର୍ମୀ ଉପସ୍ଥିତ ଥିଲେ।

## ଅଜଣା ଗାଡ଼ି ଧକ୍କାରେ ହରିଣ ମୃତ



ଖଲ୍ଲିକୋଟ,୪।୧୨(ସମିସ): ଖଲ୍ଲିକୋଟ ଥାନା ଅନ୍ତର୍ଗତ କୈରାଶି ନିକଟରେ ବୁଧବାର ରାତି ୮ ଟାରେ ଏକ ହରିଣ ରାସ୍ତା ପାର ହେଉଥିବା ବେଳେ କୌଣସି ଏକ ଅଜଣା ଗାଡି ଧକ୍କା ଦେବାରୁ ହରିଣଟିର ମୃତ୍ୟୁ ଘଟିଛି। ବନ ବିଭାଗର କର୍ମଚାରୀ ସେଠାରେ ପହଞ୍ଚି ମୃତ ହରିଣର ଶବ ଉଦ୍ଧାର କରିବା ସହ ଘଟଣାର ତଦନ୍ତ କରୁଛନ୍ତି।

## ରବି ଋତୁ ପାଇଁ କୃଷି ଯୋଜନା ପ୍ରସ୍ତୁତି

ଛତ୍ରପୁର, ୪।୧୨(ସମିସ): ଛତ୍ରପୁର ସ୍ଥିତ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଆଗାମୀ ରବି ଋତୁ ୨୦୨୫-୨୬ ପାଇଁ ଜିଲ୍ଲାସ୍ତରୀୟ କୃଷି ଯୋଜନା ପ୍ରସ୍ତୁତି ବୈଠକ ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତି ଭାସନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏହା ସହିତ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା ଏବଂ ଓଡିଶା ସମନ୍ୱିତ ଜଳସେଚନ ପ୍ରକଳ୍ପ ପାଇଁ ଜଳବାୟୁ ପ୍ରତିରୋଧକ କୃଷି ଉପରେ ମଧ୍ୟ ଜିଲ୍ଲାପାଳ ବିଶେଷ ଭାବେ ସମୀକ୍ଷା କରିଥିଲେ। ଆଗାମୀ ରବି ଫସଲ ଋତୁ ୨୦୨୫-୨୬ ଜିଲ୍ଲା ରେ ମୋଟ ୨,୨୪,୨୩୦ ହେକ୍ଟର ଜମିରେ ଫସଲ ଚାଷ ନିମନ୍ତେ ନିର୍ଦ୍ଧାରଣ କରାଯାଇଛି। ଯେଉଁଥିରେ ଅଣଜଳସେଚିତ ଜମିରେ ୧,୭୦,୫୭୬ ହେକ୍ଟର ଏବଂ ଜଳସେଚିତ ଜମିରେ ୫୩,୬୫୪ ହେକ୍ଟର ଫସଲ ଚାଷ ନିମନ୍ତେ ଲକ୍ଷ୍ୟଧାର୍ଯ୍ୟ କରାଯାଇଛି। ବୈଠକରେ ଆବାହକ ତଥା ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ଅଜୟ କୁମାର କର, ଉଦ୍ୟାନ ବିଭାଗର ଉପ ନିର୍ଦ୍ଦେଶକ କନ୍ଧ ଜେନା, ଜଳଛାୟା ପ୍ରକଳ୍ପ ନିର୍ଦ୍ଦେଶକ, ଡ଼ିଡ଼ିଏମ -ନାବାର୍ଡ, ଏଲଡ଼ିଏମ, କାର୍ଯ୍ୟ ନିର୍ବାହୀ ଯନ୍ତ୍ରୀ (କୃଷି ), ଅଧିକ୍ଷଣ ଯନ୍ତ୍ରୀ କ୍ଷୁଦ୍ର ଜଳସେଚନ, ବ୍ରହ୍ମପୁର -୧, ୨ ଏବଂ ଭଞ୍ଜନଗର, ଡେପୁଟି ରେଜିଷ୍ଟର ସମବାୟ ବିଭାଗ, ବରିଷ୍ଠ କୃଷି ବୈଜ୍ଞାନିକ, କୃଷି ବିଜ୍ଞାନ କେନ୍ଦ୍ର -୨, ଗଞ୍ଜାମ, ସମସ୍ତ କୃଷି ଜିଲ୍ଲା ଅଧିକାରୀ, ଜୋନାଲ ମ୍ୟାନେଜେର ଓଡିଶା ରାଜ୍ୟ ବିହନ ନିଗମ- ବ୍ରହ୍ମପୁର, ଡିଷ୍ଟ ମ୍ୟାନେଜେର, ଆଗ୍ରୋ, ବ୍ରହ୍ମପୁର ଏବଂ ସମସ୍ତ କୃଷି ଅଧିକାରୀ ଅଧିକାରୀ ମାନେ ଉପସ୍ଥିତ ଥିଲେ।

● ଟ୍ରାନ୍ସଫର୍ମର ଅଚଳ

## ବିଦ୍ୟୁତ୍ କାର୍ଯ୍ୟାଳୟ ଘେରିଲେ ସାହିବାସିନ୍ଦା

ଦିଗପହଣ୍ଡି,୪।୧୨(ସମିସ): ଦିଗପହଣ୍ଡି ବ୍ଲକ ଚୌଧୁରୀ ଟିକରପଡା ଗ୍ରାମ ଗଣିଆ ସାହିରେ ଗତ ୨ ଦିନ ପୂର୍ବେ ବିଦ୍ୟୁତ ଟ୍ରାନ୍ସଫର୍ମର ପୋଡ଼ିଯାଇଛି। ଫଳରେ ବିଦ୍ୟୁତ ସରବରାହ ବନ୍ଦ ରହିବା ସହ ଅନ୍ଧକାରରେ ବିତୁଛି ସାହି ବାସିନ୍ଦାଙ୍କ ଜୀବନ। ଫଳରେ ଉତ୍ତେଜିତ ସାହି ବାସିନ୍ଦା ବମକୋଇ ଗ୍ରାମ ସ୍ଥିତ ଟିପିଏସଓଡିଏଲ ଟାଟା ପାୱାର ଦେଓଖାଳି ଗ୍ରାମ ବିଦ୍ୟୁତ ସେକ୍ସନ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ପରେ ଦସ୍ତଖତ ସମ୍ବଳିତ ଦାବିପତ୍ର ଉପସ୍ଥିତ କନିଷ୍ଠ ଯନ୍ତ୍ରୀ ଇଂ.ଅମୃତ ନାହାକଙ୍କୁ ପ୍ରଦାନ କରିଥିଲେ। ଅଧିକା ଲୋଡିଂ ଯୋଗୁଁ ଟ୍ରାନ୍ସଫର୍ମରଟି ପୋଡ଼ି ଯାଇଥିଲା। ସନ୍ଧ୍ୟାରେ ବିଦ୍ୟୁତ



ବିଭାଗ କର୍ମଚାରୀ ଗ୍ରାମରେ ପହଞ୍ଚି ୧ ଶହ କେଭି କ୍ଷମତାର ନୂଆ ଟ୍ରାନ୍ସଫର୍ମର ସଂଯୋଗ କରି ବିଦ୍ୟୁତ ସରବରାହ ଚାଲୁ କରିଥିବା କନିଷ୍ଠ ଯନ୍ତ୍ରୀ କହିଛନ୍ତି। ଏନେଇ ଦିଗପହଣ୍ଡି ବିଦ୍ୟୁତ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ. ହରିହର ଦତ୍ତଙ୍କୁ ପଚାରିବାରୁ ଅଭିଯୋଗ ପାଇବା ପରେ ସମସ୍ୟା ସମାଧାନ କରାଯାଇଛି। ଅପରପକ୍ଷରେ ଚୌଧୁରୀ ଟିକରପଡ଼ା ଗାଁରେ ବହୁ ସଂଖ୍ୟକ ବିଦ୍ୟୁତ ଉପଭୋକ୍ତା ବିଦ୍ୟୁତ ଚୋରି କରୁଥିବାବେଳେ ଭିଜିଲାନ୍ସ ଟିମ୍ ଗାଁରେ ଚଢ଼ଉ କରି ୧୨୮ ଉପଭୋକ୍ତାଙ୍କ ବିଦ୍ୟୁତ ମିଟର ଟାମ୍ପରିଂ ଧରିବା ସହ ଜରିମାନା ଧାର୍ଯ୍ୟ କରିଥିଲେ। ପରେ ବିଭାଗ ଜରିମାନା ୩୦ ପ୍ରତିଶତ ହ୍ରାସ କରିଥିଲେ ମଧ୍ୟ ବହୁ ସଂଖ୍ୟକ ଉପଭୋକ୍ତା ଜରିମାନା ପୈଠ କରିନଥିବା ବିଭାଗ ପକ୍ଷରୁ କୁହାଯାଇଛି।

## ପୁଲିସ କର୍ମଚାରୀଙ୍କୁ ଦୁର୍ବ୍ୟବହାର

ଦିଗପହଣ୍ଡି,୪।୧୨(ସମିସ): ଦିଗପହଣ୍ଡି ଥାନା ଅନ୍ତର୍ଗତ ଗୋପାଳପୁର ଗ୍ରାମରେ ମହିଳା ଏଏସ୍ଆଇ ଝୁନୁ ମାଝୀ, ଏଏସ୍ଆଇ ମନୋଜ ସିଂ ଓ ଅନ୍ୟ କନେଷ୍ଟବଲ ମାନଙ୍କୁ ଗାଳିଗୁଲଜ ସହ ଦୁର୍ବ୍ୟବହାର କରିବା ଏବଂ ଜଣେ ଅଟକ ବ୍ୟକ୍ତିଙ୍କୁ ଉଦ୍ଧାର କରି ଆଣିବା ସମୟରେ ପୁଲିସ ଗାଡ଼ି ଉପରକୁ ଢେଲାପଥର ମାଡ଼ ମାରି ଭଙ୍ଗାରୁଜା କରିବା ଅଭିଯୋଗରେ ପୁଲିସ ସମ୍ପୃକ୍ତ ବ୍ୟକ୍ତିମାନଙ୍କ ବିରୁଦ୍ଧରେ ନିଜଆଡ଼ୁ ମାମଲା ରୁଜୁ କରିଛି। ଥାନା ମାମଲା ନଂ. ୪୩୮/୨୫ ଅନୁଯାୟୀ ମାମଲା ରୁଜୁ କରାଯାଇ ଏଏସ୍ଆଇ କହ୍ନେଇ ମିର୍ଦ୍ଧାଙ୍କୁ ତଦନ୍ତ ନିର୍ଦ୍ଦେଶ ଦିଆଯାଇଥିବା ଥାନା ଭାରପ୍ରାପ୍ତ ଆଇଆଇସି ତଥା ଡିଏସପି ପ୍ରଶାନ୍ତ କୁମାର ପାତ୍ର କହିଛନ୍ତି।

ସୂଚନା ପ୍ରକାରେ ଗତ ସୋମବାର ରାତିରେ ଗୋପାଳପୁର ଗ୍ରାମ କୋଠଘରେ ଜଣେ ବ୍ୟକ୍ତିଙ୍କୁ ବେଆଇନ ଭାବେ ଅଟକ ରଖାଯାଇଥିବା ଖବର ପାଇ ପୁଲିସ ପହଞ୍ଚିଥିଲା। ଲୋକଙ୍କୁ ବୁଝାଶୁଝା କରି ଅଟକ ବ୍ୟକ୍ତିଙ୍କୁ ଉଦ୍ଧାର କରି ଥାନା ଗାଡ଼ିରେ ବସାଇବା ପରେ ନିଶାସକ୍ତ ଅବସ୍ଥାରେ କିଛି ବ୍ୟକ୍ତି ସେଠାରେ ପହଞ୍ଚି ପୁଲିସ ଟିମ୍ ସହ ଯୁକ୍ତିତର୍କ ଓ ଗାଳିଗୁଲଜ କରିଥିଲେ। ଫେରିବା ବେଳେ ଥାନା ଗାଡ଼ି ଉପରକୁ ଲୋକେ ଢେଲାପଥର ମଧ୍ୟ ମାଡ଼ କରିଥିଲେ।

ପ୍ରକାଶ ଯେ, ଚମାଖଣ୍ଡି ଥାନା ଅଞ୍ଚଳର ହର୍ଷବର୍ଦ୍ଧନ ସାହୁ ଓ ତାଙ୍କର କିଛି ସହଯୋଗୀ ଗୋପାଳପୁର ଗ୍ରାମ ରାସ୍ତାରେ ଜନୈକ ଅବସରପ୍ରାପ୍ତ ସେନା କର୍ମଚାରୀଙ୍କୁ ଅଟକାଇ ଲୁଟ୍ ଉଦ୍ୟମ କରିବା ସମୟରେ ଗ୍ରାମବାସୀ ଖବର ପାଇ ସେମାନଙ୍କୁ ଗୋଡ଼ାଇଥିଲେ। ତେବେ ହର୍ଷବର୍ଦ୍ଧନଙ୍କୁ ଗ୍ରାମବାସୀ ଧରିବାକୁ ସକ୍ଷମ ହୋଇଥିବା ବେଳେ ଅନ୍ୟ ମାନେ ଚମ୍ପଟ ମାରିଥିଲେ। ପରେ ହର୍ଷବର୍ଦ୍ଧନଙ୍କୁ କୋଠଘରେ ଅଟକ ରଖାଯାଇଥିଲା। ତାଙ୍କର ଜୀବନ ପ୍ରତି ବିପଦ ଥିବା ସୂଚନା ପାଇ ପୁଲିସ ଟିମ୍ ତାଙ୍କୁ ଉଦ୍ଧାର ପାଇଁ ପହଞ୍ଚିବା ପରେ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ଜଣାପଡିଛି। ତେବେ ଗ୍ରାମର କୌଣସି ବ୍ୟକ୍ତି ସମ୍ପୃକ୍ତ ଲୁଟେରା ଗ୍ୟାଙ୍ଗ ବିରୁଦ୍ଧରେ ଏଯାବତ କୌଣସି ଏତଲା ଦେଇନଥିବା ଆଇଆଇସି କହିଛନ୍ତି।

## ଓଭରବ୍ରିଜ୍ ନିର୍ମାଣ ଲାଗି ତୁରନ୍ତ ପଦକ୍ଷେପ ଦାବି

ଛତ୍ରପୁର,୪।୧୨(ସମିସ): ଛତ୍ରପୁର ଥାନା ଅଧିନ ଡିଆରଡ଼ିଏ ଛକ ଜାତୀୟ ରାଜପଥ ନିକଟରେ ମହିଳା ଜଣଙ୍କ ମୃତ୍ୟୁ ଖବର ପରେ ଛତ୍ରପୁର ଜନସାଧାରଣ କଲେଜ ଛକ ଓ ଡ଼ିଆରଡ଼ିଏ ଛକ ଠାରେ ତୁରନ୍ତ ଓଭରବ୍ରିଜ ନିର୍ମାଣ କରିବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ପଦକ୍ଷେପ ନିଆଯାଉ ଏବଂ ଯେତେ ଦିନ ପର୍ଯ୍ୟନ୍ତ ଓଭରବ୍ରିଜ ନିର୍ମାଣ ହୋଇନି ସେତେ ଦିନ ପର୍ଯ୍ୟନ୍ତ ଏହି ସ୍ଥାନରେ ପୁଲିସ କର୍ମଚାରୀ ଅଧିକା ସଂଖ୍ୟାରେ ନିୟୋଜିତ କରାଯାଉ ବୋଲି କଂଗ୍ରେସ ନେତା ଭାଗିରଥି ବେହେରା, ଆଇନଜୀବୀ ଡ଼ ରାଜେନ୍ଦ୍ର କୁମାର ଦାଶ, ଶଶିଭୂଷଣ ପଟନାୟକ ଓ ମନୋଜ କୁମାର ବେହେରା, ଚାଷୀ ନେତା ସିମାଞ୍ଚଳ ନାହାକ ପ୍ରମୁଖ ଜିଲ୍ଲାପାଳ ଓ ଗଞ୍ଜାମ ଏସପିଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି।

## ଦେଶୀମଦ ସହ ବାଇକ୍ ଜବତ; ଜଣେ ଗିରଫ

ଖଲ୍ଲିକୋଟ,୪।୧୨(ସମିସ): ବେଆଇନ ଦେଶୀ ମଦ ଚୋରା ଚାଲାଣ ବେଳେ ପୁଲିସ ଚଢ଼ଉ କରି ଦେଶୀ ମଦ ଓ ବାଇକ୍ ଜବତ କରିଛି। ଏଥିସହ ଏହି ମାମଲାରେ ଜଣଙ୍କୁ ଗିରଫ କରିଛି। ଖଲ୍ଲିକୋଟ ଥାନା ଅଧିକାରୀ ରମେଶ କୁମାର ପ୍ରଧାନଙ୍କ ନିର୍ଦ୍ଦେଶ କ୍ରମେ ଏଏସ୍ଆଇ ହରିକୃଷ୍ଣ ସାମଲ ଓ ଅଭିମନ୍ୟୁ ପାଣ୍ଡେ ପୁଲିସ ଟିମ୍ ସହ ହରିଡ଼ାମୂଳ ଛକ ନିକଟରେ ଚଢ଼ଉ କରି ୧୨୦ ଲିଟର ଚୋରା ଦେଶୀମଦ ଓ ଗୋଟିଏ ବାଇକ ଜବତ କରିବା ସହ ଏଥିରେ ସମ୍ପୃକ୍ତ ହରିପୁର ଗ୍ରାମର ଶୁକଦେବ ଦାସଙ୍କୁ ଗିରଫ କରିଥିଲେ। ଚଢ଼ଉରେ ଖଲ୍ଲିକୋଟ ଥାନା କନଷ୍ଟେବଲ ଅଜୟ କୁମାର ବେହେରା, ରମାକାନ୍ତ ନାୟକ, ପ୍ରସନ୍ନ କୁମାର ରାଉତ, ଗଗନ ମଣ୍ଡଳ ପ୍ରମୁଖ ସାମିଲ ଥିଲେ।

## ବ୍ଲକସ୍ତରୀୟ ଶିଶୁ ଉତ୍ସବ



ରମ୍ଭା/ଗଞ୍ଜାମ,୪।୧୨(ସମିସ): ଓଷ୍ଟା ପକ୍ଷରୁ ଗଞ୍ଜାମ ବ୍ଲକସ୍ତରୀୟ ଶିଶୁ ଉତ୍ସବ ଲବଣ ଶ୍ରମିକ ହାଇସ୍କୁଲ ନିଳାଦ୍ରୀପୁର ପରିସରରେ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ଶିକ୍ଷାଧିକାରୀ ପ୍ରସନ୍ନ କୁମାର ବେହେରା ମୁଖ୍ୟ ଅତିଥି, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ବିଜୟ କୁମାର ବିଶ୍ୱାଳ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ସମ୍ପାଦକ ବିଜୟ କୁମାର ବେହେରା, ଭିକାରି ଚରଣ ଗୌଡ଼, ଓଷ୍ଟା ବ୍ଲକ ସଂପାଦକ ତଥା ଲବଣ ଶ୍ରମିକ ହାଇସ୍କୁଲ ସହକାରୀ ଶିକ୍ଷକ ଶେଷଦେବ ପ୍ରଧାନ, ପଞ୍ଚାୟତ ହାଇସ୍କୁଲ ପ୍ରଧାନ ଶିକ୍ଷକ ତଥା ଓଷ୍ଟା ରାଜ୍ୟ କମିଟି ସଭ୍ୟ ରାମଚନ୍ଦ୍ର ପଲେଇ, ନିଳାଦ୍ରୀପୁର ହାଇସ୍କୁଲ ପ୍ରଧାନ ଶିକ୍ଷୟିତ୍ରୀ ଶୁଭଲକ୍ଷ୍ମୀ ମହାନ୍ତି ପ୍ରମୁଖ ଯୋଗଦେଇ ଏହି ଶିଶୁ ଉତ୍ସବର ଲକ୍ଷ୍ୟ ଉଦ୍ଦେଶ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ। ପାଲଙ୍ଗ ହାଇସ୍କୁଲ ପ୍ରଧାନ ଶିକ୍ଷକ ଶକ୍ତି ପ୍ରସାଦ ମହାପାତ୍ର ସଭାପତିତ୍ୱ କରିଥିବାବେଳେ ସିଆରସିସି ସନ୍ତୋଷ କୁମାର ତ୍ରିପାଠୀ, ରବୀନ୍ଦ୍ର କୁମାର ପଣ୍ଡା, ଶିକ୍ଷୟିତ୍ରୀ ଶାନ୍ତିଲତା ପାତ୍ର ବିଚାରକ ଭାବେ ପ୍ରତିଯୋଗିତା ଗୁଡିକୁ ପରିଚାଳନା କରିଥିଲେ। ପାଲିବନ୍ଧ ସରପଞ୍ଚ ସଂଯୁକ୍ତା ପ୍ରଧାନ ଓଷ୍ଟାର ପତାକା ଉତ୍ତୋଳନ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। କାର୍ଯ୍ୟକ୍ରମକୁ ପ୍ରିୟଙ୍କା ମହାପାତ୍ର, ଶିକ୍ଷକ ବିଦ୍ୟାଧର ଜେନା, ପ୍ରକାଶ ଚନ୍ଦ୍ର ଦଳେଇ, ବିଭୂତି ଭୂଷଣ ତ୍ରିପାଠୀ, ହରସ ଚନ୍ଦ୍ର ସ୍ୱାଇଁ ପ୍ରମୁଖ ପରିଚାଳନା କରିଥିଲେ। ଶିକ୍ଷକ ଶେଷଦେବ ଛାଟେଇ ଧନ୍ୟବାଦ ଅର୍ପଣ କରିଥିଲେ।

## କବିସୂର୍ଯ୍ୟନଗରରେ ଦିବ୍ୟାଙ୍ଗ ଦିବସ

କବିସୂର୍ଯ୍ୟନଗର,୪।୧୨(ସମିସ): ବିଶ୍ୱ ଦିବ୍ୟାଙ୍ଗ ଦିବସ ସ୍ଥାନୀୟ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏଠାରୁ ଏକ ସଚେତନତା ରାଲି ବାହାରି ନଗର ପରିକ୍ରମା କରିଥିଲେ କ୍ଷ ଏଥିରେ ଦିବ୍ୟାଙ୍ଗ ସହ ଅଭିଭାବକ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ବିଇଓ ଅଭିମନ୍ୟୁ ସାହୁଙ୍କ ସଭାପତିତ୍ୱରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ମୁଖ୍ୟବକ୍ତା ସିଡିପିଓ ଜାନକୀ ମାଝୀ, ସମ୍ମାନିତ ଅତିଥି ଡା. କଂଗ୍ରେସ ପ୍ରଧାନ, ସମାଜସେବୀ ମୀରା କୁମାରୀ ଦେଓ, ଏବିଇଓ ମାଧବ ଚନ୍ଦ୍ର ମାଝୀ ଓ ରବି ନାରାୟଣ ବେହେରା, ପ୍ରଧାନ ଶିକ୍ଷକ ସୂର୍ଯ୍ୟନାରାୟଣ ଦାଶ ଓ ଦିବାକର ଶତପଥୀ ଏବଂ ପ୍ରଭାକର ଜେନା ଉପସ୍ଥିତ ଥିଲେ। ଦିବ୍ୟାଙ୍ଗଙ୍କୁ ଶୀତବସ୍ତ୍ର ପ୍ରଦାନ କରିବା ସହ କୃତୀ ଦିବ୍ୟାଙ୍ଗଙ୍କୁ ପୁରସ୍କୃତ କରାଯାଇଥିଲା। ବିଆରଟି ପ୍ରମିଳା ମିଶ୍ର ଓ ଅକ୍ଷୟ କୁମାର ପ୍ରଧାନ ପରିଚାଳନା କରିଥିଲେ।

## 'ବ୍ଲକ ଓ ଜିଲ୍ଲାର ଉନ୍ନତିରେ ସାମ୍ବାଦିକଙ୍କ ଭୂମିକା ପ୍ରଶଂସନୀୟ'

ରାୟଗଡ,୪।୧୨(ସମିସ): ଓଡ଼ିଶା ୟୁନିଅନ ଅଫ ଜର୍ଣ୍ଣାଲିଷ୍ଟ ଗଜପତି ଜିଲ୍ଲା ରାୟଗଡ ବ୍ଲକ ଶାଖା ପକ୍ଷରୁ ବୁଧବାର ଏକ ବନ୍ଧୁମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ବରିଷ୍ଠ ରାଜନେତା ଅନ୍ତର୍ଯ୍ୟାମୀ ଗମାଙ୍ଗ, ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ପୂର୍ଣ୍ଣବାସୀ ନାୟକ, ଜିଲ୍ଲାର ବରିଷ୍ଠ ସାମ୍ବାଦିକ ତଥା ଜିଲ୍ଲା କାର୍ଯ୍ୟକାରୀ ସଭାପତି ରୁପେଶ କୁମାର ସାହୁ, ଜିଲ୍ଲା ସାଧାରଣ ସମ୍ପାଦକ ଆଦର୍ଶ ଦାସ, ସଂଗଠନର ଉପଦେଷ୍ଟା କେ. ରାମସ୍ୱାମୀ ଯୋଗ ଦେଇ ସଂଗଠନର ଏଭଳି କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିବା ସହ ବ୍ଲକ ଓ ଜିଲ୍ଲାର ଉନ୍ନତିରେ ସାମ୍ବାଦିକଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ମତ ପ୍ରକାଶ କରିଥିଲେ।

ଓୟୁଜେ ଗଜପତି ଜିଲ୍ଲା ଅଧିନ ରାୟଗଡ ବ୍ଲକର ସାମ୍ବାଦିକ ପୂର୍ବ ଯୋଜନା ପ୍ରକାରେ ଡମ୍ବାପୁର ସ୍ଥିତ ମହେନ୍ଦ୍ରତନୟା ଡ୍ୟାମ ଠାରେ ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। କାଶୀନଗର ବ୍ଲକର ଦୁଇ ଜଣ ସାମ୍ବାଦିକଙ୍କ ଅମର ଆତ୍ମାର ସଦଗତି କାମନା କରି ଶୋକ ପ୍ରାର୍ଥନା କରାଯାଇଥିଲା। ଏଥିରେ ଅଂଶଗ୍ରହଣ କରିଥିବା ସମସ୍ତ ସ୍ୱତନ୍ତ୍ର ବ୍ୟକ୍ତିବିଶେଷ, ବୁଦ୍ଧିଜୀବୀଙ୍କ ସମେତ ଜିଲ୍ଲା କୋଷାଧ୍ୟକ୍ଷ ବାସୁଦେବ ଦାସ, ରାମ ଗୋବିନ୍ଦ ଆଚାର୍ଯ୍ୟ ଙ୍କ ସମେତ ସମସ୍ତ ଜିଲ୍ଲା ସାମ୍ବାଦିକ ଓ ବିଭିନ୍ନ ବ୍ଲକ ସାମ୍ବାଦିକଙ୍କୁ ମଧ୍ୟ ବ୍ଲକ ସାମ୍ବାଦିକ ସଂଘ ପକ୍ଷରୁ ଉତ୍ତରୀୟ ଦେଇ ସମ୍ମାନିତ କରାଯାଇଥିଲା।

ଏହି କାର୍ଯ୍ୟକ୍ରମକୁ ଜିଲ୍ଲା ଯୁଗ୍ମ ସମ୍ପାଦକ ସୌମ୍ୟରଞ୍ଜନ ପଟ୍ଟନାୟକ, ଜ୍ୟୋତି ପ୍ରସାଦ ପାଣି, ବି. କୃଷ୍ଣ ଚନ୍ଦ୍ର ପାତ୍ର, ସାଇ ରଞ୍ଜନ ପଟନାୟକ ପରିଚାଳନା କରିଥିବା ବେଳେ ଆଇନଜୀବୀ ଦୀପୁ ପଟ୍ଟନାୟକ, ସମାଜସେବୀ ପ୍ରସାଦ ଘଡାଇ, ମନୁ ସାହୁ, ୱାର୍ଡସଭ୍ୟ ରାଜୁ ଆଚାରୀ, କାଶୀ ଆଚାରୀ, ବାବୁନି ପାଣିଗ୍ରାହୀ, ଚିତ୍ର ଲେଙ୍କା ଓ ବାପି ଦଳପତି ପରିଚାଳନାରେ ସହଯୋଗ କରିଥିଲେ।

## ୩ କୋଟି ଠକେଇ ଅଭିଯୋଗ; ଥାନାରେ ହୋହଲ୍ଲା

ବ୍ରହ୍ମପୁର,୪।୧୨(ସମିସ): ସୁଧ କାରବାରକୁ ନେଇ ବ୍ରହ୍ମପୁର ସହରରେ ବଡ଼ ଧରଣର ଠକେଇ ସାମ୍ନାକୁ ଆସିଛି। ବଡବଜାର ଅଞ୍ଚଳର ଜଣେ ଯୁବକ ଶତାଧିକ ଲୋକଙ୍କ ଟଙ୍କା ନେଇ କେଉଁଆଡେ ଫେରାର ହୋଇଯାଇଥିବା ଜଣାପଡିଛି। ତେବେ ଠକେଇର ଶିକାର ହୋଇଥିବା ଶତାଧିକ ଲୋକ ଗୁରୁବାର ସନ୍ଧ୍ୟାରେ ବଡବଜାର ଥାନାରେ ଜମା ହୋଇ ସଂପୃକ୍ତ ଯୁବକଙ୍କ ବିରୋଧରେ ଅଭିଯୋଗ କରିବା ପରେ ଘଟଣା ସାମ୍ନାକୁ ଆସିଛି।

ସୂଚନାପ୍ରକାରେ, ଶାସ୍ତ୍ରୀନଗର ଅଞ୍ଚଳର ଜଣେ ଯୁବକ ସୁଧ କାରବାର କରନ୍ତି। ସେ ଶାସ୍ତ୍ରୀନଗର, ଉତ୍କଳ ହଲ ଛକ, ବଡବଜାର ଅଞ୍ଚଳର ବଡ଼ ବଡ଼ ବ୍ୟବସାୟୀ ଓ ଧନୀ ବ୍ୟକ୍ତିଙ୍କ ଠାରୁ ଟଙ୍କା ଧାର ଆଣି ବଜାରରେ ଛୋଟ ଛୋଟ ବ୍ୟବସାୟୀଙ୍କୁ ସୁଧରେ ଦିଅନ୍ତି। ଛୋଟ ବ୍ୟବସାୟୀଙ୍କ ଠାରୁ ପ୍ରତ୍ୟେକ ଦିନ ଟଙ୍କା ଆଦାୟ କରି ବଡ଼ ବ୍ୟବସାୟୀଙ୍କୁ ସୁଧ ସହ ଟଙ୍କା ଫେରସ୍ତ କରନ୍ତି। ଏହା ବାଦ ଏହି ବ୍ୟକ୍ତି ଜଣଙ୍କ ସେହି ଅଞ୍ଚଳର ଅନେକ ଲୋକଙ୍କୁ ନେଇ ଚିଟ୍ ମଧ୍ୟ ପକାନ୍ତି। ଏଭଳି ସ୍ଥିତିରେ ସେ ଅଞ୍ଚଳର ଶତାଧିକ ଲୋକଙ୍କ ଠାରୁ ୩ କୋଟିରୁ ଅଧିକ ଟଙ୍କା ଧାର ଆଣିଛନ୍ତି। ସେ ଟଙ୍କା ଆଣିବା ବେଳେ ଅନେକ ଲୋକଙ୍କ ଠାରୁ କେବଳ ସାଦା କାଗଜରେ ବୁଝାମଣାପତ୍ର ଲେଖାଇ ଦେଇଛନ୍ତି। ସଂପୃକ୍ତ ବ୍ୟକ୍ତି ଜଣଙ୍କ ପ୍ରତ୍ୟେକ ମାସରେ ଲୋକଙ୍କ ସୁଧ ଟଙ୍କା ପଇଠ କରି ଦେଉଥିଲେ। ହେଲେ ଏବେ ଏକ ମାସ ହେବ ବ୍ୟକ୍ତି ଜଣଙ୍କ ଲୋକଙ୍କ ଟଙ୍କା ଦେବା ବନ୍ଦ କରି ଦେଇଥିଲେ। ଫଳରେ ତାଙ୍କ ଦ୍ୱାରା ଲକ୍ଷ ଲକ୍ଷ ଟଙ୍କା ସୁଧରେ ଲଗାଇଥିବା ବ୍ୟବସାୟୀମାନେ ଚିନ୍ତାରେ ପଡି ଯାଇଥିଲେ। ଆଜକୁ କିଛିଦିନ ହେବ ସଂପୃକ୍ତ ବ୍ୟକ୍ତି ଜଣଙ୍କ କେଉଁଆଡେ ଗାଏବ ହୋଇ ଯାଇଥିବାରୁ ଛୋଟ ଓ ବଡ ଜମାକାରୀଙ୍କ ମୁଣ୍ଡରେ ଚଡ଼କ ପଶିଛି। ଲୋକମାନେ ତାଙ୍କୁ ବିଶ୍ୱାସ କରି ଟଙ୍କା ଦେଇଥିବା ବେଳେ ସେ ପ୍ରାୟ ୩ କୋଟି ଟଙ୍କା ଠକିନେଇ ଫେରାର ହୋଇ ଯାଇଥିବା ଅଭିଯୋଗ ହେଉଛି। ଜମାକାରୀଙ୍କ ଫୋନ ଗ୍ରହଣ କରୁନଥିବାରୁ ସେମାନେ ବାଧ୍ୟ ହୋଇ ଥାନାର ଦ୍ୱାରସ୍ଥ ହୋଇଛନ୍ତି।

# ରାଜ୍ୟରେ ନକଲି ଓ ନିମ୍ନମାନର ଔଷଧ କାରବାର ପାଇଁ ସ୍ୱାସ୍ଥ୍ୟବିଭାଗ ଦାୟୀ: ଓସପା

ବ୍ରହ୍ମପୁର,୪।୧୨(ସମିସ): ରାଜ୍ୟରେ ବର୍ଷ ବର୍ଷ ଧରି ଚାଲିଥିବା ନକଲି ଓ ନିମ୍ନମାନର ଔଷଧ କାରବାର ପାଇଁ ଖୋଦ୍ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟବିଭାଗ ଦାୟୀ ବୋଲି ଅଭିଯୋଗ କରିଛି ଓଡିଶା ରାଜ୍ୟ ଫାର୍ମାସିଷ୍ଟସ ସଂଘ ବା ଓସପା। ବିଧାନସଭାର ଶୀତକାଳିନ ଅଧିବେଶନରେ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ଲିଖିତ ଉତ୍ତର ପ୍ରକାରେ ରାଜ୍ୟରେ ୨୦୨୧ ମସିହାରେ ୭୯ଟି, ୨୦୨୨ରେ ୬୪ଟି,୨୦୨୩ରେ ୨୪ଟି ଏବଂ ୨୦୨୪ମସିହାରେ ୧୧ଟି ଏହିଭଳି ମୋଟ ୧୭୮ଟି ଔଷଧ ନକଲି ଚିହ୍ନଟ ହୋଇଥିବା ବେଳେ ୩୮୮ଟି ନିମ୍ନମାନର ଔଷଧ ବିକ୍ରିକୁ ବନ୍ଦ କରାଯାଇଥିବା ଦର୍ଶାଯାଇଛି। ତେବେ ସେଥିମଧ୍ୟରୁ ରାଜ୍ୟ ସରକାରଙ୍କ ନିରାମୟ ଯୋଜନା ଓ ଓଏମସିଏଲ ବା ଓଡିଶା ଔଷଧ ନିଗମରୁ କେତେ ପ୍ରକାର ଔଷଧ ଜବତ ହୋଇଛି ତାହାର ତଥ୍ୟ ସରକାର ଦେଇ ନଥିବା ଅଭିଯୋଗ କରିଛି ସଂଘ। ଏନେଇ ରାଜ୍ୟ ଭେଷଜ ନିୟନ୍ତ୍ରକ ବିଭାଗ ଯେଉଁ ତଥ୍ୟ ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ଯୋଗାଇ ଥିବେ ମନ୍ତ୍ରୀ ତାହାକୁ ବିଧାନସଭାରେ ଉପସ୍ଥାପିତ କରିଥିବେ ବୋଲି ସଂଘ ପକ୍ଷରୁ ଅନୁମାନ କରାଯାଇଛି। ଭେଷଜ ନିୟନ୍ତ୍ରକ ବିଭାଗର ଦାୟିତ୍ୱ ଔଷଧ ଦୋକାନଗୁଡିକୁ ନିୟନ୍ତ୍ରଣରେ ରଖିବା। ତାହା ନକରି କେବଳ ରାଜ୍ୟରେ ଛତୁ ଫୁଟିଲା ଭଳି ଔଷଧ ଦୋକାନ ଖୋଲିବାରେ ବିଭାଗ ବ୍ୟସ୍ତ ରହିଥିବା ସଂଘର ସାଧାରଣ ସମ୍ପାଦକ ବିଷ୍ଣୁ ପ୍ରସାଦ ପଣ୍ଡା ଅଭିଯୋଗ କରିଛନ୍ତି। ସମସ୍ତ ଶ୍ରେଣୀଭୁକ୍ତ ଔଷଧ ଡାକ୍ତରଙ୍କ ଚିଠାରେ ବଣ୍ଟନ ନେଇ ଆଇନ ଥିବାବେଳେ ପଂଚାୟତ ସ୍ତରରେ ଜଣେ ମଧ୍ୟ ଡାକ୍ତର ନଥାଇ ସୁଦ୍ଧା ୧୦ରୁ ଊର୍ଦ୍ଧ୍ୱ ଔଷଧ ଦୋକାନ ଖୋଲିବା ପାଇଁ ଅନୁମତି ପ୍ରଦାନ କରାଯିବା ପଛର ରହସ୍ୟ କ'ଣ ବୋଲି ଶ୍ରୀ ପଣ୍ଡା ପ୍ରଶ୍ନ କରିଛନ୍ତି। ରାଜ୍ୟରେ ଚାଲିଥିବା ତଣ୍ଟି କଟା ପ୍ରତିଯୋଗିତା ଯୋଗୁ ଔଷଧ ଦୋକାନୀ ଶସ୍ତାରେ ଔଷଧ କିଣି ରୋଗୀଙ୍କୁ ୨୦ରୁ ୨୫ ପ୍ରତିଶତ ରିହାତି ମୂଲ୍ୟରେ ଔଷଧ ବିକ୍ରି କରିବାକୁ ବାଧ୍ୟ ହେଉଛନ୍ତି। ଯାହା ରାଜ୍ୟରେ ନକଲି ଓ ନିମ୍ନମାନର ଔଷଧ କାରବାରକୁ ପରୋକ୍ଷରେ ସୁହାଇଛି।

ଏଣୁ ରାଜ୍ୟ ସରକାର ଏବଂ ଭେଷଜ ନିୟନ୍ତ୍ରକ ବିଭାଗ ଯେଉଁ ଔଷଧ ଦୋକାନୀ ରିହାତି ବୋର୍ଡ ଲଗାଇ ଜନସାଧାରଣଙ୍କୁ ନିମ୍ନମାନର ଔଷଧ ବିକ୍ରି କରୁଛନ୍ତି ସେମାନଙ୍କୁ ତୁରନ୍ତ ତଦନ୍ତ ପରିସରଭୁକ୍ତ କଲେ ଜନସାଧାରଣ ଏହା କବଳରୁ ରକ୍ଷା ପାଇପାରିବେ ବୋଲି ଓସେପାର ରାଜ୍ୟ ସାଧାରଣ ସମ୍ପାଦକ କହିଛନ୍ତି। ସେହିଭଳି ଔଷଧ ଦୋକାନ ଖୋଲିବା, ଔଷଧ ସଂରକ୍ଷଣ ଓ ବିତରଣ କରିବା ପ୍ରତ୍ୟେକ ଔଷଧ ଦୋକାନରେ ଜଣେ ପଞ୍ଜିକୃତ ଫାର୍ମାସିଷ୍ଟଙ୍କ ଉପସ୍ଥିତି ବାଧ୍ୟତାମୂଳକ। ଯାହା ଅଧିକାଂଶ ଦୋକାନରେ ପରିଲକ୍ଷିତ ହେଉନାହିଁ। ସବୁଠାରୁ ବଡ଼କଥା ହେଲା ଏସମ୍ପର୍କରେ ଡ୍ରଗ୍ସ

● ରାଜ୍ୟରେ ଚାଲିଥିବା ତଣ୍ଟିକଟା ପ୍ରତିଯୋଗିତା ନକଲି ଔଷଧ କାରବାରର ମୂଳ କାରଣ
● ଔଷଧ ଦୋକାନ ଖୋଲିବା ଓ ପରିଚାଳନା ପାଇଁ ଉଦ୍ଦିଷ୍ଟ ନିୟମ ପାଳନ ହେଉନାହିଁ
● ୩୧ ବର୍ଷ ଧରି ଅଚଳ ଥିବା 'ଓଡ଼ିଶା ଫାର୍ମାସୀ କାଉନ୍‌ସିଲ' ପୁନର୍ଗଠନ ଦାବି

କଣ୍ଟ୍ରୋଲର ଏବଂ ଡ୍ରଗ୍ସ ଇନ୍ସପେକ୍ଟରମାନେ ଜାଣି ସୁଦ୍ଧା ନଜାଣିଲା ଭଳି ଚୁପ ରହୁଥିବା ଅଭିଯୋଗ ହୋଇଛି। ପଞ୍ଜିକୃତ ଫାର୍ମାସିଷ୍ଟଙ୍କୁ ଓଡିଶା ଫାର୍ମାସି କାଉନସିଲ ପଞ୍ଜିକରଣ କରିବା ସହ ପ୍ରତି ଦୁଇ ବା ତିନିବର୍ଷ ବ୍ୟବଧାନରେ ଓଡିଶା ଫାର୍ମାସି କାଉନସିଲ ପୁନଃ ପ୍ରଶିକ୍ଷଣ ଦେଇଥିଲେ ତାହା ନୂତନ ପରିବର୍ତ୍ତିତ ମାନଦଣ୍ଡରେ ସେମାନଙ୍କ ଦକ୍ଷତା ଓ ଜ୍ଞାନ ବୃଦ୍ଧି କରିବାରେ ସହାୟକ ହୋଇଥାନ୍ତା।

କିନ୍ତୁ ୧୯୯୪ମସିହାରୁ ଓଡିଶା ଫାର୍ମାସି କାଉନସିଲର ପୁନର୍ଗଠନ ହୋଇନାହିଁ। ଯଦ୍ୱାରା ଦୀର୍ଘ ୩୧ବର୍ଷ ଧରି ଓଡିଶା ଫାର୍ମାସି କାଉନସିଲ ପଙ୍ଗୁ ହୋଇପଡିରହିଛି। ନିକଟରେ ରାଜ୍ୟ ସରକାର ଜଣେ ଭେଷଜ ନିରୀକ୍ଷକଙ୍କୁ ଭାରପ୍ରାପ୍ତ ରେଜିଷ୍ଟ୍ରାର ଭାବେ ନିଯୁକ୍ତି ଦେଇ କାମ ଚଳାଉଛନ୍ତି। ଓଡିଶା ଫାର୍ମାସି କାଉନସିଲ ପୁନର୍ଗଠନ ହେଲେ ସମଗ୍ର ରାଜ୍ୟରେ ୬୦ହଜାରରୁ ଊର୍ଦ୍ଧ୍ୱ ପଞ୍ଜୀକୃତ ଫାର୍ମାସିଷ୍ଟ ପୁନଃ ପ୍ରଶିକ୍ଷିତ ହୋଇ ଗୁଣାତ୍ମକ ସେବା ପ୍ରଦାନ କରି ଜନସାଧାରଣଙ୍କୁ ନକଲି ଓ ବିଷାକ୍ତ ଔଷଧର ପ୍ରାଦୁର୍ଭାବରୁ ରକ୍ଷା କରିପାରିବେ। ଏଥିପାଇଁ ରାଜ୍ୟ ସରକାର ତୁରନ୍ତ ଓଡିଶା ଫାର୍ମାସି କାଉନସିଲକୁ ପୁନର୍ଗଠନ କରିବାକୁ ଓସପାର ସାଧାରଣ ସମ୍ପାଦକ ବିଷ୍ଣୁ ପ୍ରସାଦ ପଣ୍ଡା ଦାବି କରିଛନ୍ତି। ଅନ୍ୟପକ୍ଷେ ଜନସାଧାରଣ ଗୁଣାତ୍ମକ ମାନର ଔଷଧ ପାଇବାକୁ ହେଲେ ପଞ୍ଜିକୃତ ଫାର୍ମାସିଷ୍ଟ ନିୟୋଜିତ ଥିବା ତଥା ଶୀତତାପ ନିୟନ୍ତ୍ରିତ ଔଷଧ ଦୋକାନରୁ ଔଷଧ କିଣିବା ଉଚିତ। କାରଣ ପ୍ରାୟତଃ ସମସ୍ତ ଔଷଧକୁ ୩୦ଡ଼ିଗ୍ରୀ ସେଣ୍ଟିଗ୍ରେଡ ତାପମାତ୍ରାରୁ କମ ତାପମାତ୍ରାରେ ରଖିବାକୁ ହୋଇଥାଏ। କିନ୍ତୁ ଆମ ରାଜ୍ୟରେ ଖରାଦିନରେ ତାପମାତ୍ରା ୪୦ଡ଼ିଗ୍ରୀ ସେଣ୍ଟିଗ୍ରେଡରୁ ମଧ୍ୟ ଅଧିକ ରହିଥାଏ। ଫଳରେ ଅଧିକ ତାମପାତ୍ରା ଯୋଗୁଁ ମଧ୍ୟ ସଠିକ ଔଷଧ ମଧ୍ୟ ନିମ୍ନମାନକୁ ଚାଲିଯିବା ସମ୍ଭାବନା ରହିଛି। ଏଣୁ ରାଜ୍ୟ ସରକାର ସମସ୍ତ ସରକାରୀ ନିରାମୟ କେନ୍ଦ୍ରଗୁଡ଼ିକୁ ମଧ୍ୟ ଶୀତତାପ ନିୟନ୍ତ୍ରିତ କରାଯିବା ଜରୁରୀ। ଶୀତତାପ ନିୟନ୍ତ୍ରିତ ନହେବା ଯୋଗୁଁ ରାଜ୍ୟରେ ୩୮୮ଟି ନିମ୍ନମାନର ଔଷଧ ଚିହ୍ନଟ ହୋଇଥିବା ନେଇ ଶ୍ରୀ ପଣ୍ଡା ଆଶଙ୍କା ପ୍ରକାଶ କରିଛନ୍ତି। ତେବେ ଏକ୍ଷେତ୍ରରେ ଜନସାଧାରଣ ମଧ୍ୟ ସଚେତନ ହୋଇ ଔଷଧ କିଣିବା ସମୟରେ ଲେବୁଲ କିମ୍ବା ପାତ୍ରରେ ଲେଖାଥିବା ବ୍ୟାଚ ନମ୍ବରକୁ ମିଳାଇ ଔଷଧ ଦୋକାନରୁ ରସିଦ ଦାବି କଲେ ସଠିକ ଔଷଧ ପାଇ ପାରିବେ ବୋଲି ଏକ ପ୍ରେସ ବିବୃତ୍ତିରେ ଆହ୍ୱାନ ଦେଇଛନ୍ତି ଓଡିଶା ରାଜ୍ୟ ଫାର୍ମାସିଷ୍ଟ ସଂଘର ରାଜ୍ୟ ସାଧାରଣ ସମ୍ପାଦକ ବିଷ୍ଣୁ ପ୍ରସାଦ ପଣ୍ଡା।

## ଅଜଣା ଗାଡ଼ି ଧକ୍କାରେ ଜଣେ ମୃତ

ପାତ୍ରପୁର,୪।୧୨(ସମିସ): ଜରଡ଼ା ଥାନା ଖାରିଆଗୁଡ଼ା ଫାଣ୍ଡି ତୁରୁବୁଡ଼ି ପଞ୍ଚାୟତ ଅନ୍ତର୍ଗତ କଣ୍ଟାଖାଳି ଗ୍ରାମ ନିକଟରେ ଏକ ଅଜଣା ଗାଡ଼ି ଧକ୍କାରେ ଜଣେ ବ୍ୟକ୍ତି ମୃତ ହୋଇଥିବା ଜଣାପଡିଛି। ମୃତକ ହେଲେ ଉକ୍ତ ଗ୍ରାମର ଅଭି ନାଇକଙ୍କ କୁରେଶ ନାଇକ (୩୫)। କୁରେଶ କୌଣସି କାମରେ ତୁରୁବୁଡି ଯାଇ ଗ୍ରାମକୁ ଫେରିବାବେଳେ ଏକ ଅଜଣା କାର ତାଙ୍କୁ ପଛ ପଟୁ ଧକ୍କା ଦେଇଥିଲା। ସ୍ଥାନୀୟ ଲୋକେ କୁରେଶଙ୍କୁ ପାତ୍ରପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିବା ବେଳେ ଡ଼ାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସୂଚନା ଥାଉକି ମୃତ କୁରେଶଙ୍କୁ ୨ ପୁଅ ଓ ୨ ଝିଅ ଅଛନ୍ତି। କୁରେଶଙ୍କ ପରିବାର ଗରିବ ଶ୍ରେଣୀର ହୋଇଥିବା ବେଳେ ସରକାରୀ ସହାୟତା ପାଇଁ ଦାବି ହୋଇଛି। ଅଜଣା ଗାଡ଼ିକୁ ଧରିବା ସହ ଦୋଷୀ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ସାଧାରଣରେ ଦାବି ହୋଇଛି।

# ଘରୁ ଡାକି ନେଇ ଯୁବକଙ୍କୁ ହତ୍ୟା!

ଦେବଗଡ଼, ୪।୧୨ (ସମିସ): ବାରକୋଟ ଥାନା ଅଧୀନ ଟାଇଁସିରା ଗାଁରୁ ୫ଦିନ ତଳେ ନିଖୋଜ ହୋଇଯାଇଥିବା ଜଣେ ଯୁବକଙ୍କ ମୃତଦେହ ଗୁରୁବାର ଏକ ନାଳରୁ ଉଦ୍ଧାର ହୋଇଛି। ମୃତ ଯୁବକଜଣଙ୍କ ସେହି ଗାଁର ରାଜକିଶୋର ମହାକୁଳ। ତାଙ୍କୁ ହତ୍ୟା କରି ନାଳରେ ଫିଙ୍ଗି ଦିଆଯାଇଥିବା ପରିବାରଲୋକେ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଗୁରୁତ୍ୱର ସହ



**୫ ଦିନ ପରେ ନାଳରୁ ଶବ ଉଦ୍ଧାର**

ନେଇ ପୁଲିସ ତଦନ୍ତ ଆରମ୍ଭ କରିବା ସହ ୨ ଜଣ ଯୁବକଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି।

ଗତ ୩୦ତାରିଖରେ ରାଜକିଶୋରଙ୍କୁ ସେହି ଗାଁର ଗଣ ନାୟକ ଓ ତପନ ନାୟକ ଭୋଜି ପାଇଁ ଦରଗଡ଼ି ଜଳପ୍ରପାତ ନିକଟକୁ ନେଇଯାଇଥିଲେ। ଭୋଜି ସରିବା ପରେ ସେମାନେ ଖଜୁରି ତାଡ଼ି ପିଇବାକୁ ଫଟାମୁଣ୍ଡ ଗାଁକୁ ଯାଇଥିଲେ। ସେଠାରୁ ଫେରି ରାଜକିଶୋର ବିଶ୍ରାମ ନେଉଥିବା ବେଳେ ସଂଧ୍ୟାରେ ପୁଣି ଗଣ ଓ ତପନ ତାଙ୍କୁ ଘରୁ ଡାକି ନେଇଥିଲେ। କିନ୍ତୁ ସେଦିନ ଆଉ ରାଜକିଶୋର ଘରକୁ ନ ଫେରିବାରୁ ପରିବାରଲୋକଙ୍କ ମନକୁ ପାପ ଛୁଇଁଥିଲା। ପରଦିନ ଅର୍ଥାତ୍ ଡିସେମ୍ବର ୧ତାରିଖ ସକାଳେ ମା' ବୋଇତ ମହାକୁଳ ଏ ସଂପର୍କରେ ଗଣ ଓ ତପନଙ୍କୁ ପଚାରିବାରୁ ସେମାନେ ରାଜକିଶୋର କୁଆଡ଼େ ଗଲା, ତାହା ଜାଣି ନଥିବା କହିଥିଲେ। ବହୁ ଖୋଜାଖୋଜି ପରେ ମଧ୍ୟ ରାଜକିଶୋରଙ୍କ ସନ୍ଧାନ ନ ମିଳିବାରୁ ବୋଇତ ଏ ସଂପର୍କରେ ଗତ ୨ ତାରିଖରେ ବାରକୋଟ ଥାନାରେ ଅଭିଯୋଗ କରିଥିଲେ।

ବାରକୋଟ ପୁଲିସ ଏକ ନିଖୋଜ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଥିବା ବେଳେ ଆଜି ସକାଳେ ନିକଟସ୍ଥ ରେଙ୍ଗାଳି ଗାଁର ଯୌତୁକ ନାଳର ପୋଲ ତଳେ ରାଜକିଶୋରଙ୍କ ମୃତଦେହ ଭାସୁଥିବା କିଛି ଗ୍ରାମବାସୀ ଦେଖିବାକୁ ପାଇଥିଲେ। ବାରକୋଟ ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହର ଚିହ୍ନଟ କରାଇଥିଲା। ରାଜକିଶୋରଙ୍କୁ ହତ୍ୟା କରାଯାଇଛି ବୋଲି ତାଙ୍କ ସ୍ତ୍ରୀ ସାଗରିକା ଅଭିଯୋଗ କରିବାରୁ ପୁଲିସ ଏହାକୁ ଗୁରୁତ୍ୱର ସହ ନେଇ ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ଗଣ ଏବଂ ତପନଙ୍କ ଭୂମିକା ସନ୍ଦେହଜନକ ଥିବାରୁ ପୁଲିସ ଦୁହିଁଙ୍କୁ ଅଟକ ରଖି ତଦନ୍ତ ଚଳାଇଛି। ମୃତଦେହକୁ ବ୍ୟବଚ୍ଛେଦ ନିମନ୍ତେ ନିକଟସ୍ଥ ଅନୁଗୁଳ ଜିଲ୍ଲା ପାଲଲହଡା ଡାକ୍ତରଖାନାକୁ ପଠାଯିବ ବୋଲି ପୁଲିସ ସୂତ୍ରରୁ ସୂଚନା ମିଳିଛି।

**ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅପମାନ**

# କେତେ ଆଉ ସହିବା?

ପୁରୀ, ୪।୧୨(ସମିସ): ପୂର୍ବରୁ ଶ୍ରୀମନ୍ଦିର ଉପରେ ଅନେକଥର ଆକ୍ରମଣ ହୋଇଛି। ଏଥିପାଇଁ ଶ୍ରୀବିଗ୍ରହମାନଙ୍କୁ ଅନେକବାର ରତ୍ନସିଂହାସନ ଛାଡ଼ିବାକୁ ପଡ଼ିଛି। ସେବାୟତମାନେ ଚତୁର୍ଦ୍ଧା ବିଗ୍ରହଙ୍କୁ ଅନେକ ଜାଗାକୁ ନେଇ ଲୁଚାଇ ରଖିଛନ୍ତି। ଇତିହାସର ଏହି କଥା ସେତେବେଳେ ପ୍ରତ୍ୟକ୍ଷ ଭାବେ ଘଟୁଥିଲା। ହେଲେ ଏବେ ପରୋକ୍ଷ ଭାବେ ଏହି ଧାରା ଅବ୍ୟାହତ ରହିଛି। ଶ୍ରୀମନ୍ଦିର ଆଉ ଶ୍ରୀଜଗନ୍ନାଥଙ୍କୁ ବାରମ୍ବାର ଅପମାନିତ କରାଯାଉଛି, ଯାହାକି କୌଣସି ଆକ୍ରମଣଠାରୁ କମ୍ ନୁହେଁ। ନିକଟରେ ସୋସିଆଲ ମିଡିଆ ଇନଫ୍ଲୁଏନ୍ସର ଶୁଭଙ୍କର ମିଶ୍ରା ଶ୍ରୀମନ୍ଦିରକୁ ନେଇ ଏକ ବିବାଦୀୟ ଟିପ୍ପଣୀ ଦେଇଥିଲେ। ପରେ କ୍ଷମା ମାଗିବା ସହ ଉକ୍ତ ଭିଡିଓକୁ ଡିଲିଟ୍ କରିଥିଲେ ବି ଶ୍ରୀଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତଙ୍କ ମଧ୍ୟରେ ଏହାକୁ ନେଇ ଅସନ୍ତୋଷ ଲାଗି ରହିଛି। ଖାଲି ଏହି ଗୋଟିଏ ଉଦାହରଣ ନୁହେଁ, ଏମିତି ପୁଳାପୁଳା ଉଦାହରଣ ରହିଛି। ରାଜ୍ୟ ସମେତ ଦେଶବିଦେଶରେ ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅବମାନନା କରାଯାଉଛି। ବାରମ୍ବାର ଜଗନ୍ନାଥ ସଂସ୍କୃତିକୁ କଦର୍ଥ କରାଯାଉଥିବା ବେଳେ ଏହା ଉପରେ କ'ଣ ପୂର୍ଣ୍ଣଚ୍ଛେଦ ପଡ଼ିପାରିବ ନାହିଁ? ଏହି ପ୍ରଶ୍ନ ଏବେ ବିଭିନ୍ନ ମହଲରେ ଉଙ୍କି ମାରୁଥିବା ବେଳେ ସମସ୍ତଙ୍କ ମୁହଁରେ ଗୋଟିଏ କଥା - ଆଉ କେତେ ସହିବା?

ଶ୍ରୀଜଗନ୍ନାଥ ସଂସ୍କୃତିକୁ ଇସ୍କନ ବାରମ୍ବାର ଅପମାନିତ କରୁଛି। ଅଦିନରେ ଦେଶ, ବିଦେଶରେ ବିଭିନ୍ନ ଜାଗାରେ ଆୟୋଜନ କରୁଛି ରଥଯାତ୍ରା। ଏହି ବିବାଦ ଏ ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ଭାବେ ଥମି ନାହିଁ। ନିକଟରେ ଇସ୍କନ ଭାରତ ଏବଂ ବିଦେଶର ସମସ୍ତ ମନ୍ଦିରରେ ଶାସ୍ତ୍ରୋକ୍ତେ ତିଥି (ଜ୍ୟେଷ୍ଠ ପୂର୍ଣ୍ଣିମା)ରେ ସ୍ନାନଯାତ୍ରା ପାଳନ କରିବାକୁ ସମ୍ମତ ହୋଇଥିଲେ ମଧ୍ୟ ଶାସ୍ତ୍ର ଓ ପାରମ୍ପରିକ ନିର୍ଦ୍ଧାରିତ ତିଥି ଅନୁଯାୟୀ ଅର୍ଥାତ୍ ଆଷାଢ଼ ଶୁକ୍ଳ ଦ୍ୱିତୀୟା ତିଥିଠାରୁ ଆରମ୍ଭ ହେଉଥିବା ନଅଦିନ ମଧ୍ୟରେ ଭାରତ ବାହାରେ ରଥଯାତ୍ରା ପାଳନ କରିବା ନିଷ୍ପତ୍ତି ସହିତ ସହମତ ହୋଇପାରିନାହିଁ। ଏହାକୁ ନେଇ ବିବାଦ ରହିଥିବା ବେଳେ ଇସ୍କନ ବାରମ୍ବାର ଜଗନ୍ନାଥ ସଂସ୍କୃତି ଓ ପରମ୍ପରାକୁ ଅବମାନନା କରିଆସୁଛି। ଏହାକୁ ନେଇ ଶ୍ରୀଜଗନ୍ନାଥପ୍ରେମୀ ଭକ୍ତ ଓ ସେବାୟତ ଇସ୍କନର ମନମାନିକୁ ବିରୋଧ କରୁଛନ୍ତି। ପ୍ରତ୍ୟେକ ଧାର୍ମିକ କାର୍ଯ୍ୟକ୍ରମର ଏକ ସ୍ୱତନ୍ତ୍ର ତିଥି ଓ ତାରିଖ ରହିଛି। ଏହାକୁ ସମସ୍ତେ ମାନିବା ଦରକାର। ରଥଯାତ୍ରା ଆଷାଢ଼ ମାସ ଶୁକ୍ଳ ପକ୍ଷ ଦ୍ୱିତୀୟାରେ ପାଳିତ ହୋଇଥାଏ। ଏହା ସ୍କନ୍ଦ ପୁରାଣରେ ମହାପ୍ରଭୁଙ୍କ ଦ୍ୱାରା ନିର୍ଦ୍ଦେଶିତ। ଅଦିନରେ ଏବଂ ଅତିଥିରେ ରଥଯାତ୍ରା ଆୟୋଜନ କରାଯାଇ ଶ୍ରୀଜଗନ୍ନାଥ ସଂସ୍କୃତି, ସନାତନ ହିନ୍ଦୁ ସମାଜ, ଭକ୍ତ ଏବଂ ଦେଶର ଘୋର ଅପମାନ ସହ ଧାର୍ମିକ ଭାବନାରେ ଆଘାତ ସୃଷ୍ଟି କରାଯାଉଛି। ତେଣୁ ଏଭଳି ମନମୁଖୀ କାର୍ଯ୍ୟରୁ ଇସ୍କନ ଦୂରେଇ ରହିବାକୁ ଦାବି କରିଆସୁଛନ୍ତି ଭକ୍ତ ଓ ସେବାୟତ।

ସେହିପରି ମହାପ୍ରଭୁ ଏବଂ ଶ୍ରୀଜଗନ୍ନାଥ ସଂସ୍କୃତିକୁ ବିଭିନ୍ନ ଉପାୟରେ ଅପମାନିତ କରାଯାଉଛି। ପୂର୍ବରୁ ମହାପ୍ରଭୁଙ୍କ ଚିତ୍ରକୁ ନେଇ ଅନେକ ବ୍ୟଙ୍ଗାତ୍ମକ ଢଙ୍ଗରେ ଚିତ୍ରଣ କରାଯାଇଛି। କାର୍ ଏବଂ ଅନ୍ୟ ଗାଡ଼ିରେ ଠାକୁରଙ୍କୁ ବସାଇ ରଥଯାତ୍ରା କରିବା,



ରଥରେ ସୁଖୋଇ ବିମାନର ଟାୟାର ଲାଗାଯିବା, ମହିଳାଙ୍କ ବିଭିନ୍ନ ପୋଷାକରେ ଜଗନ୍ନାଥଙ୍କ ଫଟୋ ରହିବା, ଆଦି ବିଭିନ୍ନ ପ୍ରସଙ୍ଗକୁ ନେଇ ବିବାଦ ଉପୁଜିଥିବାର ନଜିର ରହିଛି। ଏଭଳି ସ୍ଥିତିରେ ଏବେ ପୁଣି ଶୁଭଙ୍କର ମିଶ୍ରାଙ୍କ ବିବାଦୀୟ ଟିପ୍ପଣୀ ଭକ୍ତ ଓ ସେବାୟତଙ୍କ ମହଲରେ ଗଭୀର ଉଦ୍‌ବେଗ ପ୍ରକାଶ କରିଛି। ଶୁଭଙ୍କର ନିଜ ପଡ୍‌କାଷ୍ଟରେ କହିଛନ୍ତି ଯେ ଯଦି କୌଣସି ପ୍ରେମୀଯୁଗଳ ଶ୍ରୀମନ୍ଦିର ଯାଆନ୍ତି, ତେବେ ସେମାନଙ୍କ ସମ୍ପର୍କ ଭାଙ୍ଗିଯାଏ ବା ସେମାନେ ବିବାହ କରିପାରନ୍ତି ନାହିଁ। କାରଣ ଶ୍ରୀମନ୍ଦିର ଉପରେ ମା' ରାଧାରାଣୀଙ୍କ ଅଭିଶାପ ପଡ଼ିଛି। ମା' ରାଧାରାଣୀ ପ୍ରଭୁ ଜଗନ୍ନାଥ ରୂପରେ ଶ୍ରୀକୃଷ୍ଣଙ୍କୁ ଦର୍ଶନ କରିବାକୁ ଆସିଥିବା ବେଳେ ସେବାୟତମାନେ ତାଙ୍କୁ ମନ୍ଦିର ଭିତରକୁ ପ୍ରବେଶ କରିବାକୁ ବାରଣ କରିଥିଲେ। ସେମାନେ କହିଥିଲେ ଯେ ମନ୍ଦିର ଭିତରକୁ ଭଗବାନଙ୍କ ପତ୍ନୀଙ୍କୁ ମଧ୍ୟ ଆସିବାର ଅନୁମତି ନାହିଁ। ଏଥିରେ କ୍ରୋଧିତ ହୋଇ ମା' ରାଧାରାଣୀ ଅଭିଶାପ ଦେଇଥିଲେ ଯେ ଆଜିଠୁ କୌଣସି ଅବିବାହିତ ଯୋଡ଼ି ମନ୍ଦିର ଭିତରକୁ ଆସିଲେ ସେମାନଙ୍କର ସମ୍ପର୍କ ଭାଙ୍ଗିଯିବ ଏବଂ ବିବାହ ହୋଇପାରିବ ନାହିଁ। ଶୁଭଙ୍କରଙ୍କ ଏହି ବିବାଦୀୟ ଟିପ୍ପଣୀ ପାଇଁ ତାଙ୍କ ବିରୋଧରେ ସିଂହଦ୍ୱାର ଥାନାରେ ସେବାୟତ ଏତଲା ଦେଇଥିବା ବେଳେ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ପ୍ରକାଶ ପାଇଛି। ଅବଶ୍ୟ ବିରୋଧ ବଢ଼ିବା ପରେ ଶୁଭଙ୍କର କ୍ଷମା ପ୍ରାର୍ଥନା କରିଛନ୍ତି।

ଜଗନ୍ନାଥ ସଂସ୍କୃତିକୁ ଜାଣିଶୁଣି ଅପମାନିତ କରାଯାଉଛି ଏବଂ ଏହା ପଛରେ ଷଡ଼ଯନ୍ତ୍ର ଥିବା ଅନେକ ଶ୍ରଦ୍ଧାଳୁ ଅଭିଯୋଗ କରୁଛନ୍ତି। ବାରମ୍ବାର ଜଗନ୍ନାଥ ସଂସ୍କୃତିକୁ ଅପମାନିତ କରାଯାଉଥିବା ବେଳେ ଶ୍ରୀମନ୍ଦିର ପ୍ରଶାସନ, ରାଜ୍ୟ ସରକାର ଏହାକୁ ଗୁରୁତ୍ୱର ସହ ନେବାକୁ ଭକ୍ତମାନେ ଦାବି କରିଛନ୍ତି।

# ମହିଳା ଓ ବୃଦ୍ଧଙ୍କୁ ଦଳିଦେଲା ହାତୀ

ଦେବଗଡ଼/ରିଆମାଳ, ୪।୧୨ (ସମିସ): ଦେବଗଡ଼-ଅନୁଗୋଳ ଜିଲ୍ଲା ସୀମାନ୍ତ ସିନ୍ଦୂରପାଳ ଓ କୁରାଡ଼ଙ୍ଗା ଗାଁରେ ଗୁରୁବାର ସକାଳୁ ହାତୀ ଆକ୍ରମଣରେ ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, କୁଞ୍ଜ ଦେହୁରୀ(୭୦) ଓ ରଜନୀ ବେହେରା(୩୫)।

କୁରଡଙ୍ଗା ଗାଁର କୁଞ୍ଜ ଆଜି ସକାଳୁ ଅନୁଗୁଳ ବନଖଣ୍ଡ ଛେଣ୍ଡିପଦା ବନାଞ୍ଚଳ ଅନ୍ତର୍ଗତ ସୁନ୍ଦରପାଳସ୍ଥିତ ନିଜ ଧାନ ବିଲକୁ ଯାଇଥିଲେ। ସେଠାରେ ସେ ଏକ ୨୨ ଟିକିଆ ହାତୀପଲ ହାବୁଡ଼ରେ ପଡ଼ିଯାଇଥିଲେ। ସେଥିମଧ୍ୟରୁ ଗୋଟିଏ ହାତୀ ବିଲ ମଧ୍ୟରେ କୁଞ୍ଜଙ୍କୁ ଶୁଣ୍ଢରେ ଟେକି ଫିଙ୍ଗିଦେବା ସହ ପାଦରେ ଦଳି ଦେବାରୁ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ସେଠାରୁ କିଛି ଦୂରରେ ସିନ୍ଦୂରପାଳ ଗାଁର ଦିଲ୍ଲୀପ ବେହେରାଙ୍କ ସ୍ତ୍ରୀ ରଜନୀ ରିଆମାଳ ବନାଞ୍ଚଳ କୁଣ୍ଡେଇଗୋଳା ସେକ୍ସନ ଅନ୍ତର୍ଗତ କୁରାଡୁଙ୍ଗା ପଟରେ ଥିବା ବିଲକୁ ଯାଉଥିବା ବେଳେ ସେହି ହାତୀପଲଙ୍କ ହାବୁଡ଼ରେ ପଡ଼ି ଯାଇଥିଲେ। ଗୋଟିଏ ହାତୀ ରଞ୍ଜିତାଙ୍କୁ ଶୁଣ୍ଢରେ କଚାଡ଼ି ଦେଇଥିଲା। ରଞ୍ଜିତା ତଳେ ପଡ଼ି ଛଟପଟ ହେଉଥିବା ବେଳେ ହାତୀପଲ ତାଙ୍କୁ ଦୀର୍ଘ ସମୟ ଧରି ଘେରି ରହିଥିଲେ। ଫଳରେ ଗୁରୁତର ରଞ୍ଜିତାଙ୍କୁ ଉଦ୍ଧାର କରିବାକୁ କେହି ସାହସ ଜୁଟାଇ



ପାରିନଥିଲେ। ହାତୀପଲ ସେଠାରୁ ଯିବା ପରେ ପରିବାରଲୋକେ ଗ୍ରାମବାସୀଙ୍କ ସହାୟତାରେ ତାଙ୍କୁ ଉଦ୍ଧାର କରି ଚିକିତ୍ସା ପାଇଁ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା।

# ଚାଲୁଚାଲୁ ଜଳିଗଲା ବସ୍

ବିଜେପୁର, ୪।୧୨ (ସମିସ): ବରଗଡ଼ ଜିଲ୍ଲା ପଦ୍ମପୁର-ବିଜେପୁର ରାସ୍ତାର ବଲଣ୍ଡା ଗାଁ ନିକଟରେ ଗୁରୁବାର ସନ୍ଧ୍ୟାରେ ଏକ ଚଳନ୍ତା ବସ୍ ଜଳିଯାଇଛି। ସୌଭାଗ୍ୟକୁ ବସ୍‌ର ଚାଳକ ଗାଡ଼ିକୁ ଅଟକାଇ ଯାତ୍ରୀମାନଙ୍କୁ ବାହାର କରିଦେବାରୁ ୧୫ରୁ ଊର୍ଦ୍ଧ୍ୱ ଯାତ୍ରୀ ନିଶ୍ଚିତ ମୃତ୍ୟୁମୁଖରୁ ଅଳ୍ପକେ ବର୍ତ୍ତି ଯାଇଛନ୍ତି।

**ଅଳ୍ପକେ ବର୍ତ୍ତିଲେ ଯାତ୍ରୀ**

ସୂଚନାନୁଯାୟୀ, ପ୍ରତିଦିନ ଭଳି ଏକ ଓଏସ୍ଆରଟିସି ସରକାରୀ ବସ୍ ଖରିଆରୋଡ୍‌ରୁ ବିଜେପୁର ରାସ୍ତା ଦେଇ ସମ୍ବଲପୁର ଯାଉଥିଲା। ବିଜେପୁର ଥାନା ଅନ୍ତର୍ଗତ ବଲଣ୍ଡା ଗାଁ ନିକଟରେ ବସ୍‌ରୁ ନିଆଁ ବାହାରୁଥିବା ଦେଖି ଯାତ୍ରୀମାନେ ପାଟି କରିଥିଲେ। ଚାଳକ ତୁରନ୍ତ ଗାଡ଼ିକୁ ଅଟକାଇ ଯାତ୍ରୀମାନଙ୍କୁ ଓହ୍ଲାଇ ଦେଇଥିଲେ। ପରେପରେ ବସ୍‌ଟି ହୁତୁହୁତୁ ହୋଇ ଜଳି ଯାଇଥିଲା। ଏଥିରେ ସ୍ଥାନୀୟ ଅଞ୍ଚଳ ପୂରା ଧୂଆଁମୟ ହୋଇଯାଇଥିଲା। ଖବର ପାଇ ବିଜେପୁର ଅଗ୍ନିଶମବାହିନୀ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲା। ବ୍ୟାଟେରୀରୁ ସର୍ଟସର୍କିଟ୍ ହୋଇ ନିଆଁ ଲାଗିଥିବା ବିଭାଗୀୟ କର୍ମଚାରୀମାନେ ସୂଚନା ଦେଇଛନ୍ତି।

**ଖଣି ଲିଜ୍ ଆଳରେ ୬୪ ଲକ୍ଷ ଠକେଇ**

# ଗୁଜରାଟରୁ ଧରାହେଲେ ଓଡ଼ିଆ ଦମ୍ପତି

ଭୁବନେଶ୍ୱର, ୪।୧୨ (ସମିସ): ନାଲକୋ କମ୍ପାନୀର ଖଣି ଲିଜ୍ ଦେବା ଆଳରେ ୬୪ଲକ୍ଷ ଟଙ୍କା ଠକି ନେଇଥିବା ଏକ ଧୂର୍ତ୍ତ ଓଡ଼ିଆ ଦମ୍ପତିଙ୍କୁ ଭୁବନେଶ୍ୱର ସାଇବର ଥାନା ପୁଲିସ ଗୁଜରାଟର ସୁରଟରୁ ଗିରଫ କରିଛି। ସେମାନେ ହେଲେ, ସୁରଟ ଗୃହମ ପ୍ୟାଲେସରେ ରହୁଥିବା ବୋଲଗଡ଼ ଥାନା ବେଣାଗାଡ଼ିଆର ଗୀତାଞ୍ଜଳି ବରଦା ଓ ତାଙ୍କ ସ୍ୱାମୀ ସନ୍ତୋଷ କୁମାର ବରଦା। କରି ନେଇଥିଲେ ଅଭିଷେକ। କାମ ବାବଦକୁ ଟଙ୍କା ମାଗିବାରୁ ସନ୍ତୋଷ ଓ ଗୀତାଞ୍ଜଳିଙ୍କ ନିୟନ୍ତ୍ରଣାଧୀନ ଅରୋଶ୍ରୀ ସ୍କିଲ୍ ଡେଭଲପମେଣ୍ଟ ସେଣ୍ଟର୍ କମ୍ପାନୀର ବ୍ୟାଙ୍କ ଆକାଉଣ୍ଟକୁ ଅଭିଷେକ ୩ଟି ପର୍ଯ୍ୟାୟରେ ମୋଟ ୬୩ଲକ୍ଷ ୬୦ ହଜାର ଟଙ୍କା ଜମା କରିଥିଲେ। ବଦଳରେ ଠକ ଦମ୍ପତି ତାଙ୍କୁ ଏକ ୱାର୍କ ଅର୍ଡର୍ ଦେଇଥିଲେ। ହେଲେ ୱାର୍କ ଅର୍ଡର୍‌ଟି ନକଲି ବୋଲି ଜାଣିବା ପରେ ଅଭିଷେକ ସାଇବର ଥାନାରେ ଏତଲା



- ନାଲକୋ ଅଧିକାରୀ ବୋଲି ଦେଇଥିଲା ପରିଚୟ
- ନକଲି ୱାର୍କ ଅର୍ଡର ଜବତ
- ପୂର୍ବରୁ ରହିଛି ୪ ଠକେଇ ମାମଲା

ପୁଲିସ ସୂଚନାନୁସାରେ, ସନ୍ତୋଷ ନିଜକୁ ନାଲକୋର ଜଣେ ବରିଷ୍ଠ ଅଧିକାରୀ ପରିଚୟ ଦେଇ ରସୁଲଗଡ଼ ଜିଜିପି କଲୋନୀର ଅଭିଷେକ ମହାନ୍ତିଙ୍କୁ ଯୋଗାଯୋଗ କରିଥିଲେ। ସେ ଓଡ଼ିଶାରେ ନାଲକୋ କମ୍ପାନୀର ଖଣି ଲିଜ୍ ଦେବାକୁ ଅଭିଷେକଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ବିଶ୍ୱାସ ଜନ୍ମାଇବା ପାଇଁ ପତ୍ନୀ ଗୀତାଞ୍ଜଳିଙ୍କ ସହ ମିଶି ନାଲକୋ ଫର୍ମାଟ୍ ଥିବା ନକଲି ଡକ୍ୟୁମେଣ୍ଟ, କାର୍ଯ୍ୟାଳୟ ଭିତରର ଫଟୋଗ୍ରାଫ୍ ଓ ନାଲକୋ ପରିସରରୁ ଲୋକେସନ୍ ପିନ୍ ସେୟାର୍ କରିଥିଲେ ସନ୍ତୋଷ। ଏପରିକି, ଅଭିଷେକଙ୍କ ପରିଚିତ ବ୍ୟକ୍ତିଙ୍କୁ ଦିଲ୍ଲୀ, ଭୁବନେଶ୍ୱର ଓ ଅନ୍ୟାନ୍ୟ ନାଲକୋ କାର୍ଯ୍ୟାଳୟକୁ ନେଇଥିଲେ। ସେଠାରେ ନକଲି ଡକ୍ୟୁମେଣ୍ଟ ସ୍ୱାକ୍ଷର ଓ ବାୟୋମେଟ୍ରିକ୍ ପ୍ରକ୍ରିୟା ଯାଇଥିବାରୁ କାମ ପାଇବା କଥାକୁ ସହଜରେ ବିଶ୍ୱାସ ଦେଇଥିଲେ। ପୁଲିସ ତାଙ୍କ ଅଭିଯୋଗ ଆଧାରରେ ଏକ ମାମଲା ରୁଜୁ କରିଥିଲା।

ଗତକାଲି ସାଇବର୍ ପୁଲିସ ଠକ ଦମ୍ପତିଙ୍କୁ ଗୁଜରାଟର ସୁରଟରୁ ଗିରଫ କରିବା ସହ ସ୍ଥାନୀୟ କୋର୍ଟରେ ହାଜର କରାଇଥିଲା। ପରେ ସେମାନଙ୍କୁ ଟ୍ରାନଜିଟ୍ ରିମାଣ୍ଡରେ ଭୁବନେଶ୍ୱର ଆଣିଛି। ସେମାନଙ୍କଠାରୁ ଚେକ୍ ବୁକ୍, ଆକାଉଣ୍ଟ ନେଣଦେଣ ତଥ୍ୟ, ୬ଟି ମୋବାଇଲ, କାର୍ ଜବତ ହୋଇଛି। ଠକ ଦମ୍ପତି ନାଲକୋ ଫର୍ମାଟିଂ ଥିବା ଡକ୍ୟୁମେଣ୍ଟ ଓ ନକଲି ୱାର୍କ ଅର୍ଡର ଜାଲିଆତି କରି ବ୍ୟବସାୟୀମାନଙ୍କୁ ଠକୁଥିଲେ ବୋଲି ତଦନ୍ତ ବେଳେ ଜଣାପଡ଼ିଛି। ପୂର୍ବରୁ ସନ୍ତୋଷ ନାମରେ ରାଜ୍ୟର ବିଭିନ୍ନ ଥାନାରେ ୪ଟି ମାମଲା ରହିଥିବା ତଦନ୍ତ ବେଳେ ପୁଲିସ ଜାଣିବାକୁ ପାଇଛି।

**ବିଜେଡିର ଅଭିଯୋଗ**

# ଆଦିବାସୀଙ୍କଠାରୁ ଜଙ୍ଗଲ ଜମି ଅଧିକାର ଛଡ଼ାଇ ନେଇଛନ୍ତି ସରକାର

ଭୁବନେଶ୍ୱର,୪।୧୨(ସମିସ): ଜଙ୍ଗଲ ଜମି, ଆଦିବାସୀମାନଙ୍କର ସାମ୍ବିଧାନିକ ଅଧିକାର। ସେଥିପାଇଁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ 'ମୋ ଜଙ୍ଗଲ ଜମି' ଯୋଜନା ଆରମ୍ଭ କରିଥିଲେ। କିନ୍ତୁ ଦୁର୍ଭାଗ୍ୟପୂର୍ଣ୍ଣ ଭାବେ ଓଡ଼ିଶାର ବିଜେପି ସରକାର ଏହାକୁ ବନ୍ଦ କରିଦେଲେ। ଲକ୍ଷ ଲକ୍ଷ ଭୂମିହୀନ ଆଦିବାସୀଙ୍କୁ ସେମାନଙ୍କ ମୌଳିକ ଅଧିକାରରୁ ବଞ୍ଚିତ କରିଛନ୍ତି। ଏହି ପ୍ରତାରଣା ପ୍ରତିବାଦରେ ୨୩ ଜିଲ୍ଲାର ଆଦିବାସୀମାନେ ବିଜୁ ଜନତା ଦଳ ନେତୃତ୍ୱରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଦଳ ପକ୍ଷରୁ କୁହାଯାଇଛି।

ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ସାଂସଦ ତଥା ସାଧାରଣ ସମ୍ପାଦକ ପ୍ରଦୀପ ମାଝୀ ଓ ରାଜ୍ୟ ମିଡିଆ ସଂଯୋଜକ ଡ. ପ୍ରିୟବ୍ରତ ମାଝୀ କହିଥିଲେ ଯେ ଆବହମାନ କାଳରୁ ଆଦିବାସୀମାନେ ଜଙ୍ଗଲରେ ବସବାସ କରୁଛନ୍ତି। ଏବେ ସେମାନଙ୍କ ସଂଖ୍ୟା ୧ କୋଟିରୁ ଅଧିକ ହେବ। ଜଳ, ଜଙ୍ଗଲ, ଜମି ହେଉଛି ଆଦିବାସୀ ମାନଙ୍କ ଐତିହାସିକ ଦାବି। ସେମାନଙ୍କ ନ୍ୟାଯ୍ୟ ଦାବିକୁ ସମ୍ମାନ ଜଣାଇ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୨୦୦୮

- ଟଙ୍କା ନାହିଁ କହି ବନ୍ଦ କରିଦେଲେ 'ମୋ ଜଙ୍ଗଲ ଜମି' ଯୋଜନା
- ରାଜ୍ୟପାଳଙ୍କ ନିର୍ଦ୍ଦେଶକୁ ବି ମାନିଲେନି
- ଆନ୍ଦୋଳନକୁ ଓହ୍ଲାଇବେ ୨୩ ଜିଲ୍ଲାର ଆଦିବାସୀ, ନେତୃତ୍ୱ ନେବ ବିଜେଡି

ମସିହାରେ ଜଙ୍ଗଲ ଅଧିକାର ଆଇନ କାର୍ଯ୍ୟକାରୀ କରିବା ସହ ଆଦିବାସୀମାନଙ୍କୁ ଜମି ପଟ୍ଟା ପ୍ରଦାନ ଆରମ୍ଭ କରିଥିଲେ। ଏହା ଏକ ଐତିହାସିକ ନିଷ୍ପତ୍ତି ଥିଲା। ସାରା ଦେଶରେ ଓଡ଼ିଶା ଏକ ମାଇଲ ଖୁଣ୍ଟ ସ୍ଥାପନ କଲା। ଏହି ଯୋଜନାକୁ ଆହୁରି ତ୍ୱରାନ୍ୱିତ କରିବା ପାଇଁ ବିଜେଡି ସରକାର ୨୦୨୩ ବିଶ୍ୱ ଆଦିବାସୀ ଦିବସରେ 'ମୋ ଜଙ୍ଗଲ ଜମି' ଯୋଜନାର ଶୁଭାରମ୍ଭ କରିଥିଲେ। ପ୍ରତି ତହସିଲ ଓ ଆଇଟିଡିଏ କାର୍ଯ୍ୟାଳୟରେ ଏଫଆର୍ଏ ସେଲ୍ ଖୋଲାଯାଇ କାମକୁ ତ୍ୱରାନ୍ୱିତ କରାଯାଇଥିଲା। ଏଥିପାଇଁ ସେହି ବର୍ଷ ୩୮ କୋଟି ୭୬ ଲକ୍ଷ ଟଙ୍କା



ବ୍ୟୟବରାଦ ବି କରାଯାଇଥିଲା। ଜଙ୍ଗଲ ଅଧିକାର ଆଇନ କାର୍ଯ୍ୟକାରୀ କରିବାରେ ଓଡ଼ିଶା ଦ୍ୱିତୀୟ ସ୍ଥାନ ଅଧିକାର କରିଥିଲା। ଇତିମଧ୍ୟରେ ୪ ଲକ୍ଷ ୭୩ ହଜାର ୩୬୪ଟି ବ୍ୟକ୍ତିଗତ ଓ ଗୋଷ୍ଠୀଗତ ଜଙ୍ଗଲ ଜମି ପଟ୍ଟା ଆବଣ୍ଟନ କରାଯାଇଛି। ଦୁର୍ଗମ, ଅପହଞ୍ଚ ଇଲାକାରେ ରହୁଥିବା ଜଙ୍ଗଲ ଅଧିବାସୀ ନବୀନ ବାବୁଙ୍କଠାରୁ ଜମି ପଟ୍ଟା ପାଇ ନିଜକୁ ଧନ୍ୟ ମନେ କରିଥିଲେ। କିନ୍ତୁ ଟଙ୍କା ନାହିଁ ବୋଲି କହି ବିଜେପି ସରକାର ଏହି ଯୋଜନାକୁ ଗତ ତିନି ମାସ ହେଲା ବନ୍ଦ କରି ଦେଇଛନ୍ତି। ଜମି ପଟ୍ଟା ନ ଥିବା ଆଦିବାସୀମାନେ ସବୁ ପ୍ରକାର ସରକାରୀ ସୁବିଧା ସୁଯୋଗରୁ ବଞ୍ଚିତ ହେଉଛନ୍ତି।

ଡ. ମାଝୀ କହିଥିଲେ ଯେ ଗତ ମେ' ମାସରେ ରାଜ୍ୟପାଳ ଏସ୍‌ସି/ଏସ୍‌ଟି ବିଭାଗର ସମୀକ୍ଷା କରିବା ସମୟରେ ଜଙ୍ଗଲ ଜମି ପଟ୍ଟା ଆବଣ୍ଟନକୁ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏକ ଟାସ୍କ ଫୋର୍ସ ଗଠନ ପାଇଁ ପରାମର୍ଶ ଦେଇଥିଲେ। କେନ୍ଦ୍ର ସରକାର ମଧ୍ୟ ତାଗିଦ୍ କଲେ। କିନ୍ତୁ ଏପରି ଏକ ଆଦିବାସୀ କଲ୍ୟାଣକାରୀ ଯୋଜନାକୁ ଆଗକୁ ନେବା ପରିବର୍ତ୍ତେ ରାଜ୍ୟ ବିଜେପି ସରକାର ତାକୁ ବନ୍ଦ କରିଦେଲେ। ଏହି ଆଦିବାସୀ ମାରଣ ନୀତି ବିରୁଦ୍ଧରେ ସାରା ରାଜ୍ୟର ଆଦିବାସୀ ଏକାଠି ହେବେ ବୋଲି ଚେତାବନୀ ଦେଇଛନ୍ତି। ବିଜୁ ଜନତା ଦଳ ଆଦିବାସୀମାନଙ୍କ ଏହି ପ୍ରତିବାଦ ଆନ୍ଦୋଳନର ନେତୃତ୍ୱ ନେବ ବୋଲି ଦଳ ପକ୍ଷରୁ କୁହାଯାଇଛି।

# ବ୍ରହ୍ମପୁରରେ ଅନ୍ତର୍ଜାତୀୟ ବାଣିଜ୍ୟ ମେଳା ଆଜିଠାରୁ

ବ୍ରହ୍ମପୁର,୪।୧୨(ସମିସ): ସ୍ଥାନୀୟ ଉମା ଚରଣ ପଟ୍ଟନାୟକ ଇଞ୍ଜିନିୟରିଂ ସ୍କୁଲ ଖେଳ ପଡ଼ିଆରେ ଶୁକ୍ରବାରଠାରୁ ତୃତୀୟ ବ୍ରହ୍ମପୁର ଅନ୍ତର୍ଜାତୀୟ ବାଣିଜ୍ୟ ମେଳା ଆୟୋଜିତ ହେବ। ଡିସେମ୍ବର ୫ରୁ ୧୫ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଳାରେ ଦେଶ ବିଦେଶର ବିଭିନ୍ନ ପ୍ରକାର ସାମଗ୍ରୀର ପ୍ରଦର୍ଶନୀ ସହ ବିକ୍ରିବଟା ହେବ। ଭୁବନେଶ୍ୱରର ଗୁପ୍ତା ଇଭେଣ୍ଟ ମ୍ୟାନେଜମେଣ୍ଟ ପ୍ରାଇଭେଟ୍

- ପ୍ରଦର୍ଶିତ ହେବ ୧୦ଟି ଦେଶ ଓ ୨୨ଟି ରାଜ୍ୟର ଲକ୍ଷାଧିକ ସାମଗ୍ରୀ
- ଜଳପରୀ ଶୋ' ମୁଖ୍ୟ ଆକର୍ଷଣ; ୧୧ଦିନ ଧରି ଚାଲିବ ମେଳା

ଲିମିଟେଡ୍ ପକ୍ଷରୁ ପ୍ରତିବର୍ଷ ଭଳି ଚଳିତ ବର୍ଷ ମଧ୍ୟ ମେଳାର ଆୟୋଜନ କରାଯାଉଛି। ଏନେଇ ୟୁସିପି ପଡ଼ିଆରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଆୟୋଜକଙ୍କ ପକ୍ଷରୁ ସୂଚନା ଦିଆଯାଇଛି।

ଚଳିତ ବର୍ଷ ମେଳାକୁ ସମ୍ପୂର୍ଣ୍ଣ ଶୀତତାପ ନିୟନ୍ତ୍ରିତ କରାଯାଇଛି। ଏଥିରେ ଭାରତର ୨୨ଟି ରାଜ୍ୟ ଏବଂ ୧୦ଟି ଭିନ୍ନ ଭିନ୍ନ ଦେଶରୁ ବ୍ୟବସାୟୀ ନିଜ ସାମଗ୍ରୀ ସହ ଅଂଶଗ୍ରହଣ କରିବେ। ୧ଲକ୍ଷରୁ ଊର୍ଦ୍ଧ୍ୱ କିସମର ସାମଗ୍ରୀକୁ ଗୋଟିଏ ସ୍ଥାନରେ ଦେଖିବାର ଓ ଉପଭୋଗ କରିବାର ସୁଯୋଗ ପାଇବେ ଦର୍ଶକ ଓ ଗ୍ରାହକ। ମେଳାରେ ପ୍ରଦର୍ଶିତ ହେବାକୁ ଥିବା ସାମଗ୍ରୀଗୁଡ଼ିକ ମଧ୍ୟରେ ସୋଫାସେଟ୍, ଡାଇନିଂ ସେଟ୍ ଓ ଝୁଲା ଆଦି କାଶ୍ମୀର ଫର୍ଣ୍ଣିଚର୍, ଆଫଗାନିସ୍ତାନର ୧୦୦ ପ୍ରକାରର




ଡ୍ରାଏଫ୍ରୁଟ୍, ଇରାନରୁ ଇରାନୀ ଖଜୁର, ଥାଇଲାଣ୍ଡର ଜୁଏଲାରୀ ଏବଂ ଫୁଟ ୱେର୍, ମହିଳାମାନଙ୍କ ପାଇଁ କୋରିଆନ୍ ଆଭୂଷଣ ଓ ଘରସଜା ସାମଗ୍ରୀ, ଭାରତୀୟ ହସ୍ତତନ୍ତ ଓ ହସ୍ତଶିଳ୍ପ, ପ୍ରାଚୀନ ଧାତୁ ଓ ଏଡି ପଥର ଅଳଙ୍କାର, ଇରାନୀ କାର୍ପେଟ୍, ସାରା ବିଶ୍ୱର ପ୍ରାଚୀନ ଧାତୁ ଏବଂ ପିତ୍ତଳ, ଦୁବାଇ ପୋଷାକ, ପ୍ରାଚୀନ ସାଜସଜ୍ଜା କାଚ୍ଚ ଫ୍ରେମ୍, ପଶ୍ଚିମବଙ୍ଗ ଏବଂ ଉତ୍ତରପ୍ରଦେଶର ଚମଡ଼ା ପଦାର୍ଥ, ସିଙ୍ଗାପୁର ସାମଗ୍ରୀ, ଖଦୀ, ଭାଗଲପୁର, ପଞ୍ଜାବ, ବନାରସ, ଜୟପୁର, ବାଂଲାଦେଶ ଏବଂ ସମ୍ବଲପୁରର ପୋଷାକ ସହିତ ଶାଢ଼ୀ, ଚମ୍ପାରଣ ମଟନ୍, ଇଲୋକ୍ଟ୍ରନିକ୍ସ, ସୌନ୍ଦର୍ଯ୍ୟ ସାମଗ୍ରୀ ଓ ଉପଭୋକ୍ତା ସାମଗ୍ରୀର ହେବ ବିକ୍ରିବଟା।

ଚଳିତ ବର୍ଷ ମେଳାରେ ତଥା ବ୍ରହ୍ମପୁର ସହରରେ ପ୍ରଥମଥର ପାଇଁ ପ୍ରଦର୍ଶିତ ହେବାକୁ ଥିବା 'ଜଳପରି ଶୋ' ଦର୍ଶକଙ୍କ ମୁଖ୍ୟ ଆକର୍ଷଣ ହେବ ବୋଲି ଆୟୋଜକଙ୍କ ପକ୍ଷରୁ କୁହାଯାଇଛି। ଜଳପରୀ କାର୍ଯ୍ୟକ୍ରମ ଦେୟଯୁକ୍ତ ଥିବା ବେଳେ ଇଣ୍ଡୋନେସିଆ, ବର୍ଲି ଓ ଫିଲିପାଇନ୍ସ ଭଳି ଦେଶରୁ ଜଳପରୀ ଆସୁଛନ୍ତି। ଏହି ସାମ୍ବାଦିକ ସମ୍ମିଳନୀରେ ଗୁପ୍ତା ଇଭେଣ୍ଟ ମ୍ୟାନେଜମେଣ୍ଟର ନିର୍ଦ୍ଦେଶକ ସୁଜିତ କୁମାର ଗୁପ୍ତା, ପାୟଲ ଆଚାର୍ଯ୍ୟ ଗୁପ୍ତା, ଇଭେଣ୍ଟ ସଂଯୋଜକ ବୀର ବାହାଦୂର ସିଂ ଓ ଜଳପରୀ ମ୍ୟାନେଜର ମହମ୍ମଦ ଇମରାନ ଉପସ୍ଥିତ ଥିଲେ।

# ପଣ୍ଡୁ ନୃସିଂହଙ୍କ ଚାରିଆଶ୍ରମ ବିଜେ

ପୁରୀ,୪।୧୨(ସମିସ): ମାର୍ଗଶିର ଶୁକ୍ଳ ଚତୁର୍ଦ୍ଦଶୀ ତିଥିରେ ଗୁରୁବାର ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପ୍ରତିନିଧି ପଣ୍ଡୁନୃସିଂହ ଶ୍ରୀକ୍ଷେତ୍ରର ଚାରିଆଶ୍ରମ ବିଜେ କରିଛନ୍ତି। ଶ୍ରୀମନ୍ଦିରରେ ସକାଳ ଧୂପ ବଢ଼ିବା ପରେ ପୁଷ୍ପାଳକ ସେବକମାନେ ଚତୁର୍ଦ୍ଧା ବିଗ୍ରହଙ୍କୁ ବେଶ କରାଇଥିଲେ। ମହାପ୍ରଭୁଙ୍କ ବାଡ଼ରେ ଖଣ୍ଡେ ଆଜ୍ଞାମାଳ ଲାଗି କରାଯାଇଥିଲା। ମଧ୍ୟାହ୍ନ ଧୂପ ନୀତି ବଢ଼ିବା ପରେ ଦକ୍ଷିଣୀ ଘରେ ଭୋଗ ସରିଥିଲା। ମହାଜନ ଦକ୍ଷିଣୀ ଘରୁ ପଣ୍ଡୁ ନୃସିଂହଙ୍କୁ ରତ୍ନସିଂହାସନକୁ ବିଜେ କରାଇବା ପରେ ପୂଜାପଣ୍ଡା ସାମନ୍ତ ମହାପ୍ରଭୁଙ୍କ ଆଜ୍ଞାମାଳ ଲାଗି କରାଇଥିଲେ। ଏହାପରେ ନୃସିଂହ ଝୁଲଣ ମଣ୍ଡପ ତଳେ ଥିବା ବିମାନକୁ ବିଜେ ହୋଇଥିଲେ। ରୁନ୍ଧା ବଢ଼ିବା ପରେ ବିମାନବଡୁ ସେବକମାନେ ବିମାନକୁ ସିଂହଦ୍ୱାର ଦେଇ ଶ୍ରୀକ୍ଷେତ୍ରର ପ୍ରାଚୀନ ୪ ଆଶ୍ରମ (ଅଙ୍ଗିରା, କଣ୍ଡୁ, ମାର୍କଣ୍ଡ ଓ ଭୃଗୁ)କୁ ବିଜେ କରାଇଥିଲେ। ସେଠାରେ ଶୀତଳ ଭୋଗ, ବନ୍ଦାପନା ନୀତି ଅନୁଷ୍ଠିତ ହେବା ପରେ ନୃସିଂହ ଶ୍ରୀମନ୍ଦିରକୁ ବାହୁଡ଼ା ବିଜେ କରିଥିଲେ। ସ୍ୱୟଂ ବିଘ୍ନହର୍ତ୍ତା ଶ୍ରୀନୃସିଂହ ଆଶ୍ରମସ୍ଥ ଋଷିମାନଙ୍କର ବିଘ୍ନ ହରଣ କରିବାକୁ ଯାଇଥାନ୍ତି ବୋଲି ବିଶ୍ୱାସ ରହିଛି।

# କିଟ୍‌କୁ 'ବେଷ୍ଟ ଇମର୍ଜିଂ ୟୁନିଭର୍ସିଟି' ପୁରସ୍କାର




ଭୁବନେଶ୍ୱର, ୪।୧୨ (ସମିସ): ପୁଡୁଚେରୀରେ ଅନୁଷ୍ଠିତ ୫୫ତମ ଇଣ୍ଡିଆନ୍ ସୋସାଇଟି ଫର୍ ଟେକ୍ନିକାଲ୍ ଏଜୁକେସନ୍(ଆଇଏସ୍‌ଟିଇ) ଜାତୀୟ ଅଧ୍ୟାପକ ସମ୍ମିଳନୀରେ କିଟ୍ ବିଶ୍ୱବିଦ୍ୟାଳୟକୁ ଶ୍ରେଷ୍ଠ ଉଦୀୟମାନ ବିଶ୍ୱବିଦ୍ୟାଳୟ (ବେଷ୍ଟ ଇମର୍ଜିଂ ୟୁନିଭର୍ସିଟି') ପୁରସ୍କାର ପ୍ରଦାନ କରାଯାଇଛି। ଏହି ସମ୍ମାନ ଭାରତର ସବୁଠାରୁ କ୍ରିୟାଶୀଳ ଶିକ୍ଷାନୁଷ୍ଠାନ ମଧ୍ୟରୁ ଗୋଟିଏ ଭାବେ କିଟ୍ ବିଶ୍ୱବିଦ୍ୟାଳୟର ନିରନ୍ତର ବୃଦ୍ଧିକୁ ସୂଚାଉଛି। ଦୀର୍ଘ ବର୍ଷ ଧରି କିଟ୍ ଶୈକ୍ଷିକ ଉତ୍କର୍ଷତା, ଅନ୍ତର୍ଭୁକ୍ତୀମୂଳକ ଅଭିବୃଦ୍ଧି, ସଂପ୍ରଦାୟ ସେବା ଓ ସ୍ଥାୟୀ ବିକାଶ ପ୍ରତି ଏହାର ପ୍ରତିବଦ୍ଧତା ପାଇଁ ପ୍ରଶଂସା ଅର୍ଜନ କରି ମୂଲ୍ୟବୋଧ ଓ ସାମାଜିକ ଦୃଷ୍ଟିକୋଣକୁ ଗୁରୁତ୍ୱ ଦେଇ ଆସିଛି। ବୈଷୟିକ ଶିକ୍ଷା ଓ ପ୍ରତିଷ୍ଠାନ ବିକାଶରେ କିଟ୍‌ର ଅବଦାନକୁ ସ୍ୱୀକୃତି କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଆଇଏସଟିଇକୁ ନିଜର କୃତଜ୍ଞତା ଜଣାଇଛନ୍ତି। ଏହାସହ ଅକ୍ଳାନ୍ତ ପରିଶ୍ରମ ଓ ନିଷ୍ଠାର ସହ ଏହି ସଫଳତାକୁ ସମ୍ଭବ କରିଥିବାରୁ ଶ୍ରୀ ସାମନ୍ତ କିଟ୍‌ର ସମସ୍ତ ଅଧ୍ୟାପକ, କର୍ମଚାରୀ ଓ ଛାତ୍ରଛାତ୍ରୀଙ୍କୁ ମଧ୍ୟ ଅଭିନନ୍ଦନ ଜଣାଇଛନ୍ତି।



## ଆଜିର ରାଶିଫଳ

**ମେଷ:** ମନ ପ୍ରସନ୍ନ ରହିବ। ଦୀର୍ଘଦିନରୁ ଅଟକିଥିବା କାମ ପୂରା ହେବ। ଧାର୍ମିକ କାର୍ଯ୍ୟ ପ୍ରତି ରୁଚି ବଢ଼ିବ । ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ଉଧାର ଟଙ୍କା ଫେରିପାଇବେ।

**ବୃଷ:** ନୂତନ କାମ ଆରମ୍ଭ କରିବାକୁ ଭଲ ସମୟ। କୋର୍ଟ ସମ୍ବନ୍ଧୀୟ ମାମଲାର ସମାଧାନ ହେବ। ଭାବିଚିନ୍ତି କାମ କରନ୍ତୁ। ପରିଶ୍ରମ ଅନୁସାରେ ଫଳ ମିଳିବ ନାହିଁ। ରାଜନୀତିରେ ନୂଆ ଲୋକଙ୍କ ସହ ମିଳାମିଶା ବଢ଼ିବ।

**ମିଥୁନ:** ଯାନବାହନ କିଣିବା ଯୋଗ ଅଛି। ପରିବାରକୁ ସମୟ ଦେବେ। ପାରିବାରିକ ଜୀବନ ସୁଖମୟ ହେବ। ପିଲାଙ୍କ ବଦମାସ ସ୍ୱଭାବରେ ପିତାମାତା ବିରକ୍ତି ହୋଇପାରନ୍ତି। ଆୟ ଓ ବ୍ୟୟ ସମାନ ରହିବ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ବନ୍ଧୁଙ୍କ ସହଯୋଗ ମିଳିପାରେ। ମହିଳାମାନେ ପିଲାଙ୍କ କ୍ୟାରିୟରକୁ ନେଇ ଚିନ୍ତିତ ରହିବେ।

**ସିଂହ:** ପାରିବାରିକ ବ୍ୟବସାୟକୁ ଆଗକୁ ନେବେ। ସମ୍ମାନ ହାନି ଯୋଗ ଅଛି। ଚାଷ କ୍ଷେତ୍ରରେ ଲାଭ ମିଳିବ। ଘରେ ପୂଜାପାଠ ଆୟୋଜନ କରିବେ। ଅବିବାହିତଙ୍କ ପାଇଁ ଉତ୍ତମ ପ୍ରସ୍ତାବ ଆସିପାରେ।

**କନ୍ୟା:** ଅଚାନକ ଖୁସି ଖବର ପାଇପାରନ୍ତି। ଧନପ୍ରାପ୍ତି ଯୋଗ ରହିଛି। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ବିଦେଶ ଯାତ୍ରା କରିପାରନ୍ତି। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିବେ।

**ତୁଳା:** ସମାଜସେବା ପ୍ରତି ଆଗ୍ରହ ବଢ଼ିବ। ଶିକ୍ଷା କ୍ଷେତ୍ରରେ ସଫଳତା ମିଳିବ। ନୂତନ ଯାନବାହନ କିଣିପାରନ୍ତି। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ଜମି ତଥା ଯାନବାହନ କିଣିପାରନ୍ତି।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଘରେ ପୂଜାପାଠ, ଭଜନକୀର୍ତ୍ତନ ଆୟୋଜନ କରିବେ। ମନରୁ ନକାରାତ୍ମକ ଚିନ୍ତାଧାରା ଦୂର ହେବ। ଆଳସ୍ୟ ଅନୁଭବ କରିପାରନ୍ତି। ପ୍ରେମରେ ବିଫଳ ହୋଇପାରନ୍ତି।

**ଧନୁ:** ସନ୍ତାନଙ୍କ କ୍ୟାରିୟରକୁ ନେଇ ଅଭିଭାବକ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ଗୁରୁଜନଙ୍କ ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। କୌଣସି ନୂଆ କାମ ଆରମ୍ଭ କରିପାରନ୍ତି।

**ମକର:** କର୍ମତତ୍ପର ରହିବେ। ଆଧ୍ୟାତ୍ମିକ ଦିଗରୁ ଦିନଟି ଭଲ। କର୍ମକ୍ଷେତ୍ରରେ କାମ ଚାପ ରହିବ। ଛାତ୍ରଛାତ୍ରୀମାନେ ନୂଆ ବିଷୟ ପାଇଁ ଆଗ୍ରହ ପ୍ରକାଶ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟରୁ ଆଶାଜନକ ଲାଭ ମିଳିବ। କ୍ରୋଧକୁ ନିୟନ୍ତ୍ରଣରେ ରଖନ୍ତୁ। ଭବିଷ୍ୟତ ପାଇଁ ଚିନ୍ତା ବଢ଼ିବ। ନୂଆ ଯୋଜନା କରିପାରନ୍ତି। ବନ୍ଧୁଙ୍କ ସହ ଦୂରଯାତ୍ରା କରିପାରନ୍ତି। ଆଶା ପୂରଣ ହେବ।

**ମୀନ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ପଢ଼ା ପାଇଁ ଅର୍ଥ ନିବେଶ କରିବେ। ଧାର କରଜରୁ ଦୂରେଇ ରହିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ଦୀର୍ଘ ଦିନରୁ ଲାଗିରହିଥିବା ପାରିବାରିକ ସମସ୍ୟାର ସମାଧାନ ହେବ।

## ଆଜିର ଇତିହାସ

- ୧୯୪୬- ଭାରତରେ ହୋମଗାର୍ଡ ସଂଗଠନର ସ୍ଥାପନା।
- ୧୯୭୧: ଭାରତ ବାଲାଂଦେଶକୁ ଦେଶ ଭାବେ ମାନ୍ୟତା ପ୍ରଦାନ କଲା।
- ୧୯୯୯- ଯୁକ୍ତା ମୁଖୀ ବିଶ୍ୱ ସୁନ୍ଦରୀ ଟାଇଟଲ୍ ଜିତିଲେ।
- ୨୦୧୩- ଦକ୍ଷିଣ ଆଫ୍ରିକାର ପୂର୍ବତନ ରାଷ୍ଟ୍ରପତି ନେଲ୍‌ସନ ମଣ୍ଡେଲାଙ୍କ ପରଲୋକ।
- ୨୦୧୬- ତାମିଲନାଡୁର ପୂର୍ବତନ ମୁଖ୍ୟମନ୍ତ୍ରୀ ଜୟଲଳିତାଙ୍କ ନିଧନ।



# ବିଶ୍ୱ ମୃତ୍ତିକା ଦିବସ

ମାଟି ବିନା ଜୀବ ଜଗତର କଳ୍ପନା ଅସମ୍ଭବ। ମାଟି ସହ ମଣିଷ ଓତଃପ୍ରୋତ ଭାବେ ଜଡ଼ିତ। ମାଟିରୁ ଆମକୁ ୯୫ ପ୍ରତିଶତ ଖାଦ୍ୟ ମିଳେ । ମାଟି ରହିଲେ ହିଁ ଇକୋସିଷ୍ଟମରେ ସମନ୍ୱୟ ସମ୍ଭବ । ମୃତ୍ତିକା ସଂରକ୍ଷଣ ଦିଗରେ ସଚେତନତା ସୃଷ୍ଟି ପାଇଁ ଖାଦ୍ୟ ଓ ଶସ୍ୟ ସଂଗଠନ (FAO) ପକ୍ଷରୁ ପ୍ରତିବର୍ଷ ଡିସେମ୍ବର ୫ ତାରିଖକୁ ବିଶ୍ୱ ମୃତ୍ତିକା ଦିବସ ରୂପେ ପାଳନ କରାଯାଏ । ମୃତ୍ତିକାର ଜୈବିକ ଗୁଣକୁ ବଜାୟ ରଖି ଚାଷୀ କିପରି ଉନ୍ନତ ମାନର ଚାଷ କାର୍ଯ୍ୟ କରିପାରିବ ଏହାହିଁ ଏହି ଦିବସ ପାଳନର ମୁଖ୍ୟ ଲକ୍ଷ୍ୟ ଓ ଉଦ୍ଦେଶ୍ୟ। ଜଳ ବିନା ମଣିଷ ଜୀବନର କଳ୍ପନା ଅସମ୍ଭବ ସେହିପରି ମାଟି ବା ମୃତ୍ତିକା ବିନା ମଧ୍ୟ ଜୀବନର କଳ୍ପନା କରାଯାଇ ପାରିବ ନାହିଁ । ଆଜିର ଦିନରେ କିଭଳି ମୃତ୍ତିକା ପ୍ରଦୂଷଣକୁ ରୋକାଯାଇ ପାରିବ ଏହି ବିଷୟରେ ଲୋକଙ୍କୁ ସଚେତନ କରାଇବା ପାଇଁ ବିଶ୍ୱ ମୃତ୍ତିକା ଦିବସ ପାଳନ କରାଯାଉଛି। ଭାରତ ଏକ କୃଷି ପ୍ରଧାନ ଦେଶ । ସେଥିପାଇଁ ମୃତ୍ତିକାର ସୁରକ୍ଷା ନିହାତି ଜରୁରି । ବର୍ତ୍ତମାନ ସମୟରେ ଚାଷୀମାନେ ଅଧିକ ଚାଷ ପାଇଁ ଆଧୁନିକ ଶୈଳୀକୁ ଆପଣାଇଥାନ୍ତି । ଏଥିପାଇଁ ସେମାନେ କୃଷି କାର୍ଯ୍ୟରେ ଅତ୍ୟଧିକ ରାସାୟନିକ ସାର ଏବଂ କୀଟନାଶକ ଆଦି ବ୍ୟବହାର କରୁଛନ୍ତି। ଏହାଦ୍ୱାରା ମାଟିର ଉର୍ବରତା ହ୍ରାସ ପାଉଛି। ଏହାର ପ୍ରଭାବ ସମସ୍ତ ମାନବଜାତି ଏବଂ ପଶୁପକ୍ଷୀଙ୍କ ଉପରେ ପଡୁଛି । ଏହାକୁ ରୋକିବା ଉଦ୍ଦେଶ୍ୟରେ ଏହି ଦିନକୁ ପାଳନ କରାଯାଏ। ୨୦୧୩ ମସିହା ୨୦ ଡିସେମ୍ବରରେ ସଂଯୁକ୍ତ ରାଷ୍ଟ୍ରର ଖାଦ୍ୟ ଓ କୃଷି ସଂଗଠନ ୫ ଡିସେମ୍ବରକୁ 'ବିଶ୍ୱ ମୃତ୍ତିକା ଦିବସ' ରୂପେ ପାଳନ କରିବାପାଇଁ ନିଷ୍ପତ୍ତି ନେଇଥିଲେ।

ଏହି ସଂଗଠନର ପ୍ରସ୍ତାବକ୍ରମେ ୨୦୧୩ରେ ଜାତିସଂଘର ସାଧାରଣ ପରିଷଦ ଏହାକୁ ଆନୁଷ୍ଠାନିକ ସ୍ୱୀକୃତି ପ୍ରଦାନ କରିଥିଲା ଏବଂ ୨୦୧୪ ଡିସେମ୍ବର ୫ରେ ପ୍ରଥମ ମୃତ୍ତିକା ଦିବସ ପାଳନ କରାଯାଇଥିଲା। ପ୍ରାକୃତିକ ପ୍ରକ୍ରିୟାରେ ଶୀଳାର ଅବକ୍ଷୟ ହୋଇ କାଳକ୍ରମେ ଏହା ମାଟିରେ ପରିଣତ ହୋଇଥାଏ। ମାତ୍ର ଏକ ଇଞ୍ଚ ମାଟି ସୃଷ୍ଟି କରିବା ପାଇଁ ୧୦୦୦ ବର୍ଷରୁ ଅଧିକ ବର୍ଷ ସମୟ ଲାଗିଥାଏ। ଭୂପୃଷ୍ଠ ଉପରେ ନରମ ହାଲୁକା ଆସ୍ତରଣକୁ ମୃତ୍ତିକା କୁହାଯାଏ। ଜୀବନ ପାଇଁ ମାଟିର ଅବଦାନ ବହୁ ଗୁରୁତ୍ୱପୂର୍ଣ୍ଣ। ଏଥପାଇଁ ମାଟିକୁ ମା' ସହ ତୁଳନା କରାଯାଏ। ମନୁଷ୍ୟର ମୌଳିକ ଆବଶ୍ୟକତା ଯେପରିକି ଖାଦ୍ୟ, ବସ୍ତ୍ର, ବାସଗୃହ ଆଦିର ପ୍ରଧାନ ଉତ୍ସ ଭାବେ ମୃତ୍ତିକାକୁ ଧରାଯାଏ। ତେଣୁ ମୃତ୍ତିକାର ସଂରକ୍ଷଣ ନିହାତି ଆବଶ୍ୟକ । ନଚେତ ଜୀବ ଜଗତର ଭବିଷ୍ୟତ ଅନ୍ଧକାରମୟ ହୋଇଯିବ ଏଥିରେ ସନ୍ଦେହ ନାହିଁ।

# ଫାଇଟର୍ ପାଇଲଟ୍ ଭୂମିକାର ରଣବୀର-ଭିକି

ଚଳିତବର୍ଷ ସବୁଠୁ ଚର୍ଚ୍ଚିତ ଫିଲ୍ମ ମଧ୍ୟରେ ସଞ୍ଜୟ ଲୀଳା ଭଁସାଲିଙ୍କ 'ଲଭ୍ ଆଣ୍ଡ ୱାର୍' ରହିଛି। ଫିଲ୍ମଟି ସାମାଜିକ ଗଣମାଧ୍ୟମରେ ମଧ୍ୟ ବେଶ୍ ଚର୍ଚ୍ଚାରେ ରହିଛି। ଇତିମଧ୍ୟରେ ସୁଟିଂ ସେଟ୍‌ରୁ ରଣବୀର କପୁର ଓ ଭିକି କୌଶଲଙ୍କର ଏକ ଭିଡିଓ ଭାଇରାଲ ହୋଇଛି। ଭାଇରାଲ ହୋଇଥିବା ଭିଡିଓରେ ରଣବୀର ଓ ଭିକି ଏୟାରଫୋର୍ସ ୟୁନିଫର୍ମରେ ନଜର ଆସିଛନ୍ତି। ସେମାନଙ୍କ ପଛପଟରେ MiG-21 ଫାଇଟର ଜେଟ୍ ରହିଛି। ତେବେ ରଣବୀର ଓ ଭିକିଙ୍କ ଲୁକ୍ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ଏଥିରୁ ରଣବୀର ଓ ଭିକି ଫିଲ୍ମରେ ପାଇଲଟ୍ ଭୂମିକାରେ ଅଭିନୟ କରିବେ ବୋଲି ଏକପ୍ରକାର ସ୍ପଷ୍ଟ ହୋଇଛି। ସଞ୍ଜୟ ଏହି ଫିଲ୍ମର ସୁଟିଂ ଆସନ୍ତା ମାର୍ଚ୍ଚ ସୁଦ୍ଧା ସାରିବାକୁ ଚାହୁଁଛନ୍ତି। ସେ ସ୍ୱାଧୀନତା ଦିବସ ଅବସରରେ ଏହି ଫିଲ୍ମଟିକୁ ରିଲିଜ୍ କରିବାକୁ ଯୋଜନା କରିଛନ୍ତି। ଏଥିରେ ରଣବୀର ଓ ଭିକିଙ୍କ ସହ ଆଲିଆ ଭଟ୍ଟ ଲିଡ୍ ରୋଲରେ ନଜର ଆସିବେ। ୨୦୦ କୋଟିର ବଜେଟ୍‌ର ନିର୍ମିତ ଏହି ଫିଲ୍ମ ଯୁଦ୍ଧ ପୃଷ୍ଠଭୂମିରେ ଗଢ଼ି ଉଠିଥିବା ଏକ ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଆଧାରିତ।



## ଅଜବ ପରମ୍ପରା

# ବିବାହ ଦିନ ଲଣ୍ଡା ହୁଏ କନିଆ



ବିବାହକୁ ନେଇ ପ୍ରତ୍ୟେକ ସମାଜରେ ଭିନ୍ନ ଭିନ୍ନ ରୀତିନୀତି ରହିଛି। ଏହି କ୍ରମରେ ଚୀନ୍‌ର ଲାହୁ ଜନଜାତିରେ ବିବାହ ଦିନ କନିଆ ଲଣ୍ଡା ହେବା ପରମ୍ପରା ରହିଛି। ଏହି ରୀତିନୀତି କେବଳ ଏକ ପରମ୍ପରା ନୁହେଁ, ବରଂ ଏହା ସେମାନଙ୍କ ପରିଚୟ, ସମର୍ପଣ ଏବଂ ଜୀବନ-ମୃତ୍ୟୁ ସହ ଗଭୀର ଦର୍ଶନ ସହିତ୍ ଜଡ଼ିତ ବୋଲି ଏହି ଜନଜାତିର ଲୋକେ କୁହନ୍ତି। ଚୀନ୍‌ର ଦକ୍ଷିଣ-ପଶ୍ଚିମ ପ୍ରାନ୍ତରେ ଏହି ଜନଜାତି ବସବାସ କରନ୍ତି। ଏମାନଙ୍କ ଜନସଂଖ୍ୟା ୫ ଲକ୍ଷ ହେବ। ସ୍ଥାନୀୟ ଭାଷାରେ ଲାହୁ ଶବ୍ଦର ଅର୍ଥ ହେଉଛି ବାଘ। ଏହି ଜନଜାତିରେ ବିବାହ ଦିନ କନିଆ ଲଣ୍ଡା ହୋଇଥାଏ। ଏଠାରେ ପ୍ରଚଳିତ ଲୋକବିଶ୍ୱାସ ଅନୁସାରେ, ଏହା ପୁରୁଣା ଜୀବନକୁ ବିଦାୟ ଦେଇ ଏକ ନୂଆ ଜୀବନର ଆରମ୍ଭକୁ ସୂଚାଇଥାଏ। କନିଆ ଲଣ୍ଡା ହେବା ଦ୍ୱାରା ଜୀବନସାଥୀ ପ୍ରତି ସେ ପୂର୍ଣ୍ଣଭାବେ ସମର୍ପିତ ବୋଲି ଏହା ସୂଚାଇଥାଏ। ଏହାକୁ ପବିତ୍ରତାର ପ୍ରତୀକ ଭାବେ ମଧ୍ୟ ଦେଖାଯାଏ। ତେବେ ଆଗରୁ ଲାହୁ ସମ୍ପ୍ରଦାୟରେ ଉଭୟ ପୁରୁଷ ଏବଂ ମହିଳା ଉଭୟଙ୍କୁ ବିବାହ ପୂର୍ବରୁ ଲଣ୍ଡା କରାଯାଉଥିଲା। ଏହା ସେମାନଙ୍କ ପରିଚୟର ପ୍ରତୀକ ଥିଲା। ଏଭଳି କରି ସେମାନେ ସେମାନଙ୍କ ସଂସ୍କୃତି ପରମ୍ପରାକୁ ନେଇ ଗର୍ବ ଅନୁଭବ କରୁଥିଲେ। ଜନ୍ମ ଏବଂ ମୃତ୍ୟୁ ପରସ୍ପର ପରିପୂରକ। ଜୀବନର ଶେଷ ସମୟ ଜନ୍ମ ଭଳି ପବିତ୍ର ବୋଲି ଏହି ଜନଜାତିର ଲୋକେ ଭାବନ୍ତି। ସେଥିପାଇଁ ଏହି ଜନଜାତିରେ କାହାର ମୃତ୍ୟୁ ହେଲେ, ଅନ୍ତିମ ସଂସ୍କାରରେ ଦମ୍ପତିଙ୍କୁ ଏକାଠି ଆସିବା ବାଧ୍ୟତାମୂଳକ। ବିଶ୍ୱାସ ରହିଛି ଯେ, ଯଦି ଜଣେ ସାଥି ବିନା ଅନ୍ତିମ ସଂସ୍କାରରେ ଯୋଗ ଦେଉଛନ୍ତି ତେବେ ସେ ନକାରାତ୍ମକ ଶକ୍ତି ଦ୍ୱାରା ପ୍ରଭାବିତ ହୋଇପାରନ୍ତି। ଦମ୍ପତି ଏକାଠି ସାଥି ହୋଇ ଏହି କାର୍ଯ୍ୟକ୍ରମରେ ଯୋଗଦେବା ଦ୍ୱାରା ଏହା ସନ୍ତୁଳନ ଏବଂ ସୁରକ୍ଷାର ପ୍ରତୀକ ହୋଇଥାଏ। ୧୯୫୦ ମସିହା ପରେ ଲାହୁ ସମ୍ପ୍ରଦାୟର ଲୋକେ ସେମାନଙ୍କ ନିୟମରେ କିଛି ପରିବର୍ତ୍ତନ ଆଣିଥିଲେ । ଏବେ ଯଦିଓ ଅବିବାହିତ ମହିଳାଙ୍କୁ କେଶ ବଢ଼ାଇବାକୁ ଅନୁମତି ରହିଛି, କିନ୍ତୁ ବିବାହ ଦିନ ଲଣ୍ଡା ହେବା ପରମ୍ପରା ଆଜି ବି ବଜାୟ ରହିଛି। ଏହି ପ୍ରଥା କେବଳ ଧାର୍ମିକ ନୁହେଁ, ବରଂ ସଂସ୍କୃତି, ସମ୍ମାନ ଏବଂ ପରିଚୟର ପ୍ରତୀକ ବୋଲି ଏଠାକାର ଲୋକେ ବିଶ୍ୱାସ କରନ୍ତି।



## ସଞ୍ଜୀବନୀ


# କର୍କଟର ନୂତନ ଚିକିତ୍ସା ଟାର୍ଗେଟେଡ୍ ଥେରାପି

**ଆମ ଶରୀରର ପ୍ରତ୍ୟେକ ଜୀବକୋଷ ଏକ ନିର୍ଦ୍ଦିଷ୍ଟ ସମୟରେ ବଢ଼େ। ନଷ୍ଟ ହୋଇଥାଏ। ମାତ୍ର ଶରୀର କୋଷ ଗୁଡ଼ିକର ଅନିୟନ୍ତ୍ରିତ ଅଭିବୃଦ୍ଧିକୁ କର୍କଟ କୁହାଯାଏ। ଦେଶରେ ଗତ କିଛି ବର୍ଷ ମଧ୍ୟରେ ଉଭୟ ପୁରୁଷ ଓ ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ କର୍କଟ ଦେଖାଯାଉଛି। କର୍କଟ କୋଷକୁ ନଷ୍ଟ କରିବାକୁ କେମୋ ଥେରାପି, ରେଡିଓ ଥେରାପି, ବ୍ରାକି ଥେରାପି ଆଦି ଦିଆଯାଇଥାଏ। ଏହି କ୍ରମରେ କର୍କଟ ପାଇଁ ଟାର୍ଗେଟେଡ୍ ଥେରାପି ମଧ୍ୟ ବେଶ ପ୍ରଭାବୀ।**



ଟାର୍ଗେଟେଡ୍ ଥେରାପି ଏକ ଉନ୍ନତ ଚିକିତ୍ସା ପଦ୍ଧତି। କେମୋଥେରାପିଠାରୁ ଏହା ପୂରା ଭିନ୍ନ। ଏହି ଥେରାପି କର୍କଟ କୋଷରେ ବିଶିଷ୍ଟ ଆନୁବଂଶିକ ତଥା ମ୍ୟୁଟେସନ୍ ପରିବର୍ତ୍ତନକୁ ଲକ୍ଷ୍ୟ କରିଥାଏ। ଏହା ସୁସ୍ଥ କୋଷକୁ ବିଶେଷ କ୍ଷତି ପହଞ୍ଚାଏ ନାହିଁ। କେବଳ କର୍କଟ କୋଷରେ ଥିବା ସ୍ୱତନ୍ତ୍ର ପ୍ରୋଟିନ୍ ବା ଅଣୁକୁ ନଷ୍ଟ କରିବାରେ ଏହା ସାହାଯ୍ୟ କରିଥାଏ। ଟାର୍ଗେଟେଡ୍ ଥେରାପିରେ ସ୍ୱତନ୍ତ୍ର ପ୍ରକାର ଔଷଧ ବ୍ୟବହାର କରାଯାଏ। ଯାହା ଫଳରେ କର୍କଟ ବୃଦ୍ଧି କରୁଥିବା କୋଷର ବିକାଶ ଧୀମା ହୋଇଥାଏ। ଜାତୀୟ କର୍କଟ ସଂସ୍ଥାର ରିପୋର୍ଟ ଅନୁସାରେ, ଟାର୍ଗେଟେଡ୍ ଥେରାପି ଯୋଗୁଁ ୨୦ରୁ ୨୪% ରୋଗୀଙ୍କ ବୟସ ୫ବର୍ଷ ଯାଏଁ ବୃଦ୍ଧି ହୋଇପାରେ। ଟାର୍ଗେଟେଡ୍ ଥେରାପି ଟ୍ୟୁମରକୁ ରକ୍ତ ଯୋଗାଣରେ ହସ୍ତକ୍ଷେପ କରି ବୃଦ୍ଧି ହେବାକୁ ଦିଏନି। ଶରୀରକୁ ନିଜସ୍ୱ ପ୍ରତିରକ୍ଷା ପ୍ରଣାଳୀକୁ କର୍କଟ ସହିତ ଲଢ଼େଇ କରିବାରେ ସାହାଯ୍ୟ କରେ।

ବିଶେଷ କରି ଗମ୍ଭୀର କର୍କଟ ରୋଗରେ ଏହି ଥେରାପି ଦିଆଯାଇଥାଏ। ପାରମ୍ପରିକ ଥେରାପି ତୁଳନାରେ ଏଥିରେ କମ୍ ପାର୍ଶ୍ୱପ୍ରତିକ୍ରିୟା ହୋଇଥାଏ। ଟାର୍ଗେଟେଡ୍ ଥେରାପି ନେବା ଦ୍ୱାରା ରୋଗୀ ବହୁତ ଶୀଘ୍ର ଆରୋଗ୍ୟ ଲାଭ କରନ୍ତି। ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ମତରେ କେମୋ ଥେରାପି ସହିତ ଟାର୍ଗେଟେଡ୍ ଥେରାପି ମଧ୍ୟ ନିଆଯାଇ ପାରିବ।



# କୋଲେଷ୍ଟ୍ରଲକୁ ନିୟନ୍ତ୍ରିତ ରଖେ ହଳଦିଆ ଡ୍ରାଗନ୍‌ଫ୍ରୁଟ୍

**ଡ୍ରାଗନଫ୍ରୁଟ୍ ଭିଟାମିନ୍ ବି୬, ବି୯, ଇ, କେ, ଫାଇବର ଏବଂ ଆଣ୍ଟି ଅକ୍ସିଡାଣ୍ଟରେ ଭରପୂର। ସ୍ୱାସ୍ଥ୍ୟ ପାଇଁ ଏହା ବହୁତ ଉପକାରୀ। ଲାଲ୍ ଡ୍ରାଗନଫ୍ରୁଟ୍ ପରି ହଳଦିଆ ଡ୍ରାଗନଫ୍ରୁଟ କୋଲେଷ୍ଟ୍ରଲ ନିୟନ୍ତ୍ରଣ କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଏ।**

- ହଳଦିଆ ଡ୍ରାଗନଫ୍ରୁଟ୍‌ରେ ଥିବା ଫାଇବର କ୍ଷତିକାରକ କୋଲେଷ୍ଟ୍ରଲ (ଏଲ୍‌ଡିଏଲ୍)କୁ କମ୍ କରେ। ଭଲ କୋଲେଷ୍ଟ୍ରଲ (ଏଚ୍‌ଡିଏଲ୍) ସ୍ତର ନିୟନ୍ତ୍ରଣରେ ରଖିପାରେ। ଏଥିରେ ଥିବା ଆଣ୍ଟି ଅକ୍ସିଡାଣ୍ଟ ହୃଦୟକୁ ସୁସ୍ଥ ରଖିବା ସହ ରକ୍ତସଫା କରିପାରେ। ଏପରିକି ହୃଦ୍‌ଘାତ ଏବଂ ଷ୍ଟ୍ରୋକ୍ ଆଶଙ୍କାକୁ କମ୍ କରେ ।
- ଏଥିରେ କମ୍ କ୍ୟାଲୋରୀ ଏବଂ ଫାଇବର ଥିବାରୁ ଏହା ଓଜନ ନିୟନ୍ତ୍ରଣରେ ସାହାଯ୍ୟ କରେ। ପାଚନତନ୍ତ୍ରକୁ ସୁସ୍ଥ ରଖିବାରେ ସାହାଯ୍ୟ କରେ। କୋଷ୍ଠକାଠିନ୍ୟ ଦୂର କରେ।
- ଏହି ଫଳରେ ଥିବା ଭିଟାମିନ୍ ସି ଶରୀରର ରୋଗପ୍ରତିରୋଧକ କ୍ଷମତାକୁ ମଜଭୁତ କରେ। ସଂକ୍ରମଣରୁ ସୁରକ୍ଷା ପ୍ରଦାନ କରିଥାଏ। ଜଳୀୟଅଂଶ ପୂରା କରିବାରେ ବେଶ୍ ସହାୟକ ହୋଇଥାଏ।



# ମାଢ଼ି ରୋଗକୁ ଅଣଦେଖା କଲେ ବିପଦ

**ମୁଖ ଗହ୍ୱରର ସ୍ୱଚ୍ଛତା ଦାନ୍ତ, ମାଢ଼ି ତଥା ଶରୀରକୁ ସୁସ୍ଥ ରଖିପାରେ। ସୁସ୍ଥ ମାଢ଼ି ଶକ୍ତ ଦାନ୍ତର ଭିତ୍ତିଭୂମି। ଏବେ କିନ୍ତୁ ମାଢ଼ି ରୋଗ ସାଧାରଣ ରୋଗ ଭାବେ ଉଭା ହୋଇଛି। ଲକ୍ଷଣବିହୀନ ଅବସ୍ଥା ଯାହା ଦନ୍ତ କ୍ଷୟ, ମଧୁମେହ, ହୃଦ୍‌ରୋଗ ଏବଂ ଗର୍ଭଧାରଣରେ ଜଟିଳତା ଭଳି ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି କରିପାରେ। ତେଣୁ ମାଢ଼ି ରୋଗ ସହ ଜଡ଼ିତ କାରଣ ଏବଂ ବିପଦକୁ ବୁଝିବା ଗୁରୁତ୍ୱପୂର୍ଣ୍ଣ। ପ୍ରାରମ୍ଭିକ ଚିହ୍ନଟ ଜଟିଳତାର ଆଶଙ୍କାକୁ ହ୍ରାସ କରିଥାଏ।**

**କାରଣ ଏବଂ ବିପଦ କାରକ:** ପ୍ଲାକ୍ ଜମିବା ମାଢି ରୋଗର ମୁଖ୍ୟ କାରଣ। ଏହାର ଚିକିତ୍ସା ନ କରାଗଲେ, ଏହା ଟାର୍ଟାରରେ ପରିଣତ ହୁଏ। ମାଢ଼ିରେ ସମସ୍ୟା ସୃଷ୍ଟି କରି ଜିଞ୍ଜିଭାଇଟିସ୍ ଏବଂ ଶେଷରେ ପିରିଓଡ଼ଂଟାଇଟିସ୍ ସୃଷ୍ଟି କରେ। ମାଢ଼ି ରୋଗ ବିପଦ କାରକ ମଧ୍ୟରେ ଧୂମପାନ, ମଧୁମେହ, ଏବଂ ଖରାପ ମୁଖ ସ୍ୱଚ୍ଛତା ରହିଛି। ଜିଞ୍ଜିଭାଇଟିସ୍ ମାଢ଼ି ରୋଗର ପ୍ରାରମ୍ଭିକ ଅବସ୍ଥା ଯାହା ପ୍ରଦାହ, ରକ୍ତସ୍ରାବ ଏବଂ ଫୁଲିଯାଇଥିବା ମାଢ଼ିରୁ ଜଣାପଡ଼ିଥାଏ। ଏହା ମାଢ଼ି ରୋଗର ଗମ୍ଭୀର ରୂପ ନେଇ ଦନ୍ତକ୍ଷୟ, ସଂକ୍ରମଣ, ଦନ୍ତ ହାଡ଼ କ୍ଷୟ ସମସ୍ୟା ସୃଷ୍ଟି କରିପାରେ। ମଧୁମେହ ମଧ୍ୟ ମାଢ଼ି ରୋଗର ଆଶଙ୍କା ବଢ଼ାଏ। ସେହିରି ବଂଶାନୁକ୍ରମିକ ପ୍ରବୃତ୍ତି କେତେକ ବ୍ୟକ୍ତିଙ୍କ ମଧ୍ୟରେ ଏହାର କାରଣ ହୁଏ।

**ଆୟୁର୍ବେଦିକ ଉପଚାର:** ଲବଙ୍ଗ ଏବଂ ନିମ ଭଳି ଉପାଦାନରେ ଜୀବାଣୁ ବିରୋଧୀ ଏବଂ ପ୍ରଦାହ ବିରୋଧୀ ଗୁଣ ଅଛି। ଏହା ମାଢ଼ି ରୋଗରୁ ସୁରକ୍ଷା ଦିଏ। ଲବଙ୍ଗର ଯନ୍ତ୍ରଣା ନିବାରକ ଗୁଣ ପ୍ରଦାହକୁ ଶାନ୍ତ କରେ। ନିମ ଜୀବାଣୁ ବୃଦ୍ଧିକୁ ରୋକିପାରେ। ଲବଙ୍ଗ ଓ ନିମରୁ ପ୍ରସ୍ତୁତ ଆୟୁର୍ବେଦିକ ପେଷ୍ଟ ମାଢ଼ିକୁ ସୁସ୍ଥ ରଖେ।

**ପ୍ରତିରୋଧ ପାଇଁ ଉପାୟ:** ପରୀକ୍ଷିତ ଆୟୁର୍ବେଦ ପେଷ୍ଟରେ ପ୍ରତିଦିନ ବ୍ରସ୍ କରିବା ଏବଂ ପ୍ଲାକ୍ ଦୂର ପାଇଁ ଫ୍ଲସିଂ କରିବା ଜରୁରି। ମାଢ଼ିର ଧାର ସଫା କରିବା ସହ ସଠିକ୍ ବ୍ରସିଂ କୌଶଳ ଆବଶ୍ୟକ। ଯେଉଁଠି ଟୁଥବ୍ରସ୍ ପହଞ୍ଚି ପାରେନି, ସେଠାରେ ଫ୍ଲସିଂ ଦାନ୍ତ ମଧ୍ୟରୁ ପ୍ଲାକ୍ ଦୂର କରେ। ନିୟମିତ ଦନ୍ତ ଚେକଅପ୍ ଜରୁରି। ଏହା ଟାର୍ଟାର ଜମାକୁ ଦୂର କରିବା ସହ ଦନ୍ତଚିକିତ୍ସକଙ୍କୁ ମାଢ଼ି ସ୍ୱାସ୍ଥ୍ୟ ମୂଲ୍ୟାଙ୍କନ କରିବାରେ ସାହାଯ୍ୟ କରେ। ମାଢ଼ିର ସୁସ୍ଥତା ପାଇଁ ସନ୍ତୁଳିତ ଖାଦ୍ୟ ବଜାୟ ରଖିବା ଗୁରୁତ୍ୱପୂର୍ଣ୍ଣ। ଫଳ ଏବଂ ଶାଗ ଖାଦ୍ୟ ମାଢ଼ି ତନ୍ତୁ ପାଇଁ ଜରୁରି ପୋଷକ ଯୋଗାଏ। ମାଢ଼ି ସଂକ୍ରମଣ ରୋକିବାକୁ ହର୍ବାଲ୍ ମାଉଥୱାସ୍ ବ୍ୟବହାର କରିପାରିବେ। ଧୂମପାନ ଏବଂ ମଦ୍ୟପାନ ଛାଡ଼ିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ।

ଡାକ୍ତର ସୋନିଆ ଦତ୍ତା
ଦନ୍ତ ବିଶେଷଜ୍ଞ

# ସୂର୍ଯ୍ୟକିରଣ ଅଭାବ ପୂରା କରିବ ଭିଟାମିନ୍-ଡି' ଡ୍ରପ୍

**ଶୀତଋତୁରେ ଥଣ୍ଡାରୁ ସୁରକ୍ଷା ପାଇବାକୁ ଲୋକେ ଶୀତ ପୋଷାକ ବ୍ୟବହାର କରନ୍ତି। କୋଠରିରେ ଘଣ୍ଟା ଘଣ୍ଟା ରୁହନ୍ତି। ଏହା ଦ୍ୱାରା ପ୍ରାକୃତିକ ସୂର୍ଯ୍ୟକିରଣ ସଂସ୍ପର୍ଶରେ ଆସି ପାରନ୍ତିନି। ଫଳରେ ଶରୀରରେ ଭିଟାମିନ୍-ଡି'ର ଅଭାବ ହୁଏ। ଭିଟାମିନ୍-ଡି' ଅଭାବ ପୂରଣ କରିବାକୁ ଡି୩ ସପ୍ଲିମେଣ୍ଟ ସେବନର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି।**

ଭିଟାମିନ୍ -ଡି' ଅସ୍ଥିକୁ ଶକ୍ତ କରିବା ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି କରେ। ପ୍ରାକୃତିକ ସୂର୍ଯ୍ୟକିରଣ ସଂସ୍ପର୍ଶରେ ଆମ ଚର୍ମ ଆସିଲେ, ନିର୍ଦ୍ଦିଷ୍ଟ କୋଷଗୁଡିକ ଭିଟାମିନ୍-ଡି' କଣିକା ତିଆରି କରିଥାନ୍ତି। ହେଲେ ଆଧୁନିକ ଜୀବନଶୈଳୀ ତଥା ଶୀତଋତୁରେ ବନ୍ଦ କୋଠରିରେ ଏ.ସିରେ ରହିବା, ଭିଟାମିନଯୁକ୍ତ ଖାଦ୍ୟ ନ ଖାଇବା, ସୂର୍ଯ୍ୟକିରଣ ସଂସ୍ପର୍ଶରେ ନ ଆସିବା ଆଦି କାରଣରୁ ଥକ୍କାପଣ, ଅଳସୁଆ, ସମସ୍ୟା ଦେଖାଦିଏ। ତେଣୁ ଖାଦ୍ୟପେୟରେ ଭିଟାମିନ୍-ଡି'ଯୁକ୍ତ ଖାଦ୍ୟ ଯଥା ସାଲମନ୍, ଟୁନା, ଅଣ୍ଡାର ଧଳା ଅଂଶ, ପ୍ରାମାଣିକ ଦୁଗ୍ଧ ଆଦି ସାମିଲ କରି ପାରିବେ। ୨୦ରୁ ୩୦ ମିନିଟ୍ କଅଁଳିଆ ଖରାରେ ସମୟ ବିତାଇବା ଆବଶ୍ୟକ।

**ନାନୋଡ୍ରପ୍ ସପ୍ଲିମେଣ୍ଟ:** ଭିଟାମିନ୍-ଡି' ମାତ୍ରାଧିକ ଅଭାବ ଥିଲେ ଡି୩ (କୋଲେକାଲ୍‌ସିଫେରଲ) ସପ୍ଲିମେଣ୍ଟ ସାହାଯ୍ୟ ନେଇ ପାରିବେ। ନାନୋଡ୍ରପ୍ ରୂପେ ଆସୁଥିବା ସପ୍ଲିମେଣ୍ଟ ପ୍ରଭାବୀ। ଏହା ଶର୍କରାମୁକ୍ତ। ମଧୁମେହରେ ପୀଡ଼ିତ ଏହାକୁ ଖାଇପାରିବେ। ଏହାକୁ ସଠିକ ମାତ୍ରାରେ ବ୍ୟବହାର କଲେ ଅସ୍ଥି ଶକ୍ତ ସହ ରୋଗପ୍ରତିରୋଧକ ଶକ୍ତି ବୃଦ୍ଧିପାଏ।



## ୪ ଦିନ ପରେ ବାରବାଟୀ ଟି-୨୦ ମୁକାବିଲା

# ଆଜିଠାରୁ କାଉଣ୍ଟରରେ ଟିକଟ ବିକ୍ରି

### ସକାଳ ୯ଟାରେ ଖୋଲିବ 'ବକ୍ସ ଅଫିସ୍'

### ମାତ୍ର ୧୦,୦୦୦ ଟିକଟ ବିକ୍ରୟ ହେବ

### ଚାହିଦାରେ ଗ୍ୟାଲେରୀ ନଂ-୧ ଓ ୩ ଟିକଟ୍

### ଅଗ୍ନିନିରାପତ୍ତାକୁ ଗୁରୁତ୍ୱ; ଫାୟାର ବଲ୍ ମଗାଇଲା ଓସିଏ




କଟକ,୪।୧୨(ସମିସ):

ଶୁକ୍ରବାର ଅଫଲାଇନ୍‌ରେ ଟିକଟ ବିକ୍ରି ହେବ। ମୋଟ୍ ୧୦ହଜାର ଟିକଟ କାଉଣ୍ଟରକୁ ଆସିବ। ସକାଳ ୯ଟାରେ ବକ୍ସ ଅଫିସ ଖୋଲିବାକୁ ସମୟଧାର୍ଯ୍ୟ ହୋଇଥିବା ବେଳେ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ଟିକଟ ବିକ୍ରି ଜାରି ରହିବ। ପ୍ରାୟତଃ ଗୋଟିଏ ଦିନରେ କାଉଣ୍ଟର ଟିକଟ ଶେଷ ହୋଇଯାଏ। ନିର୍ଦ୍ଧାରିତ ସଂଖ୍ୟକ ଟିକଟ ବିକ୍ରି ନହୋଇ ପାରିଲେ ଶନିବାର ମଧ୍ୟ ବକ୍ସ ଅଫିସ ଖୋଲାଯିବ। ତେବେ ଗୁରୁବାର ସନ୍ଧ୍ୟାରୁ ଷ୍ଟାଡିୟମ ନିକଟରେ କ୍ରିକେଟପ୍ରେମୀଙ୍କ ଭିଡ ଲାଗିଥିବା ବେଳେ ପୁଲିସ ସେମାନଙ୍କୁ ଘଉଡାଉଥିବା ଦେଖିବାକୁ ମିଳିଛି। ରାଜ୍ୟର କୋଣଅନୁକୋଣରୁ ଟିକଟ ଆଶାୟୀ ଏବେ ବାରବାଟୀ ନିକଟରେ ଡେରା ଜମାଇଛନ୍ତି।

ବାରବାଟୀରେ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମୁକାବିଲାକୁ ଆଉ ୪ ଦିନ ବାକି। ଚଳିତଥର ଅନଲାଇନ୍‌ରେ ମାତ୍ର ୨ହଜାର ଟିକଟ ବିକ୍ରି ହୋଇଛି। ଏଣୁ ବକ୍ସ ଅଫିସରୁ ଟିକଟ ପାଇବାକୁ ନେଇ ଉତ୍କଣ୍ଠା ବଢ଼ିଛି। ଚଳିତଥର ବ୍ୟାରିକେଡ ବ୍ୟବସ୍ଥାରେ ସୁଧାର ଅଣାଯାଇଛି। ସର୍ପେଣ୍ଟାଇନ୍(ଜିକଜ୍ୟାକ୍) ଶୈଳୀରେ ବ୍ୟାରିକେଡ ବନ୍ଧା ଯାଇଛି। ଶୃଙ୍ଖଳିତ ଢ଼ଙ୍ଗରେ ବକ୍ସ ଅଫିସ ଟିକଟ ବିକ୍ରି କରାଯିବାକୁ ପୁଲିସ ଏବଂ ଓସିଏ ପକ୍ଷରୁ ଆବଶ୍ୟକୀୟ ପଦକ୍ଷେପ ନିଆଯାଇଛି। କିଛିଦିନ ପୂର୍ବେ ଆଇଆଇଟି ପ୍ରତିନିଧି ଷ୍ଟାଡିୟମ ଅନୁଧ୍ୟାନ କରିଥିଲେ। ଷ୍ଟାଡିୟମରେ ହୋଇଥିବା ନବୀକରଣ କାର୍ଯ୍ୟର ସମୀକ୍ଷା କରିଥିଲେ। ଏହି ପ୍ରତିନିଧି ଦଳ ଆଜି ଷ୍ଟ୍ରକଚରାଲ ସେଫ୍ଟି ସାର୍ଟିଫିକେଟ ପ୍ରଦାନ କରିଛି। ଏହି ରିପୋର୍ଟ ରାଜ୍ୟ ସରକାରଙ୍କୁ ମଧ୍ୟ ଦିଆଯାଇଛି। ଅନ୍ୟପକ୍ଷରେ ଅଗ୍ନିନିରାପତ୍ତା ବ୍ୟବସ୍ଥାକୁ ନେଇ ଓସିଏ ପକ୍ଷରୁ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ମୁଖ୍ୟ କନସଲଟାଣ୍ଟ ଇଂ ବିଷ୍ଣୁପ୍ରସାଦ ମହାପାତ୍ର କହିଛନ୍ତି। ଆସନ୍ତା ୭ ତାରିଖରେ ବାରବାଟୀରେ ଅଗ୍ନିଶମ ବିଭାଗ ଏବଂ ଓସିଏ ପକ୍ଷରୁ ମିଳିତ ଭାବେ ମକଡ୍ରିଲ କରାଯିବ। ସନ୍ଧ୍ୟା ୮ଟାରୁ ୧୦ଟା ପର୍ଯ୍ୟନ୍ତ ଷ୍ଟାଡିୟମକୁ ଅନ୍ଧାର କରାଯିବ। ଅଗ୍ନିଶମ ବିଭାଗ କର୍ମଚାରୀଙ୍କ ବ୍ୟତୀତ ଓସିଏ ପକ୍ଷରୁ ୧୫୦ ଫାୟାରମ୍ୟାନ୍ ନିଯୁକ୍ତ କରାଯାଇଥିବା ଶ୍ରୀ ମହାପାତ୍ର ଜଣାଇଛନ୍ତି। ରାଜ୍ୟ କ୍ରିକେଟ ସଂଘ ପକ୍ଷରୁ ଫାୟାର ବଲ୍ ଏବଂ ଏରୋସଲ୍ ଅଣାଯାଇଛି। ଅଗ୍ନିକାଣ୍ଡ ଘଟିଲେ ଦୂରରୁ ଫାୟାର ବଲ୍ ଏବଂ ଏରୋସଲ୍ ଫିଙ୍ଗାଯାଇ ନିଆଁକୁ ଆୟତ କରାଯାଇପାରିବ। ଏରୋସଲ୍ ୬୦୦ବର୍ଗଫୁଟ ଅଞ୍ଚଳରେ ନିଆଁକୁ ନିୟନ୍ତ୍ରଣ କରି ପାରିବ ବୋଲି ସେ ଜଣାଇଛନ୍ତି।

### ଟିକଟ୍ ମୂଲ୍ୟ

| | |
|---|---|
| ଗ୍ୟାଲେରୀ ନଂ-୧ | ୧୧୦୦ଟଙ୍କା |
| ଗ୍ୟାଲେରୀ ନଂ-୨ | ୯୦୦ଟଙ୍କା |
| ଗ୍ୟାଲେରୀ ନଂ-୩ | ୧୧୦୦ଟଙ୍କା |
| ଗ୍ୟାଲେରୀ ନଂ-୪ | ୯୦୦ଟଙ୍କା |
| ଗ୍ୟାଲେରୀ ନଂ-୫ | ୧୨୦୦ଟଙ୍କା |
| ଗ୍ୟାଲେରୀ ନଂ-୭ | ୭୦୦ଟଙ୍କା |
| ସ୍ପେଶିଆଲ ଏନକ୍ଲୋଜର | ୬ ହଜାର ଟଙ୍କା |
| ଏସି ବକ୍ସ | ୮ ହଜାର ଟଙ୍କା |
| ନ୍ୟୁ ପ୍ୟାଭିଲିୟନ | ୧୦ ହଜାର ଟଙ୍କା |
| କର୍ପୋରେଟ ବକ୍ସ | ୨୦ ହଜାର ଟଙ୍କା |



### ମ୍ୟାଚ୍ ଲାଗି ପ୍ରସ୍ତୁତି









## ଅଷ୍ଟ୍ରେଲିଆରେ ରୁଟ୍‌ଙ୍କ ପ୍ରଥମ ଶତକ



ବ୍ରିସ୍‌ବେନ୍, ୪।୧୨(ଏଜେନ୍ସି): ଅଷ୍ଟ୍ରେଲିଆ ମାଟିରେ ଇଂଲଣ୍ଡର ଷ୍ଟାର ବ୍ୟାଟର ଜୋ ରୁଟ୍ ପ୍ରଥମ ଶତକ ହାସଲ କରିଛନ୍ତି। ଏଥିଲାଗି ତାଙ୍କୁ ୧୭ଟି ମ୍ୟାଚ୍, ୩୦ଟି ଇନିଂସ ଓ ୪ଟି ଟୁର୍‌କୁ ଅପେକ୍ଷା କରିବାକୁ ପଡ଼ିଥିଲା। ଆଜି ଖେଳାଯାଇଥିବା ଆସେସ୍ ସିରିଜ୍‌ର ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ରୁଟ୍ ଅପରାଜିତ ୧୩୫ ରନ୍ କରିବା ଫଳରେ ପ୍ରଥମେ ବ୍ୟାଟିଂ କରି ଇଂଲଣ୍ଡ ୯ ୱିକେଟରେ ୩୨୫ ରନ୍ କରିଛି। ଅଷ୍ଟ୍ରେଲିଆ ପକ୍ଷରୁ ମିଚେଲ ଷ୍ଟାର୍କ ୬ଟି ୱିକେଟ ନେଇଛନ୍ତି। ଟେଷ୍ଟ କ୍ୟାରିୟରର ୪୦ତମ ଶତକ ହାସଲ କରିଥିବା ରୁଟ୍ ଏବେ ସର୍ବକାଳୀନ ସର୍ବାଧିକ ଶତକ ହାସଲକାରୀଙ୍କ ମଧ୍ୟରେ ଚତୁର୍ଥ ସ୍ଥାନକୁ ଉନ୍ନୀତ ହୋଇଛନ୍ତି। ସେହିପରି ଜଣେ ବାମହାତୀ ଦ୍ରୁତ ବୋଲର ଭାବେ ଷ୍ଟାର୍କ ୧୦୨ଟି ମ୍ୟାଚ୍‌ରେ ୪୧୫ ଜଣଙ୍କୁ ଆଉଟ କରି ସର୍ବାଧିକ ୱିକେଟ ହାସଲକାରୀ ବିବେଚିତ ହୋଇଛନ୍ତି।

### ରବୀନ୍ଦ୍ର-୧୭୬, ଲାଥମ-୧୪୫

## ନ୍ୟୁଜିଲାଣ୍ଡ କବ୍‌ଜାରେ ଦ୍ୱିତୀୟ ଟେଷ୍ଟ


ଖ୍ରୀଷ୍ଟଚର୍ଚ୍ଚ,୪।୧୨(ଏଜେନ୍ସି): ରାଚିନ ରବୀନ୍ଦ୍ରଙ୍କ ୧୭୬ ଓ ଟମ୍ ଲାଥମଙ୍କ ୧୪୫ ରନ୍ ସହାୟତାରେ ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଚାଲିଥିବା ଦ୍ୱିତୀୟ ଟେଷ୍ଟ ଘରୋଇ ନ୍ୟୁଜିଲାଣ୍ଡ କବ୍‌ଜାରେ ରହିଛି। ଏହି ଟେଷ୍ଟର ପ୍ରଥମ ଇନିଂସରେ ୭୪ ରନ୍‌ରେ ଆଗୁଆ ରହିଥିବା ନ୍ୟୁଜିଲାଣ୍ଡ ତୃତୀୟ ଦିନ ଖେଳ ଶେଷ ବେଳକୁ ଦ୍ୱିତୀୟ ଇନିଂସରେ ୪ ୱିକେଟରେ ୪୧୭ ରନ୍ ସଂଗ୍ରହ କରିନେଇଛି। ରାଚିନ ଓ ଲାଥମଙ୍କୁ ଛାଡ଼ିଦେଲେ ଡେଭନ କନୱେ ୩୭ ରନ୍ କରି ତୃତୀୟ ଟପ୍ ସ୍କୋରର ହୋଇଛନ୍ତି। ଖେଳ ଆଉ ଦୁଇଦିନ ବାକିଥିଲାବେଳେ ନ୍ୟୁଜିଲାଣ୍ଡ ମୋଟରେ ୪୮୧ ରନ୍‌ରେ ଆଗୁଆ ରହି ଏହି ଟେଷ୍ଟକୁ ନିଜ କବ୍‌ଜାରେ ରଖିଛି। ପୂର୍ବରୁ ଖେଳାଯାଇଥିବା ପ୍ରଥମ ଟେଷ୍ଟକୁ ଜିତି ଘରୋଇ ଦଳ ୧-୦ରେ ଆଗୁଆ ରହିଛି।

## ଦୃଷ୍ଟିହୀନ କ୍ରିକେଟ: ସୁପର-୮'ରେ ଓଡ଼ିଶା

ଭୁବନେଶ୍ୱର, ୪।୧୨ (ସମିସ): ଓଡ଼ିଶା ଜାତୀୟ ଦୃଷ୍ଟିହୀନ କ୍ରିକେଟ ଟୁର୍ଣ୍ଣାମେଣ୍ଟର ସୁପର-୮'ରେ ପ୍ରବେଶ କରିଛି। ଜବଲପୁରଠାରେ ଚାଲିଥିବା ଏହି ଟୁର୍ଣ୍ଣାମେଣ୍ଟର ଗୁରୁବାର ଖେଳାଯାଇଥିବା ମ୍ୟାଚ୍‌ରେ ଓଡ଼ିଶା ୬ ୱିକେଟରେ ବିହାରକୁ ପରାସ୍ତ କରି ଗ୍ରୁପ୍-ଡି'ରେ ସମସ୍ତ ମ୍ୟାଚ୍‌ରେ ବିଜୟୀ ହୋଇଛି। ଏହା ଫଳରେ ଗ୍ରୁପ୍ ଟପ୍ପର ଭାବେ ଓଡ଼ିଶା ସୁପର-୮'ରେ ପ୍ରବେଶ କରିଛି।

### ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଉଦ୍‌ଯାପିତ

## ଓଡ଼ିଶାକୁ ୨୮ ପଦକ; କିଟ୍ ଖାତାରେ ୨୧



ଭୁବନେଶ୍ୱର, ୪।୧୨ (ସମିସ): ରାଜସ୍ଥାନରେ ଅନୁଷ୍ଠିତ ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଗୁରୁବାର ଉଦ୍‌ଯାପିତ ହୋଇଯାଇଛି। ଏହି ସମ୍ମାନଜନକ ପ୍ରତିଯୋଗିତାରେ ଦେଶର ମୋଟ୍ ୨୨୨ଟି ବିଶ୍ୱବିଦ୍ୟାଳୟ ଅଂଶଗ୍ରହଣ କରିଥିଲେ। ଯେଉଁଥିରେ ଓଡ଼ିଶାର ବିଶ୍ୱବିଦ୍ୟାଳୟମାନେ ମୋଟ୍ ୨୮ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୧୩ ସ୍ୱର୍ଣ୍ଣ, ୫ ରୌପ୍ୟ ଓ ୧୦ଟି କାଂସ୍ୟ ପଦକ ରହିଛି। ସେଥିମଧ୍ୟରୁ କିଟ୍ ବିଶ୍ୱବିଦ୍ୟାଳୟ ଏକାକୀ ୨୧ଟି ପଦକ (୧୦ ସ୍ୱର୍ଣ୍ଣ, ୩ ରୌପ୍ୟ ଓ ୮ କାଂସ୍ୟ) ଜିତିଛି। ଉତ୍କଳ ବିଶ୍ୱବିଦ୍ୟାଳୟର ତାରକା ସନ୍ତରଣକାରୀ ପ୍ରତ୍ୟାଶା ରାୟ ୩ଟି ସ୍ୱର୍ଣ୍ଣ ସହ ୫ଟି ପଦକ ବିଜୟୀ ହୋଇଛନ୍ତି। ପ୍ରତିଯୋଗିତାରେ ପଦକ ତାଲିକାରେ କିଟ୍ ୨୨୨ ବିଶ୍ୱବିଦ୍ୟାଳୟ ମଧ୍ୟରେ ୭ମ ସ୍ଥାନରେ ରହିଛି।

ଅନ୍ତିମ ଦିବସରେ ପୁରୁଷ ଟେନିସର ଦଳଗତ ଇଭେଣ୍ଟରେ କିଟ୍ ଚାମ୍ପିଅନ ହୋଇ ସ୍ୱର୍ଣ୍ଣ ପଦକ ଜିତିଥିଲା। ଦେବାଶିଷ ସାହୁ ଓ କବୀର ହଂସ ସ୍ୱର୍ଣ୍ଣ ବିଜୟୀ ଦଳର ସଦସ୍ୟ ରହିଥିଲେ। ସେହିଭଳି ମହିଳା ଭଲିବଲ୍‌ରେ କିଟ୍ ଫାଇନାଲରେ ମଣିପାଲ୍ ବିଶ୍ୱବିଦ୍ୟାଳୟ ନିକଟରୁ ପରାସ୍ତ ହୋଇ ରୌପ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା। ୪ ଗୁଣା ୪୦୦ ମିଟର ରିଲେ ରେସରେ ଅନିମେଶ କୁଜୁର, ଜୟରାମ ଦଣ୍ଡପତି, ସାନ୍ତା ମହେନ୍ଦ୍ର ଓ ଅଭୟ ସିଂଙ୍କୁ ନେଇ ଗଠିତ କିଟ୍ ଦଳ ୪୦.୦୯ ସେକେଣ୍ଡରେ ରେସ୍ ଫିନିଶ କରି ପୋଡିୟମ ଶୀର୍ଷରେ ରହିବା ସହ ସ୍ୱର୍ଣ୍ଣ ପଦକ ହାସଲ କରିଥିଲା। ଏହି ସଫଳତା ଲାଗି କିଟ୍ ଓ କିସର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

### ନ୍ୟାସନାଲ ରାଇଫଲ ସଂଘ ନିର୍ବାଚନ

## କଳିକେଶ ସଭାପତି, ଗୌରୀ ଯୁଗ୍ମ ସମ୍ପାଦକ



ଭୁବନେଶ୍ୱର, ୪।୧୨ (ସମିସ): ଓଡ଼ିଶାର କଳିକେଶ ନାରାୟଣ ସିଂଦେଓ ଏବଂ ଗୌରୀ ମହାନ୍ତି ନ୍ୟାସନାଲ ରାଇଫଲ ଆସୋସିଏସନ ଅଫ୍ ଇଣ୍ଡିଆ (ଏନ୍ଆର୍ଏଆଇ) ର ସଭାପତି ଓ ଯୁଗ୍ମ ସମ୍ପାଦକ ଭାବେ ନିର୍ବାଚିତ ହୋଇଛନ୍ତି। ଆଜି ଏନ୍ଆର୍ଏଆଇର ନିର୍ବାଚନ ଅନୁଷ୍ଠିତ ହୋଇଛି। ପୂର୍ବରୁ କଳିକେଶ ସଭାପତି ଭାବେ ଓ ପୱନ ସିଂହ ସାଧାରଣ ସମ୍ପାଦକ ଭାବେ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଥିଲା। ସଂଘର ଅନ୍ୟ ପଦବୀ ଲାଗି ଆଜି ନିର୍ବାଚନ ଅନୁଷ୍ଠିତ ହୋଇଥିଲେ। ଏଥିରେ ବରିଷ୍ଠ ଉପସଭାପତି ଭାରେ ତେଲଙ୍ଗାନାର ଅମିତ ସାଙ୍ଗି, ଉପସଭାପତି ଭାବେ କନୱର ସୁଲତାନ ସିଂହ ଓ ସୁଷମା ସିଂ ନିର୍ବାଚିତ ହୋଇଛନ୍ତି। ଯୁଗ୍ମ ସମ୍ପାଦକ ଭାବେ ଓଡ଼ିଶାର ଗୌରୀ ମହାନ୍ତି ପ୍ରଥମଥର ଜାତୀୟ ସଂଘରେ ନିର୍ବାଚିତ ହୋଇଛନ୍ତି। କଳିକେଶ ୨୦୨୯ ଯାଏ ସଭାପତି ରହିବେ। ଖେଳାଳିଙ୍କ ପ୍ରତିନିଧିଭାବେ କାର୍ଯ୍ୟକାରୀ କମିଟିକୁ ଗଗନ ନାରଙ୍ଗ, କୁନ୍ତି ମଲିକ, ଜୋରାବର ସିଂହ ସାନ୍ଧୁ ଓ ଇଲାଭେନିଲ ଭାଲାରିଭାନ୍।

## ପୁରୁଷ ଜୁନିଅର ହକି ବିଶ୍ୱକପ୍‌ରେ ଆଜି ଭାରତ-ବେଲଜିୟମ କ୍ୱାର୍ଟର ଲଢ଼େଇ

ଚେନ୍ନାଇ,୪।୧୨(ଏଜେନ୍ସି): ଏଠାରେ ଚାଲିଥିବା ଏଫ୍ଆଇଏଚ୍ ପୁରୁଷ ଜୁନିଅର ହକି ବିଶ୍ୱକପ୍‌ର କ୍ୱାର୍ଟର ଫାଇନାଲ ପର୍ଯ୍ୟାୟ ମୁକାବିଲା ଆସନ୍ତାକାଲି ମେୟର ରାଧାକ୍ରିଷ୍ଣନ ଷ୍ଟାଡିୟମ୍‌ରେ ଖେଳାଯିବ। ବେଲ୍‌ଜିୟମ୍ ମ୍ୟାଚ୍ ଜିତିବାକୁ ହେଲେ ଭାରତକୁ ସର୍କଲ ଏଣ୍ଟ୍ରିରେ ପ୍ରବେଶ ପରେ ହେଉ କିମ୍ବା ପେନାଲ୍ଟି କର୍ଣ୍ଣରକୁ ଗୋଲରେ ପରିଣତ କରିବାକୁ ହେବ ବୋଲି ହେଡ୍ କୋଚ୍ ପିଆର୍ ଶ୍ରୀଜେଶ କହିଛନ୍ତି। ବୀରେନ୍ଦ୍ର ଲାକ୍ରା ଏହି ଦଳର କୋଚ୍ ମଧ୍ୟ ଅଛନ୍ତି। ଲିଗ୍ ପର୍ଯ୍ୟାୟରେ ୨୯ଟି ଗୋଲ ଦେଇ ନିଜ ପୁଲ୍‌ରେ ଭାରତ ପ୍ରଥମ ଓ ୨୨ଟି ଗୋଲ ଦେଇ ବେଲଜିୟମ ଦ୍ୱିତୀୟ ସ୍ଥାନରେ ରହିଥିଲା। ଆସନ୍ତାକାଲି ୧୨ଟା ୩୦ରେ ସ୍ପେନ୍-ନ୍ୟୁଜିଲାଣ୍ଡ, ଅପରାହ୍ଣ ୩ଟାରେ ଫ୍ରାନ୍ସ-ଜର୍ମାନୀ, ସନ୍ଧ୍ୟା ୫ଟା ୩୦ରେ ନେଦରଲାଣ୍ଡସ-ଆର୍ଜେଣ୍ଟିନା ଓ ରାତି ୮ଟାରେ ଭାରତ ଓ ବେଲଜିୟମ ମଧ୍ୟରେ କ୍ୱାର୍ଟର ଫାଇନାଲ ଖେଳାଯିବ।

### ସୟଦ ମୁସ୍ତାକ ଅଲି ଟି-୨୦

## ୧ ରନ୍‌ରେ ରେଳବାଇକୁ ହରାଇଲା ଓଡ଼ିଶା


ଲକ୍ଷ୍ନୌ, ୪।୧୨ (ଏଜେନ୍ସି): ସୟଦ ମୁସ୍ତାକ ଅଲି ଟି-୨୦ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର ଏକ ରୋମାଞ୍ଚକ ମ୍ୟାଚରେ ଗୁରୁବାର ଓଡ଼ିଶା ୧ ରନରେ ଶକ୍ତିଶାଳୀ ରେଳବାଇକୁ ପରାସ୍ତ କରିଛି। ଓଡ଼ିଶା ପକ୍ଷରୁ ସୌମ୍ୟରଞ୍ଜନ ଲେଙ୍କା (ଅପରାଜିତ ୭୫ ରନ ଓ ୩ଟି ୱିକେଟ୍) ଦମ୍‌ଦାର ଅଲ୍‌ରାଉଣ୍ଡ ପ୍ରଦର୍ଶନ କରି ଦଳକୁ ଟୁର୍ଣ୍ଣାମେଣ୍ଟରେ ଦ୍ୱିତୀୟ ବିଜୟ ଭେଟି ଦେଇଥିଲେ। ଫଳରେ ଓଡ଼ିଶା ୫ ମ୍ୟାଚରୁ ୮ ପଏଣ୍ଟ ପାଇ ଏଲିଟ୍ ଗ୍ରୁପ୍-ଏ'ର ୭ମ ସ୍ଥାନକୁ ଉଠିଛି। ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ୩୮ ରନ ମଧ୍ୟରେ ୪ଟି ୱିକେଟ୍ ହରାଇ ସଙ୍କଟରେ ପଡ଼ିଥିଲା। ଦୁଇ ଓପନର୍ ଆଦିତ୍ୟ ରାଉତ (୨୧ ରନ), ଗୌରବ ଚୌଧୁରୀ (୫), ଶୁଭ୍ରାଂଶୁ ସେନାପତି (୧) ଓ ଅଧିନାୟକ ବିପ୍ଳବ ସାମନ୍ତରାୟ (୧) ଶସ୍ତାରେ ଆଉଟ୍ ହୋଇଥିଲେ। ତେବେ ୱିକେଟ୍‌କିପର ଆଶୀର୍ବାଦ ସ୍ୱାଇଁଙ୍କ ସହ ଯୁବ ଅଲ୍‌ରାଉଣ୍ଡର ସୌମ୍ୟ ଏହାପରେ ସ୍ଥିତି ସମ୍ଭାଳିଥିଲେ। ଉଭୟ ୫ମ ୱିକେଟ୍‌ରେ ୧୨ ଓଭରରେ ୧୦୫ ରନର ଭାଗୀଦାରି ଗଢ଼ିଥିଲେ। ଫଳରେ ଓଡ଼ିଶା ୫ ୱିକେଟ୍‌ରେ ୧୬୯ ରନର ଏକ ସମ୍ମାନଜନକ ସ୍କୋର କରିବାରେ ସମର୍ଥ ହୋଇଥିଲା। ସୌମ୍ୟ ୪୦ଟି ବଲ୍‌ରେ ୭୫ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଯେଉଁଥିରେ ସେ ୩ଟି ଚୌକା ଓ ୬ଟି ଛକା ମାରିଥିଲେ। ଆଶୀର୍ବାଦ ୪୭ ବଲରେ ୪୮ ରନ କରି ଆଉଟ୍ ହୋଇଥିଲେ। ଜବାବରେ ରେଳବାଇ ଅକ୍ଷତ ପାଣ୍ଡେ (୩୪ ବଲରେ ୬୦ ରନ)ଙ୍କ ଦ୍ରୁତ ଅର୍ଦ୍ଧଶତକ ସତ୍ତ୍ୱେ ଇନିଂସର ଶେଷ ବଲରେ ୧୬୮ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଶେଷ ଓଭରରେ ବିଜୟ ଲାଗି ୧୭ ରନ ଆବଶ୍ୟକ ହେଉଥିଲା। ସୌମ୍ୟ ଏହି ଓଭରଟି ପକାଇ ୧୫ ରନ ଦେଇଥିଲେ। ଏପରିକି ଶେଷ ବଲରେ ୪ ରନ ଆବଶ୍ୟକ ହେଉଥିବାବେଳେ ୩ୟ ରନ ପ୍ରୟାସରେ ରାଜ ଚୌଧୁରୀ ରନ ଆଉଟ୍ ହୋଇଯାଇଥିଲେ। ସୌମ୍ୟ ସର୍ବାଧିକ ୩ଟି ଏବଂ ରାଜେଶ ମହାନ୍ତି ଓ ପ୍ରୟାସ ସିଂଙ୍କୁ ୨ଟି ଲେଖାଏ ୱିକେଟ୍ ମିଳିଥିଲା।



ସୌମ୍ୟଙ୍କ ଦମ୍‌ଦାର ଅଲ୍‌ରାଉଣ୍ଡ ପ୍ରଦର୍ଶନ

### ୧୫ ଓ ୧୭ ବର୍ଷରୁ କମ୍ ଜାତୀୟ ବ୍ୟାଡ୍‌ମିଣ୍ଟନ

## ସେମିରେ ତନ୍‌ଭୀ, ସ୍ୱାତୀ-ନିମିଶା



ଭୁବନେଶ୍ୱର, ୪।୧୨ (ସମିସ):

ଓଡ଼ିଶାର ଦମ୍‌ଦାର ଖେଳାଳି ତନ୍‌ଭୀ ପତ୍ରୀ, ସ୍ୱାତୀ ନାୟକ ଓ ନିମିଶା ଓଝାଙ୍କ ଯୋଡି କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ୧୫ ଓ ୧୭ ବର୍ଷରୁ କମ୍ ୩୭ତମ ଜାତୀୟ ବ୍ୟାଡମିଣ୍ଟନ ଚାମ୍ପିଅନସିପର ସେମିଫାଇନାଲରେ ପ୍ରବେଶ କରିଛନ୍ତି। ତନ୍‌ଭୀ ଉଭୟ ବିଭାଗର ଏକକ ଏବଂ ସ୍ୱାତୀ- ନିମିଶାଙ୍କ ଯୋଡି ୧୫ ବର୍ଷରୁ କମ୍ ବାଳିକା ବିଭାଗର ଯୁଗଳ କାଟାଗୋରୀର ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି। ଆସନ୍ତାକାଲି ହେବାକୁ ଥିବା ସେମିରେ ୧୪ତମ ତନ୍‌ଭୀଙ୍କ ସହ ଦ୍ୱିତୀୟ ସିଡ୍ ତେଲଙ୍ଗାନାର ହାମସିନୀ ଚାଦରମଙ୍କର ଏବଂ ୧୭ ବର୍ଷରୁ କମ୍ ବିଭାଗରେ ୧୫ତମ ସିଡ୍ ଆନ୍ଧ୍ରପ୍ରଦେଶର ହାସନା ଶ୍ରୀ'ଙ୍କ ସହ ମୁକାବିଲା ହେବ। ସେହିପରି ସ୍ୱାତୀ-ନିମିଶାଙ୍କ ସହ ତାମିଲନାଡୁର ନୟନିକା ଏ ଏବଂ ଧନ୍ୟା ଏସ୍‌ଜେଙ୍କ ଯୋଡି ସହ ମୁକାବିଲା ହେବ।

ଓଡ଼ିଶାର ତାରକା ଖେଳାଳି ତନ୍‌ଭୀ ଆଜି ପ୍ରଥମେ ୧୫ ବର୍ଷରୁ କମ୍ କ୍ୱାର୍ଟର ଫାଇନାଲ ଖେଳିଥିଲେ। ଏଥିରେ ସେ ୨୧-୧୪, ୨୧-୧୪ରେ ଉତ୍ତରପ୍ରଦେଶର ଅଗ୍ରୀମା ସିଂଙ୍କୁ ପରାସ୍ତ କରି ସେମିକୁ ଉନ୍ନିତ ହୋଇଥିଲେ। ସେମିରେ ପ୍ରବେଶ କରିଥିବା ଅନ୍ୟ ଖେଳାଳିମାନେ ହେଲେ ତେଲଙ୍ଗାନାର ଅବନୀ ବିକ୍ରମ ଗୋବିନ୍ଦ, ହାମସିନୀ ଚନ୍ଦରମ ଓ ପଞ୍ଜାବର ଇନାୟତ ଗୁଲାଟି। ସେହିପରି ୧୭ ବର୍ଷରୁ କମ୍ ବାଳିକା ଏକକ କ୍ୱାର୍ଟର ଫାଇନାଲରେ ତନ୍‌ଭୀ ୨୧-୧୫, ୨୧-୧୨ରେ କେରଳର ହିଥା ମାରିଆ ଜୋଶ୍‌ଙ୍କୁ ହରାଇ ଦ୍ୱିତୀୟ ଇଭେଣ୍ଟର ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲେ। ଏହି ବିଭାଗରେ ତାମିଲନାଡୁର ଦୀକ୍ଷା ଏସ୍ଆର୍, ଦିଲ୍ଲୀର ରଷିକା ନନ୍ଦୀ ମଧ୍ୟ ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି।

୧୫ ବର୍ଷରୁ କମ୍ ବାଳିକା ବିଭାଗ ଯୁଗଳ କ୍ୱାର୍ଟର ଫାଇନାଲରେ ବିଜୟୀ ହୋଇଛନ୍ତି ଓଡ଼ିଶାର ଯୋଡି ସ୍ୱାତୀ ନାୟକ ଓ ନିମିଶା ଓଝା। କ୍ୱାର୍ଟର ଫାଇନାଲରେ କର୍ଣ୍ଣାଟକ ଯୋଡି ଶ୍ରେୟା କାନ୍ଦିବିଲା ଓ ଶ୍ରୀ ନାଗଲକ୍ଷ୍ମୀଙ୍କ ଯୋଡିଙ୍କୁ ୨୨-୨୦, ୧୪-୨୧ ଓ ୨୧-୧୧ରେ ପରାସ୍ତ କରି ସ୍ୱାତୀ- ନିମିଶା ସେମିଫାଇନାଲକୁ ଉନ୍ନୀତ ହୋଇଛନ୍ତି। ୧୫ ବର୍ଷରୁ କମ୍ ବାଳକ ଏକକରେ ତେଲଙ୍ଗାନାର ଶ୍ରୀଚୈତନ୍ୟ ସୌର୍ଯ୍ୟ, କର୍ଣ୍ଣାଟକର ପୁଷ୍କର ସାଇ, ଦିଲ୍ଲୀର ହର୍ଷିତ କ୍ଷତ୍ରୀ ଓ ରାଜସ୍ଥାନର ଅଂଶୁମାନ ଚୌଧୁରୀ ଏବଂ ୧୭ ବର୍ଷରୁ କମ୍ ବାଳକ ବିଭାଗରେ ଟପ୍ ସିଡ୍ ପଞ୍ଜାବର ଜଗସେର ସିଂହ ଖାଙ୍ଗରା, ଆସାମର ବର୍ଣ୍ଣିଲ ଆକାଶ ଚେଙ୍ଗମାଇ, ପଞ୍ଜାବର ବିରାଜ ଶର୍ମା, ମହାରାଷ୍ଟ୍ରର ଦେବ ରୂପରେଲିଆ ସେମିରେ ପ୍ରବେଶ କରିଛନ୍ତି।


'ନନ୍ଦିଘୋଷ ଟିଭି'

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | | ଅଭିଜ୍ଞତା |
|---|---|---|
| ୧) ରିପୋର୍ଟର | (୦୩) | ୩ ବର୍ଷର ଅଭିଜ୍ଞତା |
| ୨) ଆଙ୍କର | (୦୨) | ୩ ବର୍ଷର ଅଭିଜ୍ଞତା |
| ୩) କପି ଏଡିଟର/ବୁଲେଟିନ ପ୍ରଡ୍ୟୁସର | (୦୨) | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୭ ଡିସେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

ଯୋଗାଯୋଗ: ୯୪୩୭୦୧୭୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS